

ଅନିମେଶ କୁଜୁର ଶ୍ରେଷ୍ଠ କ୍ରୀଡ଼ାବିତ
▶ପୃଷ୍ଠା ୧୨ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI
◆VOLUME- 43 ◆ISSUE-66 ◆SATURDAY ◆30 AUGUST 2025 ◆PAGE-12 ◆₹ 6.00
SAMBALPUR
◆ବର୍ଷ-୪୩ ◆ସଂଖ୍ୟା-୬୬ ◆ଶନିବାର ◆୩୦ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦

## ଉର୍ଜିତ ପଟେଲ୍ ଆଇଏମ୍ଏଫ୍ ଇଡି

■ **ନୂଆଦିଲ୍ଲୀ, ୨୯।୮ (ଏଜେନ୍ସି):** ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ) ର ପୂର୍ବତନ ଗଭର୍ଣ୍ଣର ଉର୍ଜିତ ପଟେଲ୍ ଅନ୍ତର୍ଜାତୀୟ ମୁଦ୍ରା ପାଣ୍ଠି (ଆଇଏମ୍ଏଫ୍) ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ଇଡି) ଭାବେ ନିଯୁକ୍ତି ପାଇଛନ୍ତି। ତିନି ବର୍ଷ ପାଇଁ ସେ ଏହି ପଦରେ ନିଯୁକ୍ତ ହୋଇଛନ୍ତି। ଦୀର୍ଘ ୩୦ ବର୍ଷ ପରେ ଶ୍ରୀ ପଟେଲ ଅନ୍ତର୍ଜାତୀୟ ମୁଦ୍ରାପାଣ୍ଠିକୁ ଫେରିଛନ୍ତି। ଯାହା ଫଳରେ ସେ ପୁଣି ଥରେ ସେହିଠାରେ ପହଞ୍ଚିଛନ୍ତି, ଯେଉଁଠାରୁ ନିଜ କ୍ୟାରିଅର ଆରମ୍ଭ କରିଥିଲେ। ଆଇଏମ୍ଏଫ୍‌ରେ ଭାରତର ବର୍ତ୍ତମାନର ଇଡି କୃଷ୍ଣମୂର୍ତ୍ତି ଭି. ସୁବ୍ରମଣ୍ୟନଙ୍କ ସ୍ଥାନରେ ଶ୍ରୀ ପଟେଲ୍‌ଙ୍କୁ ଏହି ନିଯୁକ୍ତି ମିଳିଛି। ସୂଚନାଯୋଗ୍ୟ ଯେ, କାର୍ଯ୍ୟକାଳ ଶେଷ ହେବାର ପ୍ରାୟ ୬ ମାସ ପୂର୍ବରୁ ଶ୍ରୀ ସୁବ୍ରମଣ୍ୟନ ବିଦାୟ ନେଇଥିଲେ। ୧୯୯୦ରୁ ୧୯୯୫ ପର୍ଯ୍ୟନ୍ତ ସେ ଆଇଏମଏଫରେ ଅର୍ଥନୀତିଜ୍ଞ ଭାବରେ କାର୍ଯ୍ୟ କରିଥିଲେ। ପଟେଲ ୨୦୧୬ରେ ରଘୁରାମ ରାଜନଙ୍କ ପରେ ଆର୍‌ବିଆଇର ୨୪ତମ ଗଭର୍ଣ୍ଣର ଭାବରେ ଦାୟିତ୍ୱ ଗ୍ରହଣ କରିଥିଲେ। ୨୦୧୮ରେ ସେ ବ୍ୟକ୍ତିଗତ କାରଣ ଦର୍ଶାଇ ଇସ୍ତଫା ଦେଇଥିବା ପ୍ରଥମ ଆର୍‌ବିଆଇ ଗଭର୍ଣ୍ଣର ଥିଲେ।



୩୦ ବର୍ଷ ପରେ ପୁଣି ଅନ୍ତର୍ଜାତୀୟ ମୁଦ୍ରାପାଣ୍ଠିକୁ ଫେରିଲେ



ଡଲାର ତୁଳନାରେ ରେକର୍ଡ ହ୍ରାସ

**ଟାରିଫ୍ ଯୁଦ୍ଧରେ ଟଙ୍କା ଘାଇଲା**

## ୧ ଡଲାର = ୮୮.୭୫ ଟଙ୍କା

■ **ନୂଆଦିଲ୍ଲୀ,୨୯।୮ (ଏଜେନ୍ସି):** ଆମେରିକା ଦ୍ୱାରା ଲାଗୁ କରାଯାଇଥିବା ୫୦% ଶୁଳ୍କ ଭାରତୀୟ ଟଙ୍କାର ମେରୁଦଣ୍ଡ ଭାଙ୍ଗି ଦେଇଛି। ଏହି ଶୁଳ୍କ ଯୁଦ୍ଧରେ ଭାରତୀୟ ମୁଦ୍ରା ଘାଇଲା ହୋଇଛି। ଫଳସ୍ୱରୂପ ଟଙ୍କା ଏହାର ପର୍ଯ୍ୟନ୍ତର ସର୍ବନିମ୍ନ ସ୍ତରକୁ ଖସିଯାଇଛି। ଅଗଷ୍ଟ ୨୭ରୁ ଟ୍ରମ୍ପ ଶୁଳ୍କ ଲାଗୁ ହୋଇଛି। ଶୁକ୍ରବାର କାରବାରରେ ଆମେରିକୀୟ ଡଲାର ତୁଳନାରେ ଟଙ୍କା ମୂଲ୍ୟରେ ୭୦ ପଇସାରୁ ଅଧିକ ହ୍ରାସ ପାଇଛି। ଡଲାର ତୁଳନାରେ ଟଙ୍କା ୮୮.୭୫ ର ରେକର୍ଡ ସର୍ବନିମ୍ନ ସ୍ତରରେ ପହଞ୍ଚିଛି। ଏହି ହ୍ରାସ ଦର୍ଶାଉଛି ଯେ ଭାରତର ବାଣିଜ୍ୟ ଏବଂ ବିକାଶ ଉପରେ ଆମେରିକାର ଭାରୀ ଶୁଳ୍କର ପ୍ରଭାବକୁ ନେଇ ନିବେଶକମାନେ ବେଶ ଚିନ୍ତିତ। ସୂଚନାଯୋଗ୍ୟ ଡଲାର ତୁଳନାରେ ଟଙ୍କା ମୂଲ୍ୟ ଚଳିତ ବର୍ଷ ୩% ହ୍ରାସ ଘଟିଛି। ଏଥିସହ ଟଙ୍କା ଏସିଆର ସବୁଠାରୁ ଖରାପ ପ୍ରଦର୍ଶନକାରୀ ମୁଦ୍ରା ପାଲଟିଛି। ଚଳିତବର୍ଷ ଫେବୃଆରୀ ପୂର୍ବରୁ ଟଙ୍କା ମୂଲ୍ୟ ପ୍ରତି ଡଲାର ତୁଳନାରେ ୮୭.୯୫ ଟଙ୍କାର ରେକର୍ଡ ସର୍ବନିମ୍ନ ସ୍ତରରେ ରହିଥିଲା। ଶୁକ୍ରବାର, ଚୀନ୍ ୟୁଆନ ତୁଳନାରେ ଟଙ୍କା ମଧ୍ୟ ରେକର୍ଡ ସର୍ବନିମ୍ନ ସ୍ତରରେ ପହଞ୍ଚିଛି।

**ଚମ୍ବାରେ ଭୂସ୍ଖଳନ**

## ୧୧ ଶ୍ରଦ୍ଧାଳୁ ମୃତ

■ **ନୂଆଦିଲ୍ଲୀ, ୨୯।୮ (ଏଜେନ୍ସି):** ହିମାଚଳ ପ୍ରଦେଶର ଚମ୍ବା ଜିଲ୍ଲାରେ ପ୍ରବଳ ବର୍ଷା କାରଣରୁ ଭୂସ୍ଖଳନ ହୋଇଛି। ପ୍ରବଳ ବର୍ଷା ମଧ୍ୟରେ ମଣିମହେଶ ଯାତ୍ରାରେ ବାହାରିଥିବା ୧୧ ଶ୍ରଦ୍ଧାଳୁ ଭୂସ୍ଖଳନ କାଣରୁ ମୃତ୍ୟୁବରଣ କରିଛନ୍ତି। ମୃତକଙ୍କ ମଧ୍ୟରେ ୩ ଜଣ ପଞ୍ଜାବ, ଜଣେ ଉତ୍ତରପ୍ରଦେଶ ଓ ୫ ଜଣ ଚମ୍ବାର ଅଧିବାସୀ ରହିଛନ୍ତି। ଦୁଇଜଣ ଲୋକଙ୍କର ପରିଚୟ ଏବେ ମଧ୍ୟ ମିଳିପାରିନାହିଁ। ପାହାଡ଼ ଉପରୁ ପଥର ଖସିବା ଓ ଅମ୍ଳଜାନ ଅଭାବ କାରଣରୁ ଲୋକମାନେ ପ୍ରାଣ ହରାଇଛନ୍ତି ବୋଲି ଅଧିକାରୀମାନେ କହିଛନ୍ତି। ଏହି ପ୍ରାକୃତିକ ବିପତ୍ତି କାରଣରୁ ପାଖାପାଖି ୩ ହଜାର ମଣିମହେଶ ଶ୍ରଦ୍ଧାଳୁ ଫସି ରହିଛନ୍ତି। ଏମାନଙ୍କୁ ଉଦ୍ଧାର କରିବା ପାଇଁ ଅପରେସନ ଜାରି ରହିଛି। ଗତ ସପ୍ତାହରେ ମଧ୍ୟ ଭୂସ୍ଖଳନ କାରଣରୁ ୭ ଶ୍ରଦ୍ଧାଳୁ ମୃତ୍ୟୁବରଣ କରିଥିଲେ ଓ ୯ ଜଣ ନିଖୋଜ ହୋଇଥିଲେ।

### ଉତ୍ତରାଖଣ୍ଡର ୩ ଜିଲ୍ଲାରେ ବାଦଲଫଟା ବର୍ଷାରେ ୫ ମୃତ

ଅନ୍ୟପଟେ ଉତ୍ତରାଖଣ୍ଡର ରୁଦ୍ରପ୍ରୟାଗ, ଚମୋଲି, ବାଗେଶ୍ୱର ଓ ତେହରୀ ଗଢ଼ୱାଲ ଜିଲ୍ଲାରେ ଗୁରୁବାର ରାତିରେ ବାଦଲ ଫଟା ବର୍ଷା କାରଣରୁ ୫ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ଓ ୩ ଜଣ ନିଖୋଜ ଅଛନ୍ତି। ଭୂସ୍ଖଳନ କାରଣରୁ ପାଖାପାଖି ୩୦ରୁ ୪୦ ପରିବାର ଆବର୍ଜନା ତଳେ ଦବି ଯାଇଛନ୍ତି। ଆହୁରି କେତୋଟି ଘର କ୍ଷତିଗ୍ରସ୍ତ ହୋଇଛି। ଏନ୍‌ଡିଆରଏଫ୍, ଏସ୍‌ଡିଆରଏଫ୍,



ଡିଡିଆରଏଫ୍ ଓ ପୁଲିସର ଟିମ୍ ପ୍ରଭାବିତ ଜିଲ୍ଲାରେ ଉଦ୍ଧାର କାର୍ଯ୍ୟ ପାଇଁ ବାହାରିଛନ୍ତି। ବାଗେଶ୍ୱର ଜିଲ୍ଲା ନିକଟସ୍ଥ ପୋସାରୀରେ ରାତି ସାରା ବର୍ଷା ଯୋଗୁ ଦୁଇଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ▶ପୃଷ୍ଠା-୭

**ଭାରତ-ଚୀନ୍ ବନ୍ଧୁତା**

# ସମ୍ପର୍କ ସୁଧାରିଛି 'ଗୁପ୍ତ ଚିଠି'

### 'ଟ୍ରମ୍ପ ଟାରିଫ୍' ନେଇ ରାଷ୍ଟ୍ରପତି ମୁର୍ମୁଙ୍କୁ ପତ୍ର ଲେଖି ଚିନ୍ତା ବ୍ୟକ୍ତ କରିଥିଲେ ଜିନ୍‌ପିଙ୍ଗ

■ **ନୂଆଦିଲ୍ଲୀ, ୨୯।୮ (ଏଜେନ୍ସି):** ଗଲୱାନ ସଂଘର୍ଷ ପରେ ଭାରତ-ଚୀନ୍ ସମ୍ବନ୍ଧ ଖରାପ ହେବାରେ ଲାଗିଥିଲା। ଦୁଇ ଦେଶ ମଧ୍ୟରେ କୂଟନୈତିକ ସମ୍ପର୍କ ପ୍ରାୟତଃ ଛିନ୍ନ ହୋଇ ଯାଇଥିଲା। 'ଅପରେସନ ସିନ୍ଦୂର'ରେ ପାକିସ୍ତାନକୁ ଚୀନ୍‌ର ସହାୟତା ଏହାକୁ ଅଧିକ ଜଟିଳ କରିଦେଇଥିଲା। କିନ୍ତୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଶୁଳ୍କ ଧମକ ସ୍ଥିତିକୁ ବଦଳାଇ ଦେଇଥିଲା। ଜବାବୀ ଶୁଳ୍କ ଭାରତ-ଚୀନ୍ ସମ୍ବନ୍ଧକୁ ନୂଆ ଦିଗ ଦେଇଥିଲା। ସେଥିପାଇଁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦୀର୍ଘ ସାତ ବର୍ଷ ପରେ ଏସ୍‌ସିଓ ସମ୍ମିଳନୀରେ ଯୋଗ ଦେବା ପାଇଁ ଚୀନ୍ ଗସ୍ତରେ ଯିବାକୁ ନିଷ୍ପତ୍ତି ନେଇଛନ୍ତି। ତେବେ ଏହି ଘଟଣାକ୍ରମ ପଛରେ ଚୀନ୍ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କ ଗୁପ୍ତ ଚିଠିର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ସେ ଲେଖିଥିବା ଏହି ଚିଠିରେ ଆମେରିକା-ଭାରତ ବ୍ୟବସାୟରେ ଚୀନ୍‌ର ହେଉଥିବା କ୍ଷତି ବିଷୟରେ ଚିନ୍ତା ପ୍ରକଟ କରିଥିଲେ। ଚୀନ୍ ବିରୋଧରେ ଆମେରିକା ରାଷ୍ଟ୍ରପତି ଶୁଳ୍କ ଯୁଦ୍ଧ ଜୋରଦାର କରିବା ସମୟରେ ଏହି ଚିଠି ଆସିଥିଲା। ଏହି ସମୟରେ ଭାରତ ସହ ସମ୍ପର୍କ ସୁଧାରିବା ପାଇଁ ଚୀନ୍ ପ୍ରୟାସ କରିଥିଲା। ଗୁପ୍ତ ଭାବେ ଭାରତ ସହ ଯୋଗାଯୋଗ କରିବା ଆରମ୍ଭ କରିଥିଲା। ଜିନପିଙ୍ଗ ଚିଠି ମାଧ୍ୟମରେ ଦୁଇ ଦେଶର ସମ୍ପର୍କ ସୁଧାରିବାର ସମ୍ଭାବନା ବିଷୟରେ ଉଲ୍ଲେଖ କରିଥିଲେ। ଏହା ପରେ ହିଁ ଦୁଇ ଦେଶର ସମ୍ପର୍କ ସ୍ୱାଭାବିକ ହେବାରେ ଲାଗିଥିଲା। ଏହାର କିଛି ମାସ ପରେ ଚୀନ୍ ଯିବା ପାଇଁ ମୋଦୀ ଯୋଜନା କରିଥିଲେ। ବ୍ଲୁମବର୍ଗ ରିପୋର୍ଟରେ ଏଭଳି ଦାବି କରାଯାଇଛି।

ଜଣେ ଭାରତୀୟ ଅଧିକାରୀଙ୍କ ସୂଚନା ଆଧାରରେ ରିପୋର୍ଟରେ କୁହାଯାଇଛି ଯେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ଜିନପିଙ୍ଗ୍ ଲେଖିଥିବା ଚିଠିକୁ ପରେ ପ୍ରଧାନମନ୍ତ୍ରୀ ମୋଦୀଙ୍କ ପାଖକୁ ପଠା ଯାଇଥିଲା। ଚିଠିରେ କୁହାଯାଇଥିଲା ଯେ ଭାରତ ଏବଂ ଆମେରିକା ମଧ୍ୟରେ ହେବାକୁ ଥିବା କୌଣସି ବାଣିଜ୍ୟ ଚୁକ୍ତି ଚୀନ୍‌ର ସ୍ୱାର୍ଥ ପ୍ରତି ଆଞ୍ଚ ଆଣିପାରେ। ଏହା ସହିତ ସମ୍ବନ୍ଧ ସୁଧାରିବା ପାଇଁ ଜଣେ ପ୍ରାଦେଶିକ ଅଧିକାରୀ ନେତୃତ୍ୱରେ ପ୍ରୟାସ କରାଯିବ ବୋଲି କୁହାଯାଇଥିଲା। କିନ୍ତୁ ଜୁନ୍ ପର୍ଯ୍ୟନ୍ତ ଭାରତ ଏହି ଚିଠିର କୌଣସି ଜବାବ ଦେଇ ନ ଥିଲା। ପରେ ପରିବର୍ତ୍ତିତ ସ୍ଥିତି ଯୋଗୁଁ ଭାରତ ଏବଂ ଆମେରିକା ମଧ୍ୟରେ ବାଣିଜ୍ୟ ଆଲୋଚନା ବିବାଦରେ ଫସି ଯାଇଥିଲା। ଆମେରିକାର ଦୁଇଟି ନିଷ୍ପତ୍ତି ଉପରେ ଭାରତ ବେଶୀ କ୍ଷୁବ୍ଧ ହୋଇଥିଲା। ପ୍ରଥମେ ଟ୍ରମ୍ପ ଭାରତ-ପାକିସ୍ତାନ ଅସ୍ତ୍ରବିରତି କରାଇଥିବା ଦାବି କରିଥିଲେ। କିନ୍ତୁ ଭାରତ ପକ୍ଷରୁ ଏହାକୁ ଖାରଜ କରିଦିଆଯାଇଥିଲା। ▶ପୃଷ୍ଠା-୭



**ନବୀନଙ୍କୁ ଭେଟିଲେ ଯୁବ ଓ ଛାତ୍ର ବିଜେଡ଼ି କର୍ମକର୍ତ୍ତା**

## ତୃଣମୂଳରୁ ଶକ୍ତିଶାଳୀ ହେବ ତୃତୀୟ ପିଢ଼ି





- ତୃଣମୂଳସ୍ତରରୁ ଆହୁରି ସଂଗଠିତ ହେବ ଦୁଇ ଛାମୁଆଁ ସଙ୍ଗଠନ
- ବିନମ୍ର ଓ ଶାଳୀନ ଭାବରେ ଏକାଠି କାମ କରିବାକୁ ପରାମର୍ଶ
- ସାରା ରାଜ୍ୟ ବୁଲି ସମାଧାନ କର ଯୁବ ଓ ଛାତ୍ରଙ୍କ ସମସ୍ୟା

■ **ଭୁବନେଶ୍ୱର, ୨୯।୮ (ସମିସ):** ଜିଲ୍ଲା ସଭାପତି ନିର୍ବାଚନ ପରେ ଦଳର ଦୁଇ ଛାମୁଆ ସଙ୍ଗଠନ ଛାତ୍ର ବିଜେଡି ଓ ଯୁବ ବିଜେଡିର କାୟା ପରିବର୍ତ୍ତନ କରିଛନ୍ତି ଦଳର ସଭାପତି ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକ। କେଇଦିନ ତଳେ ତୃତୀୟ ପିଢ଼ିର ଦୁଇଜଣ ଯୁବ ନେତାଙ୍କ ଉପରେ ଦୁଇ ଛାମୁଆଁ ସଙ୍ଗଠନର ଦାୟିତ୍ୱ ନ୍ୟସ୍ତ କରିବା ପରେ ଶୁକ୍ରବାର ଉଭୟଙ୍କୁ ନବୀନ ଦେଇଛନ୍ତି ରାଜନୀତିର ଗୁରୁମନ୍ତ୍ର। ଭବିଷ୍ୟତକୁ ଦୃଷ୍ଟିରେ ରଖି ନୂଆ ପିଢ଼ିକୁ ଶକ୍ତିଶାଳୀ କରିବା ଓ ରାଜ୍ୟର ତୃଣମୂଳସ୍ତରରେ ଦୁଇ ଛାମୁଆ ସଙ୍ଗଠନକୁ ଅଧିକ ସୁଦୃଢ଼ କରିବାକୁ ▶ପୃଷ୍ଠା-୭

## ପିକ୍‌ଅପ୍-ବାଇକ୍ ମୁହାଁମୁହିଁ, ୨ ମୃତ

■ **କୁକୁଡ଼ାଖଣ୍ଡି, ୨୯।୮ (ସମିସ):** ସଦର ଥାନା ଅନ୍ତର୍ଗତ ବାଇଗଣବାଡ଼ି ଛକରେ ଏକ ମର୍ମନ୍ତୁଦ ଦୁର୍ଘଟଣାରେ ଆଜି ୨ ଜଣଙ୍କ ମୃତ୍ୟୁ ହୋଇଛି। ଏକ ପିକଅପ-ଭ୍ୟାନ୍ ସହ ବାଇକ୍ ମୁହାଁମୁହିଁ ଧକ୍କା ହେବାରୁ ଏହି ଅଘଟଣ ଘଟିଛି। ମୃତକଦ୍ୱୟ ହେଲେ, ଖଲିଙ୍ଗି ଗ୍ରାମର କର୍ଣ୍ଣ ସେଠୀ ଓ ସନାତନ ସୁଆଁସିଆ। ଏହାକୁ ନେଇ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା।

**ଶବ ରଖି ୬ ଘଣ୍ଟା ରାସ୍ତା ଅବରୋଧ**

ଉତ୍ୟକ୍ତ ଲୋକେ ବ୍ରହ୍ମପୁର-ଦିଗପହଣ୍ଡି ମୁଖ୍ୟ ରାସ୍ତାକୁ ଦୀର୍ଘ ୬ ଘଣ୍ଟା ଧରି ଅବରୋଧ କରିଥିଲେ। ତେବେ ପ୍ରଶାସନର ହସ୍ତକ୍ଷେପ ପରେ ସ୍ଥିତି ସ୍ୱାଭାବିକ ହୋଇଥିଲା।

ସୂଚନାନୁସାରେ, ପାଟପୁର ଥାନା ଅନ୍ତର୍ଗତ ଖଲିଙ୍ଗି ଗ୍ରାମର କର୍ଣ୍ଣ ଓ ସନାତନ ଦିଗପହଣ୍ଡି ପଟୁ ବାଇକ୍ (ଓଡି-୦୭ଟି-୭୯୫୪)ରେ ବ୍ରହ୍ମପୁର ଅଭିମୁଖେ ଯାଉଥିଲେ। ବାଇଗଣବାଡ଼ି ଛକ ନିକଟରେ ବିପରୀତ ଦିଗରୁ ଯାଉଥିବା ଏକ ପିକଅପ୍ ଭ୍ୟାନ୍ (ଓଡି-୦୨ସିକେ-୫୩୪୩) ▶ପୃଷ୍ଠା-୭

**ଏସ୍‌ସି, ଏସ୍‌ଟି କଲ୍ୟାଣ କମିଟି ଅଧ୍ୟକ୍ଷଙ୍କ ସମ୍ମିଳନୀ**

## ସମତାଭିତ୍ତିକ ସମାଜ ଓ ବିକଶିତ ଭାରତ ଗଠନ ଲକ୍ଷ୍ୟ: ଓମ୍ ବିର୍ଲା



### ଏକ ସମୃଦ୍ଧ ଭବିଷ୍ୟତର ରାସ୍ତା ନିର୍ମାଣ କରିବ ଏହି ସମ୍ମିଳନୀ: ମୋହନ

### ଏସ୍‌ସି, ଏସ୍‌ଟି ଛାତ୍ରଛାତ୍ରୀଙ୍କୁ ଲାଭାନ୍ୱିତ କରିବ ନୂଆ ଶିକ୍ଷାନୀତି: ଧର୍ମେନ୍ଦ୍ର

■ **ଭୁବନେଶ୍ୱର, ୨୯।୮ (ସମିସ):** ବାବା ସାହେବ ଆମ୍ବେଦକରଙ୍କର ବିଚାରକୁ ନେଇ ସମ୍ବିଧାନର ମୂଳ ସିଦ୍ଧାନ୍ତ ପ୍ରସ୍ତୁତ କରାଯାଇଛି। ଦୀର୍ଘ ୭୮ ବର୍ଷ ଧରି ଏହି ସିଦ୍ଧାନ୍ତକୁ ନେଇ ଦେଶ ଆଗକୁ ବଢୁଛି। ଏହି ସିଦ୍ଧାନ୍ତ ଅନୁଯାୟୀ ଅନୁସୂଚିତ ଜାତି ଓ ଜନଜାତି ତଥା ବିଭିନ୍ନ ପଛୁଆ ବର୍ଗଙ୍କୁ ସାମାଜିକ ଓ ଆର୍ଥିକ କ୍ଷେତ୍ରରେ ନ୍ୟାୟ ଦେବା ପାଇଁ ପଦକ୍ଷେପ ନିଆଯାଉଛି ବୋଲି ଲୋକସଭା ବାଚସ୍ପତି ଓମ୍ ବିର୍ଲା କହିଛନ୍ତି।

ଶୁକ୍ରବାର ଲୋକସେବା ଭବନରେ ଆୟୋଜିତ ୨ ଦିନିଆ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି କଲ୍ୟାଣ ସଂକ୍ରାନ୍ତ ସଂସଦୀୟ ଏବଂ ବିଭିନ୍ନ ରାଜ୍ୟ/ କେନ୍ଦ୍ର ଶାସିତ ଅଞ୍ଚଳର କମିଟିର ଅଧ୍ୟକ୍ଷ ଓ ସଦସ୍ୟଙ୍କ ଜାତୀୟ ସମ୍ମିଳନୀକୁ ଉଦ୍‌ଘାଟନ କରି ଶ୍ରୀ ବିର୍ଲା କହିଛନ୍ତି ଯେ, ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି କଲ୍ୟାଣ କମିଟିର ସଦସ୍ୟ ସବୁ ସମୟରେ ଦଳମତରୁ ଊର୍ଦ୍ଧ୍ୱରେ ରହି ବର୍ଗର ଉନ୍ନତି ପାଇଁ ନିଷ୍ପତ୍ତି ନିଅନ୍ତି। ଆଜି ଦେଶରେ ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଯାହା ବି ଉନ୍ନତି ହୋଇଛି, ତାହା ଏହି ସବୁ କମିଟିର ପ୍ରସ୍ତାବ, ଅନୁଶୀଳନ ଓ ତଦାରଖ ଯୋଗୁ ସମ୍ଭବ ହୋଇପାରିଛି। ଦଳମତ ନିର୍ବିଶେଷରେ ସଂସଦୀୟ ଓ ବିଭିନ୍ନ ରାଜ୍ୟର କମିଟି ମାନେ ଏହି ବର୍ଗର ସାମଗ୍ରିକ ଉନ୍ନତି ଉପରେ ଧ୍ୟାନଦେଇ ଆସିଛନ୍ତି ବୋଲି ଶ୍ରୀ ବିର୍ଲା କହିଛନ୍ତି।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି ଯେ ୨୫ ବର୍ଷ ପରେ ଏହି ସମ୍ମିଳନୀ ପ୍ରଥମ ଥର ପାଇଁ ଦିଲ୍ଲୀ ବାହାରେ ହେଉଛି। ଆମର ଆଜି ଭଲ ଅଛି, ଆଗାମୀ କାଲି ଖୁବ୍ ଭଲ ହେବ, ନିଶ୍ଚୟ ଭଲ ହେବ। ଭୁବନେଶ୍ୱରର ଏହି ସମ୍ମିଳନୀ ଅନୁସୂଚିତ ଜାତି ଓ ଜନଜାତି ବର୍ଗଙ୍କ ପାଇଁ ଏକ ସମୃଦ୍ଧ ଭବିଷ୍ୟତର ରାସ୍ତା ନିର୍ମାଣ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। କେନ୍ଦ୍ର ଆଦିବାସୀ ବ୍ୟାପାର ମନ୍ତ୍ରୀ ଜୁଏଲ ଓରାମ ପିଏମ ଜନମନ ଏବଂ ଧରତୀଆବା ଗ୍ରାମ ଉତ୍କର୍ଷ ଯୋଜନାରେ ଆଦିବାସୀ ଗୋଷ୍ଠୀଙ୍କୁ କିପରି ଫୋକସ କରାଯାଉଛି ସେ ସମ୍ପର୍କରେ ମତ ରଖିଛନ୍ତି।

କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ନୂତନ ଶିକ୍ଷା ନୀତିରେ ବଞ୍ଚିତ ଅନୁସୂଚିତ ଜାତି ଏବଂ ଅନୁସୂଚିତ ଜନଜାତିର ଛାତ୍ର ଛାତ୍ରୀ ▶ପୃଷ୍ଠା-୭

**ୟୁ-ଡାଇଜ୍ ରିପୋର୍ଟ**

## ଅଧାରୁ ପାଠ ଛାଡୁଛନ୍ତି ୯.୮% ଛାତ୍ରଛାତ୍ରୀ

■ **ଭୁବନେଶ୍ୱର, ୨୯।୮ (ସମିସ):** ରାଜ୍ୟରେ ଅଧାରୁ ପାଠପଢ଼ା ଛାଡୁଥିବା ଛାତ୍ରଛାତ୍ରୀଙ୍କ ସଂଖ୍ୟା ଅର୍ଥାତ୍ ଡ୍ରପ୍‌ଆଉଟ୍ ହାର ବଢୁଛି। ତୃତୀୟରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ପ୍ରାରମ୍ଭିକ (ପ୍ରିପାରେଟୋରୀ), ଷଷ୍ଠରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ମଧ୍ୟମ (ମିଡିଲ୍) ଏବଂ ନବମରୁ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ମାଧ୍ୟମିକ (ସେକେଣ୍ଡାରୀ) ବର୍ଗରେ ଅଧିକ ପିଲା ପାଠ ଛାଡୁଛନ୍ତି। ତନ୍ମଧ୍ୟରେ ନବମରୁ ଦ୍ୱାଦଶ ଶ୍ରେଣୀ ପିଲାଙ୍କ ଡ୍ରପ୍‌ଆଉଟ୍ ହାର ସର୍ବାଧିକ। ଡ୍ରପ୍‌ଆଉଟ୍ ରୋକିବାକୁ ସରକାର ବିଭିନ୍ନ ଯୋଜନା କରୁଥିଲେ ମଧ୍ୟ ଆଶାଜନକ ସଫଳତା ମିଳିପାରୁ ନାହିଁ। ଅପରପକ୍ଷରେ ଦେଶରେ ଡ୍ରପ୍‌ଆଉଟ୍ ହାର କମୁଥିବାବେଳେ ଓଡ଼ିଶାରେ ଡ୍ରପ୍‌ଆଉଟ୍ ହାର ବଢୁଥିବା ନେଇ କେନ୍ଦ୍ର ଶିକ୍ଷା ମନ୍ତ୍ରାଳୟ ପକ୍ଷରୁ ପ୍ରକାଶିତ ୟୁନିଫାଇଏଡ୍ ଡିଷ୍ଟ୍ରିକ୍ ଇନ୍‌ଫରମେସନ୍ ସିଷ୍ଟମ ଫର୍ ଏଜୁକେସନ୍ (ୟୁ-ଡାଇଜ୍) ତଥ୍ୟରୁ ଜଣାପଡ଼ିଛି।

୨୦୨୩-୨୪ ଶିକ୍ଷାବର୍ଷରେ ରାଜ୍ୟର ମାଧ୍ୟମିକସ୍ତର ଡ୍ରପ୍‌ଆଉଟ୍ ହାର ୯.୧ ପ୍ରତିଶତ

### ପ୍ରତି ୧୦୦୦ ପିଲାରେ ପାଠ ଛାଡୁଛନ୍ତି ୯୮ ଜଣ

### ଝିଅଙ୍କ ତୁଳନାରେ ଅଧାରୁ ପାଠ ଛାଡୁଛନ୍ତି ଅଧିକ ପୁଅ

ଥିଲା। ଅର୍ଥାତ୍ ନବମରୁ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ପ୍ରତି ୧୦୦୦ ଜଣ ଛାତ୍ରଛାତ୍ରୀଙ୍କ ମଧ୍ୟରୁ ୯୧ ଜଣ ଅଧାରୁ ପାଠ ଛାଡ଼ି ଦେଉଥିଲେ। ଚଳିତ ବର୍ଷ ଏହା ଆହୁରି ବୃଦ୍ଧି ପାଇ ୯.୮ ପ୍ରତିଶତରେ ପହଞ୍ଚିଛି। ଅର୍ଥାତ୍ ପ୍ରତି ୧୦୦୦ ଜଣରେ ୯୮ ଜଣ ପିଲା ପାଠ ଛାଡୁଛନ୍ତି। ସେହିପରି ମାଧ୍ୟମିକ ସ୍ତର ବା ଷଷ୍ଠରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ଡ୍ରପ୍‌ଆଉଟ୍ ହାର ୨୦୨୩-୨୪ ଶିକ୍ଷାବର୍ଷରେ ୨ ପ୍ରତିଶତ ଥିବାବେଳେ ୨୦୨୪-୨୫ ଶିକ୍ଷାବର୍ଷରେ ୩.୨ ପ୍ରତିଶତକୁ ବୃଦ୍ଧି ପାଇଛି। ଅନୁରୂପ ଭାବେ ତୃତୀୟରୁ ପଞ୍ଚମ ଶ୍ରେଣୀ ପିଲାଙ୍କ ଡ୍ରପ୍‌ଆଉଟ୍ ହାର ମଧ୍ୟ ୦.୫ରୁ ୧.୪ ପ୍ରତିଶତକୁ ବୃଦ୍ଧି ପାଇଛି। ଏହି ସମସ୍ତ ବର୍ଗରେ ଛାତ୍ରୀଙ୍କ ତୁଳନାରେ ଅଧିକ ଛାତ୍ର ପାଠ ଛାଡୁଥିବା ରେକର୍ଡ ହୋଇଛି। ଅନ୍ୟପଟେ ଜାତୀୟ ସ୍ତରରେ ଡ୍ରପ୍‌ଆଉଟ୍ ହାର କମୁଥିବା ରିପୋର୍ଟରେ ଦର୍ଶାଯାଇଛି। ୨୦୨୩-୨୪ ଶିକ୍ଷାବର୍ଷରେ ମାଧ୍ୟମିକ ସ୍ତରର ଡ୍ରପ୍‌ଆଉଟ୍ ହାର ୧୦.୯ ପ୍ରତିଶତ ଥିବାବେଳେ ୨୦୨୪-୨୫ରେ ଏହା ୮.୨ ପ୍ରତିଶତକୁ ଖସିଛି। ସେହିପରି



ଷଷ୍ଠରୁ ଅଷ୍ଟମ ଶ୍ରେଣୀ ପିଲାଙ୍କ ଡ୍ରପ୍‌ଆଉଟ୍ ହାର ୫.୨ ରୁ ୩.୫ ପ୍ରତିଶତ ଏବଂ ତୃତୀୟରୁ ପଞ୍ଚମ ଶ୍ରେଣୀ ପିଲାଙ୍କ ଡ୍ରପ୍‌ଆଉଟ୍ ହାର ୩.୭ରୁ ୨.୩ ପ୍ରତିଶତକୁ ହ୍ରାସ ପାଇଛି। ▶ପୃଷ୍ଠା-୭

## ପଶୁ ହେବାକୁ ଚାହୁଁଛି ମନୁଷ୍ୟ



ନୂଆଦିଲ୍ଲୀ, ୨୯।୮ (ଏଜେନ୍ସି): ଏକବିଂଶ ଶତାବ୍ଦୀର ଆଧୁନିକ ମନୁଷ୍ୟ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ବନାଇ ସବୁ କାର୍ଯ୍ୟକୁ ସହଜ କରିଦେଇଛି। କିନ୍ତୁ ଏପରି ସମୟରେ କିଛି ଲୋକ ପଶୁ ହେବାକୁ ପ୍ରୟାସ କରୁଛନ୍ତି। ଏଥିପାଇଁ ସାମାଜିକ ଗଣମାଧ୍ୟମରେ 'କ୍ୱାଡ୍ରୋବିକ୍ସ' ଧାରା ଆରମ୍ଭ ହୋଇଛି। ଏହା ମାଧ୍ୟମରେ ଚାରି ହାତ-ଗୋଡରେ ପଶୁ ପରି ଚାଲିବାର ପ୍ରତିଯୋଗିତା ଚାଲିଛି। ଅନେକ ଲୋକେ ମଧ୍ୟ ଏହି ଧାରାରେ ସାମିଲ ହୋଇ ନିଜେ ପଶୁ ପରି ଚାଲୁଥିବାର ଭିଡିଓ ପୋଷ୍ଟ କରୁଛନ୍ତି। ଏହାକୁ ଫିଟ୍‌ନେସ୍‌ର ନୂଆ ଧାରା କୁହାଯାଉଛି। କ୍ୱାଡ ଏବଂ ଏରୋବିକ୍ସର ମିଶ୍ରଣରୁ କ୍ୱାଡ୍ରୋବିକ୍ସ ହୋଇଛି। ଏହାର ଅର୍ଥ ହେଉଛି, ହାତ ଏବଂ ଗୋଡ଼ ଏକାସଙ୍ଗେ କାମ କରୁଥିବାଭଳି ବ୍ୟାୟାମ କରିବା। ଏଥିରେ ମନୁଷ୍ୟ ପଶୁ ପରି ଦୌଡୁଛି, ଡେଇଁଛି ଏବଂ ଗଛରେ ଚଢୁଛି। ପ୍ରଥମେ ବେଲ୍‌ଜିୟମର ପ୍ରାମାଣିକ ଚଳଚ୍ଚିତ୍ର ନିର୍ଦ୍ଦେଶକ ଏଲେକ୍ସିଆ କ୍ରାଫ୍ଟ ଏହି ଧାରା ଆରମ୍ଭ କରିଥିଲେ। ସେ ୨୦୨୧ରେ ସ୍ପେନର ଏକ ଜଙ୍ଗଲରେ ଗବେଷଣା କରୁଥିବା ସମୟରେ ଭିକ୍ଟର ମାନୁଏଲଙ୍କ ବିଷୟରେ ଶୁଣିଥିଲେ। ଏହି ବ୍ୟକ୍ତି ଜଙ୍ଗଲରେ ମୋଗଲୀ ଭଳି ରହୁଥିଲେ। ଭିକ୍ଟରଙ୍କଠାରୁ ଏଲେକ୍ସିଆ ପ୍ରଶିକ୍ଷଣ ନେଇଥିଲେ। ପରେ ଉଭୟେ ଏହାର ନାମ କ୍ୱାଡ୍ରୋବିକ୍ସ ରଖିଥିଲେ। ଏବେ ହଜାର ହଜାର ଲୋକ ଏହି ପଶୁ ହେବାର ଧାରାରେ ସାମିଲ ହେଉଛନ୍ତି।

## ୨ ଲକ୍ଷ ଦେଇ ପରିଚୟ ହଟାଉଛନ୍ତି ଲୋକେ



ଟୋକିଓ, ୨୯।୮ (ଏଜେନ୍ସି): ମନୁଷ୍ୟ ହେଉଛି ସାମାଜିକ ପ୍ରାଣୀ। ମାତ୍ର ଜାପାନରେ ଲୋକେ ସମାଜରୁ ଦୂରେଇ ଯାଉଛନ୍ତି। ପ୍ରତି ବର୍ଷ ହଜାର ହଜାର ଲୋକ ଜାଣିଶୁଣି ନିଜ ଚାକିରି, ପରିବାର ଏବଂ ବନ୍ଧୁଙ୍କୁ ଛାଡ଼ି ଗାଏବ ହେଇ ଯାଉଛନ୍ତି। ଜାପାନରେ ଚାଲିଥିବା ଏହି ଧାରାକୁ 'ଜୋହାତ୍ସୁ' କୁହାଯାଉଛି। ଏହାର ଅର୍ଥ ଗାଏବ ହୋଇଯିବା। ଜାପାନରେ ବ୍ୟକ୍ତିଗତ ବିଫଳତାକୁ ପରିବାର ପାଇଁ ଲଜ୍ଜାଜନକ ଧରାଯାଏ। ଲଜ୍ଜା, ଋଣ ଏବଂ ଘରୋଇ ହିଂସାରୁ ବର୍ତ୍ତିବା ଲାଗି ଲୋକେ ଗାଏବ ହେବାକୁ ଉଚିତ ମଣୁଛନ୍ତି। ଏହା ବ୍ୟତୀତ ଚାକିରି ହରାଇବା, ଦେବାଳିଆ ହେବା, ଛାଡ଼ପତ୍ର ଏବଂ ପଢାରେ ବିଫଳ ଏହାର ପ୍ରମୁଖ କାରଣ ପାଲଟିଛି। ରିପୋର୍ଟ ଅନୁଯାୟୀ ୨୦୨୨ରେ ୮୪, ୯୧୦ ଜଣ ଗାଏବ ହେବା ନେଇ ମାମଲା ରୁଜୁ ହୋଇଥିଲା। ଏଥିପାଇଁ ଜାପାନରେ ଏକ ସ୍ୱତନ୍ତ୍ର କମ୍ପାନୀ 'ୟୋନିଗେ-ୟା' ରହିଛି। ୩ ଲକ୍ଷ ୟେନ ଅର୍ଥାତ୍ ପ୍ରାୟ ୨ ଲକ୍ଷ ଟଙ୍କା ଦେଲେ ଏହି କମ୍ପାନୀ ରାତାରାତି ଲୋକଙ୍କୁ ଗାଏବ କରିଦେଉଛି। ଏହା ସହିତ ଲୋକଙ୍କ ପୁରୁଣା ପରିଚୟକୁ ନଷ୍ଟ କରି ନୂଆ ନାମ ଏବଂ ଠିକଣା ପ୍ରଦାନ କରୁଛି। ଜାପାନରେ ମଧ୍ୟ ଏହାକୁ ଆଇନଗତ ଅନୁମତି ମିଳିଛି। କେହି ଗାଏବ ହେଲେ ପୁଲିସ ତାହାର ଯାଞ୍ଚ କରେନି।

## ବିହାରରେ ୩ ଲକ୍ଷ ସନ୍ଦିଗ୍ଧ ଭୋଟରଙ୍କୁ ନୋଟିସ୍

ନୂଆଦିଲ୍ଲୀ, ୨୯।୮(ଏଜେନ୍ସି): ବିହାର ୩ ଲକ୍ଷ ଭୋଟରଙ୍କୁ ନିର୍ବାଚନ କମିଶନ ନୋଟିସ ଜାରି କରିଛନ୍ତି। ସ୍ୱତନ୍ତ୍ର ଭୋଟର ତାଲିକା ଯାଞ୍ଚ (ଏସ୍‌ଆଇଆର) ସମୟରେ ବହୁ ଅନିୟମିତତା ହୋଇଥିବା କମିଶନ ଜାଣିବାକୁ ପାଇଛନ୍ତି। ୩ ଲକ୍ଷ ଭୋଟର ନିଜର ଆବଶ୍ୟକୀୟ କାଗଜପତ୍ର ଜମା କରିନାହାନ୍ତି। ଫଳରେ ଏମାନଙ୍କୁ ନିଜର ନାଗରିକତା ଦେଖାଇବାକୁ ଅର୍ଥାତ ପ୍ରମାଣ କରିବାକୁ କମିଶନ କହିଛନ୍ତି ଓ ଏଥିପାଇଁ ନୋଟିସ ଜାରି କରାଯାଇଛି ବୋଲି କୁହାଯାଇଛି। ନାଗରିକତା ନ ଦେଖାଇପାରିଲେ ମତଦାତା ସୂଚୀରୁ ସେମାନଙ୍କ ନାମ କାଟିଦିଆଯିବ। କିଶନଗଞ୍ଜ, ପୁର୍ଣ୍ଣିଆ, ଅରରିଆ, ସହରସା, ମଧୁବନୀ ଓ ଚମ୍ପାରଣ ଭୋଟରମାନଙ୍କୁ ଏହି ନୋଟିସ ଜାରି କରାଯାଇଛି। ବୁଥ୍‌ସ୍ତରର ଅଧିକାରୀମାନେ ଘରଘର ବୁଲି ସର୍ବେକ୍ଷଣ କରିବା ଅବସରରେ ନେପାଳ, ବାଂଲାଦେଶ, ଆଫଗାନିସ୍ତାନ, ମିଆଁମାରର ନାଗରିକମାନେ ବହୁସଂଖ୍ୟାରେ ଦେଖିବାକୁ ମିଳିଥିଲେ ବୋଲି ନିର୍ବାଚନ କମିଶନର ଅଧିକାରୀମାନେ କହିଛନ୍ତି। ଏହି ବିଦେଶୀ ନାଗରିକଙ୍କ ପାଖରୁ ଆଧାର, ବାସସ୍ଥାନ ପ୍ରମାଣପତ୍ର ଓ ରାସନକାର୍ଡ ମିଳିଥିଲା। ନକଲି କାଗଜପତ୍ର ଦେଖାଇ ଏମାନେ ପରିଚୟପତ୍ର ହାସଲ କରିଛନ୍ତି। ଏଭଳି ସ୍ଥିତିରେ ପଚରାଉଚରା ପରେ ଏମାନଙ୍କୁ ନୋଟିସ ଜାରି କରାଯାଇଛି। ଆଗାମୀ ୭ ଦିନ ମଧ୍ୟରେ ଏହି ଭୋଟରମାନଙ୍କୁ ଅଧିକାରୀଙ୍କ ନିକଟରେ ଉପସ୍ଥିତ ରହି ନିଜର ରେକର୍ଡ ସ୍ପଷ୍ଟ କରିବାକୁ କୁହାଯାଇଛି। ଅଗଷ୍ଟ ୧ରୁ ୩୦ ମଧ୍ୟରେ ଯେଉଁମାନେ ଅଯୋଗ୍ୟ ବିବେଚିତ ହେବେ ସେମାନଙ୍କ ନାମ ଅନ୍ତିମ ତାଲିକାରୁ କାଟି ଦିଆଯିବ ବୋଲି କୁହାଯାଇଛି।

## ଇସ୍ରାଏଲ୍ ଆକ୍ରମଣରେ ହୁତି ପ୍ରଧାନମନ୍ତ୍ରୀ, ପ୍ରତିରକ୍ଷା ମନ୍ତ୍ରୀ, ସେନା ମୁଖ୍ୟ ମୃତ

ତେଲ ଅଭିଭ୍, ୨୯।୮(ଏଜେନ୍ସି): ମଧ୍ୟପ୍ରାଚ୍ୟ ଦେଶ ୟେମେନ ରାଜଧାନୀ ସନ୍ନାରେ ରହୁଥିବା ହୁତି ବିଦ୍ରୋହୀଙ୍କ ଉପରେ ଇସ୍ରାଏଲ୍ ଗୁରୁବାର ବଡ଼ ଧରଣର ଆକ୍ରମଣ କରିଛି ଓ ଏହା ନିର୍ଣ୍ଣାୟକ ସାବ୍ୟସ୍ତ ହୋଇଛି। ଏହି ଆକ୍ରମଣରେ ହୁତିର ସେନା ଓ ରାଜନୈତିକ ନେତୃବୃନ୍ଦ ବଡ଼ ଧରଣର କ୍ଷୟକ୍ଷତିର ସମ୍ମୁଖୀନ ହୋଇଛନ୍ତି। ଏହି ଆକ୍ରମଣରେ ହୁତି ପ୍ରଧାନମନ୍ତ୍ରୀ ଘାଲିବ ଅଲ-ରାହୱି, ପ୍ରତିରକ୍ଷା ମନ୍ତ୍ରୀ ମହମ୍ମଦ ନାସେର ଅଲ- ଅଟାଫି ଓ ସେନା ମୁଖ୍ୟ ପ୍ରାଣ ହରାଇଛନ୍ତି। ତେବେ ଇସ୍ରାଏଲ ତରଫରୁ ଏ ନେଇ କୌଣସି ସୂଚନା ଦିଆଯାଇନାହିଁ। ଇସ୍ରାଏଲ ୧୦ ଜଣ ହୁତି ମନ୍ତ୍ରୀଙ୍କୁ ଲକ୍ଷ୍ୟ କରି ଏହି ଆକ୍ରମଣ କରିଥିଲା। ଏହି ମନ୍ତ୍ରୀମାନେ ଏକ ରାଜଧାନୀ ବାହାରେ ଏକ ଜଣେ ଗ୍ରୁପ୍ ଲିଡରଙ୍କ ଭାଷଣ ଶୁଣିବାକୁ ଏକାଠି ହୋଇଥିଲେ।

## ପୂର୍ବତନ ବିଜେପି ବିଧାୟକ, ଆଇପିଏସଙ୍କୁ ଆଜୀବନ ଜେଲ୍

ଅହମଦାବାଦ, ୨୯।୮ (ଏଜେନ୍ସି): ସାତ ବର୍ଷ ତଳର ବିଟ୍‌କଏନ ଲୁଟ୍ ଏବଂ ଅପହରଣ ମାମଲାରେ ଅହମଦାବାଦ ସିଟି ସେସନ୍ସ କୋର୍ଟଙ୍କ ଏସିବି ଅଦାଲତ ଶୁକ୍ରବାର ବଡ଼ ରାୟ ଦେଇଛନ୍ତି। ବିଜେପିର ପୂର୍ବତନ ବିଧାୟକ ନଳିନ କୋଟଡିଆ, ଅମରେଲିର ପୂର୍ବତନ ଏସ୍‌ପି ଜଗଦୀଶ ପଟେଲ, ପୂର୍ବତନ ଇନ୍ସପେକ୍ଟର ଅନନ୍ତ ପଟେଲଙ୍କ ସମେତ ୧୪ ଅଭିଯୁକ୍ତଙ୍କ ଆଜୀବନ ଜେଲ୍‌ଦଣ୍ଡ ଶୁଣାଇଛନ୍ତି। ଏହି ମାମଲା ୨୦୧୮ର। ସେତେବେଳେ ସୁରଟର ବିଲ୍ଡର ଶୈଳେଶ ଭଟ୍ଟ ଅଭିଯୋଗ କରିଥିଲେ ଯେ ଅମରେଲି ଜିଲ୍ଲାର କିଛି ପୁଲିସ ଅଧିକାରୀ ତାଙ୍କୁ ଅଜ୍ଞାତ ସ୍ଥାନକୁ ନେଇ ବନ୍ଦୀ ବନାଇ ଥିଲେ। ଏହା ପରେ ପୁଲିସ ଅଧିକାରୀ ଡରାଇ ଧମକାଇ ୧୨ କୋଟି ଟଙ୍କାର ବିଟ୍‌କଏନକୁ ନିଜ ଖାତାକୁ ନେଇ ଯାଇଥିଲେ। ଏହି ଷଡ଼ଯନ୍ତ୍ରରେ ବିଜେପିର ପୂର୍ବତନ ବିଧାୟକ ନଳୀନ କୋଟାଡିଆ ସାମିଲ ଥିଲେ। ପରେ ନିଜ ସହଯୋଗୀ କିରୀଟି ପଲାଡିଆ ପୁଲିସ ସହ ମିଶିଥିବା ସେ ଅଭିଯୋଗ କରିଥିଲେ। ସିଆଇଡି ଯାଞ୍ଚରୁ ମାମଲା ସତ୍ୟ ସାବ୍ୟସ୍ତ ହୋଇଥିଲା। ୨୦୧୮ରେ ଏହି ମାମଲାରେ ଏସ୍‌ପି ସମେତ ଅନେକ ପୁଲିସ ଅଧିକାରୀ ଗିରଫ ହୋଇଥିଲେ।

## ସହମତିରେ ଶାରୀରିକ ସମ୍ପର୍କ ଦୁଷ୍କର୍ମ ନୁହଁ: କୋର୍ଟ

ସୁରତ, ୨୯।୮(ଏଜେନ୍ସି): ବିବାହ ପ୍ରଲୋଭନ ଦେଖାଇ ଶାରୀରିକ ସମ୍ପର୍କ ରଖିବା ପରେ ବିବାହ କରିବାକୁ ମନା କରିବା ଦୁଷ୍କର୍ମ ନୁହଁ ବୋଲି ସୁରତର ଏକ ସେସନ କୋର୍ଟ କହିଛନ୍ତି। ଗୁରୁବାର ହୋଇଥିବା ଏକ ଶୁଣାଣି ଅବସରରେ କୋର୍ଟ ଏହିକ୍ରମରେ ଜଣେ ଅଭିଯୁକ୍ତଙ୍କୁ ଖଲାସ କରିଛନ୍ତି। ଏହି ମାମଲାରେ ପୀଡିତା ଜଣକ ବିନା କୌଣସି ଚାପରେ ହୋଟେଲ ଓ ରେସ୍ତୋରାଁ ନିଜର ପରିଚୟ ପତ୍ର ଦେଇଥିଲେ। ତେଣୁ ଏଥିପାଇଁ ତାଙ୍କ ଉପରେ କୌଣସି ଜୋର ଜବରଦସ୍ତି କରାଯାଇନାହିଁ। ପୁଣି ଯେତେବେଳେ ଯୁବକଙ୍କ ସହ ବିବାହ ସମ୍ଭବ ନୁହଁ ବୋଲି ଜାଣିଥିଲେ ମଧ୍ୟ ପୀଡିତାଜଣକ ତାଙ୍କ ସହ ଶାରିରୀକ ସମ୍ପର୍କ ରଖିଥିଲେ।

### ରାହୁଲଙ୍କ ଯାତ୍ରାରେ ପ୍ରଧାନମନ୍ତ୍ରୀଙ୍କ ମା'ଙ୍କୁ ଗାଳି ଅଭିଯୋଗ

# ବିଜେପି-କଂଗ୍ରେସ କର୍ମୀ ମୁହାଁମୁହିଁ; ଚାଲିଲା ଠେଙ୍ଗାବାଡ଼ି

ପାଟନା, ୨୯।୮ (ଏଜେନ୍ସି): ବିଧାନସଭା ନିର୍ବାଚନ ପୂର୍ବରୁ ବିହାରରେ ରାଜନୈତିକ ଲଢ଼େଇ ଆରମ୍ଭ ହୋଇଛି। ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ 'ଭୋଟର ଅଧିକାର ଯାତ୍ରା' ସମୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ମା'ଙ୍କୁ ଗାଳିଦେବାକୁ ନେଇ ଲଙ୍କାକାଣ୍ଡ ଘଟିଛି। ଏହାକୁ ନେଇ ଶୁକ୍ରବାର ପାଟନାରେ ବିଜେପି ଏବଂ କଂଗ୍ରେସ କର୍ମୀ ମୁହାଁମୁହିଁ ହୋଇଛନ୍ତି। ରିପୋର୍ଟ ଅନୁଯାୟୀ ସକାଳେ ବିଜେପି କର୍ମୀ ବିକ୍ଷୋଭ ପାଇଁ କଂଗ୍ରେସ ଅଫିସ ସାମନାରେ ପହଞ୍ଚି ଥିଲେ। ଏଠାରେ ସେମାନେ ରାହୁଲଙ୍କ ବିରୋଧରେ ସ୍ଲୋଗାନ ଦେଇଥିଲେ। କିନ୍ତୁ କଂଗ୍ରେସ କର୍ମୀ ଏହାକୁ ସହ୍ୟ କରିପାରି ନ ଥିଲେ। ପରେ ସେମାନେ ମଧ୍ୟ ବିଜେପି ବିରୋଧରେ ସ୍ଲୋଗାନ ଦେଇଥିଲେ। ଦେଖୁ ଦେଖୁ ଏହି ବିକ୍ଷୋଭ ଗଣ୍ଡଗୋଳର ରୂପ ନେଇଥିଲା। ଉଭୟ ଦଳର କର୍ମୀ ବାଡିଆପିଟା ହୋଇଥିଲେ। ଠେଙ୍ଗାବାଡ଼ି ଚାଲିଥିଲା। ପରସ୍ପର ଉପରକୁ ଇଟା ପଥର ମାଡ଼ ମଧ୍ୟ କରାଯାଇଥିଲା। ଅନେକ ଗାଡ଼ିକୁ ମଧ୍ୟ ଭାଙ୍ଗି ଦେଇଥିଲେ। ଏହା ଦେଖି ପୁଲିସ ବିଜେପି କର୍ମୀଙ୍କୁ ସେଠାରୁ ହଟାଇ ଦେଇଥିଲା। କିନ୍ତୁ ଏତିକିରେ ମାମଲା ଶାନ୍ତ ପଡ଼ି ନ ଥିଲା। ଏହା ପରେ କଂଗ୍ରେସ କର୍ମୀ ରାସ୍ତା ଉପରେ ବସି ବିକ୍ଷୋଭ ଆରମ୍ଭ କରିଦେଇଥିଲେ। ଏଥିଯୋଗୁଁ ଟ୍ରାଫିକ ଜାମ୍ ହୋଇଥିଲା। ଏହା ଦେଖି ପୁଲିସ ମାତ୍ର ୩୦ ମିନିଟ ଭିତରେ କଂଗ୍ରେସ କର୍ମୀଙ୍କୁ ହଟାଇ ଦେଇଥିଲା।

ମୁଜାଫରପୁରରେ ମଧ୍ୟ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟ ଘେରଉ କରାଯାଇଥିଲା। ଏହି ସମୟରେ କଂଗ୍ରେସ ଏବଂ ଇଣ୍ଡିଆ ମେଣ୍ଟର ନେତାଙ୍କ ବିରୋଧରେ ବିଜେପି କର୍ମୀ ସ୍ଲୋଗାନ ଦେଇଥିଲେ। ସେହିପରି ଆରାରେ ମଧ୍ୟ ବିଜେପି ଏବଂ କଂଗ୍ରେସ କର୍ମୀ ଧସ୍ତାଧସ୍ତି ହୋଇଥିଲେ। ରାହୁଲ ଏବଂ ଆରଜେଡି ନେତା ତେଜସ୍ୱୀ ଯାଦବଙ୍କ କୁଶପୁତ୍ତଳିକା ଦାହ କରିଥିଲେ। ଏହି ସମୟରେ କଂଗ୍ରେସ କର୍ମୀ ପହଞ୍ଚି ଯିବାରୁ ସ୍ଥିତି ବିଗିଡି ଯାଇଥିଲା। କଂଗ୍ରେସ କର୍ମୀ ବିକ୍ଷୋଭ କରି ବିଜେପି ଏବଂ ସରକାର ବିରୋଧରେ ସ୍ଲୋଗାନ ଦେଇଥିଲେ। ଏହାକୁ ନେଇ ବିଜେପି ନେତା ନାରାୟଣ ମେହତା ପାଟଳିପୁତ୍ର ଥାନରେ ଅଭିଯୋଗ ଦାଏର କରିଛନ୍ତି। କଂଗ୍ରେସ ପକ୍ଷରୁ ଠେଙ୍ଗାବାଡ଼ି, ଇଟାପଥର ମାଡ଼କରି ଆତ୍ମଘାତୀ ଆକ୍ରମଣ କରାଯାଇଥିବା ଅଭିଯୋଗ କରିଛନ୍ତି। ଏହି ମାମଲାକୁ

### ମୁଜାଫରପୁର, ଆରାରେ ମଧ୍ୟ ସଂଘର୍ଷ

### ଗାଳି ଦେଇଥିବା ଅଭିଯୁକ୍ତ ଗିରଫ



ନେଇ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା କଂଗ୍ରେସକୁ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ ରାହୁଲଙ୍କ ଯାତ୍ରାରେ ପ୍ରଧାନମନ୍ତ୍ରୀଙ୍କ ମାଆଙ୍କ ପ୍ରତି ଖରାପ ଶବ୍ଦ ବ୍ୟବହାର କରି କଂଗ୍ରେସ ସବୁଠାରୁ ହୀନ କାମ କରିଛି। ରାହୁଲ ଯେଉଁ ଭଳି ରାଜନୀତି ଆରମ୍ଭ କରିଛନ୍ତି ତାହା ସାର୍ବଜନୀନ ଜୀବନକୁ ଶିଖରରେ ପହଞ୍ଚାଇବ ନାହିଁ। ନରେନ୍ଦ୍ର ମୋଦୀ ପ୍ରଧାନମନ୍ତ୍ରୀ ହେବା ଦିନଠାରୁ ସୋନିଆ, ରାହୁଲ, ମଣିଶଙ୍କର ଆୟର ଏଭଳି ଘୃଣିତ ମନ୍ତବ୍ୟ ଦେଇ ଚାଲିଛନ୍ତି। ପ୍ରଧାନମନ୍ତ୍ରୀଙ୍କୁ ଯେତେ ଗାଳିଦେବେ ସେତେ ପଦ୍ମ ଫୁଟିବ ବୋଲି ଶାହା କହିଛନ୍ତି। ସେହିପରି ରାହୁଲ ଗାନ୍ଧୀ କହିଛନ୍ତି ଯେ ସତ୍ୟ ଏବଂ ଅହିଂସା ଆଗରେ ହିଂସା ରହିପାରିବ ନାହିଁ। ଅନ୍ୟପଟେ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଏହାକୁ ଅଶୋଭନୀୟ କହି ଘଟଣାକୁ ତୀବ୍ର ନିନ୍ଦା କରିଛନ୍ତି।

## କେନ୍ଦ୍ରକୁ ସୁପ୍ରିମକୋର୍ଟଙ୍କ ପ୍ରଶ୍ନ: ସୀମାରେ କାନ୍ଥ ନିର୍ମାଣ କରିବ କି

ନୂଆଦିଲ୍ଲୀ, ୨୯।୮ (ଏଜେନ୍ସି): ବେଆଇନ ଅନୁପ୍ରବେଶକାରୀଙ୍କୁ ରୋକିବାକୁ ନେଇ ସୁପ୍ରିମକୋର୍ଟ କେନ୍ଦ୍ର ସରକାରଙ୍କୁ ପ୍ରଶ୍ନ କରିଛନ୍ତି। ଆମେରିକା ଭଳି ଭାରତ ସୀମାରେ କାନ୍ଥ ନିର୍ମାଣ କରିବାକୁ ଯୋଜନା କରୁଛି କି ବୋଲି ପଚାରିଛନ୍ତି। ପଶ୍ଚିମବଙ୍ଗର ମାଇଗ୍ରାଣ୍ଟ ୱେଲଫେୟାର ବୋର୍ଡର ଆବେଦନ ଉପରେ ଶୁଣାଣି କରି ଜଷ୍ଟିସ ସୂର୍ଯ୍ୟକାନ୍ତ, ଜଷ୍ଟିସ ଜୟମାଲ୍ୟ ବାଗଚୀ ଏବଂ ଜଷ୍ଟିସ ଭିପୁଲ ଏମ ପାଞ୍ଚୋଲିଙ୍କ ଖଣ୍ଡପୀଠ ଏହି ଟିପ୍ପଣୀ କରିଥିଲେ। ଖଣ୍ଡପୀଠ କହିଥିଲେ ଯେ ପଶ୍ଚିମବଙ୍ଗ ଏବଂ ପଞ୍ଜାବ ଲୋକଙ୍କ ସଂସ୍କୃତି ଓ ଭାଷା ପଡ଼ୋଶୀ ଦେଶ ସହ ମିଶୁଛି। ସେମାନଙ୍କ ଭାଷା ସମାନ, କିନ୍ତୁ ସୀମା ଲୋକଙ୍କୁ ଅଲଗା କରିଦେଉଛି। ଆବେଦନରେ କୁହାଯାଇଥିଲା ଯେ ବଙ୍ଗଳା ଭାଷା କହୁଥିବା ପ୍ରବାସୀ ଶ୍ରମିକଙ୍କୁ ବେଆଇନ ଭାବେ ଗିରଫ କରାଯାଉଛି। ସରକାର ତାଙ୍କ ଉପରେ ବାଂଲାଦେଶ ଯିବାକୁ ଚାପ ପକାଉଛନ୍ତି।

ସରକାରଙ୍କ ପକ୍ଷ ରଖି ସଲିସିଟର ଜେନେରାଲ ତୁଷାର ମେହେଟା କହିଥିଲେ ଯେ ବୋର୍ଡ ଦାବି ଅସ୍ପଷ୍ଟ ରହିଛି। କିଛି ରାଜ୍ୟ ସରକାର ବେଆଇନ ପ୍ରବାସୀଙ୍କ ଉପରେ ନିର୍ଭର କରୁଛନ୍ତି। ବେଆଇନ ପ୍ରବାସୀଙ୍କ ଯୋଗୁଁ ଜନସଂଖ୍ୟା ବଦଳୁଛି। ତେଣୁ ରୋହିଙ୍ଗ୍ୟା ମାମଲା ସହ ଏହାର ଶୁଣାଣି କରାଯାଉ। ଶେଷରେ ସୁପ୍ରିମକୋର୍ଟ କହିଥିଲେ ଯେ ଏହା ଏକ ଅଲଗା ମାମଲା। ହାଇକୋର୍ଟଙ୍କୁ ଏହାର ଶୁଣାଣି କରି ଉଚିତ ନିର୍ଦ୍ଦେଶ ଦେବାକୁ କୁହାଯିବ। ବେଆଇନ ପ୍ରବାସୀ ବିଶେଷ କରି ବାଂଲାଦେଶୀଙ୍କୁ ନିଜ ଦେଶକୁ ପଠାଇବା ପାଇଁ ଆପଣା ଯାଇଥିବା ଏସ୍‌ଓପି ବିଷୟରେ ଅବଗତ କରାଇବାକୁ କୋର୍ଟ କେନ୍ଦ୍ରକୁ କହିଥିଲେ। ସୁପ୍ରିମକୋର୍ଟ କହିଥିଲେ ଯେ ବେଆଇନ ପ୍ରବାସୀଙ୍କ ସଂଖ୍ୟା ବୃଦ୍ଧି ଦ୍ୱାରା ଦେଶର ସୁରକ୍ଷା ପ୍ରତି ବିପଦ ସୃଷ୍ଟି ହେଉଛି। ସୀମିତ ସମ୍ବଳ ଉପରେ ବେଆଇନ ପ୍ରବାସୀ ଚାପ ପକାଇପାରନ୍ତି, ତେଣୁ ଏହା ଉପରେ ନିୟନ୍ତ୍ରଣ ଜରୁରୀ। ପଶ୍ଚିମବଙ୍ଗ, ପଞ୍ଜାବର ଭାଷା ଏକା ଭଳି। ତେଣୁ ଭାଷା ଆଧାରରେ କାହାକୁ ବିଦେଶୀ ଭାବିବା ଭୁଲ। ବେଆଇନ ପ୍ରବାସୀଙ୍କ ପାଇଁ ଅଲଗା ଉପାୟ ଅବଲମ୍ବନ କରାଯିବା ଉଚିତ। କେବଳ ଗଣମାଧ୍ୟମ ରିପୋର୍ଟ କିମ୍ବା ଖାଲି ଅଭିଯୋଗ ଆଧାରରେ କାର୍ଯ୍ୟାନୁଷ୍ଠାନ ନ ହେବା ଉଚିତ।

### ● ଟ୍ରମ୍ପଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ସଂଶୟ ବଢ଼ିଲା

## ରାଷ୍ଟ୍ରପତି ହେବାକୁ ଜେଡି ଭାନ୍ସ ପ୍ରସ୍ତୁତ

ନ୍ୟୁୟର୍କ, ୨୯।୮(ଏଜେନ୍ସି): ଶୁଳ୍କ ଧମକ ଦେଇ ସାରା ବିଶ୍ୱରେ ଅସ୍ଥିରତା ସୃଷ୍ଟି କରିଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ସଂଶୟ ଲାଗି ରହିଛି। ସେ ୨୦୨୮ ପର୍ଯ୍ୟନ୍ତ ପଦରେ ରହିପାରିବେ କି ନାହିଁ ତାହାକୁ ନେଇ ଚର୍ଚ୍ଚା ଜୋର ଧରିଛି। ଏପରି ସମୟରେ ଆମେରିକା ଉପ-ରାଷ୍ଟ୍ରପତି ଜେଡି ଭାନ୍ସ ଏହି ସଂଶୟକୁ ଅଧିକ ବଢ଼ାଇ ଦେଇଛନ୍ତି। ରାଷ୍ଟ୍ରପତିଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଭିନ୍ନ ଭିନ୍ନ କଥା ଶୁଣିବାକୁ ମିଳୁଛି। ଯଦି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସହ କିଛି ଅଘଟଣ ଘଟେ ତେବେ ଏଭଳି ସ୍ଥିତିରେ କିଏ ହେବ ରାଷ୍ଟ୍ରପତି ବୋଲି ପ୍ରଶ୍ନ ଉଠୁଛି। କିନ୍ତୁ ଟ୍ରମ୍ପଙ୍କ ଅନୁଗତ ଭାନ୍ସ ଏହାର ଉତ୍ତର ଦେଇଛନ୍ତି। ଯଦି ଟ୍ରମ୍ପଙ୍କ ସହ କୌଣସି ଅଘଟଣ ଘଟେ ତେବେ ଭାନ୍ସ ରାଷ୍ଟ୍ରପତି ପଦ ସମ୍ଭାଳିବେ। ୟୁଏସ୍ ଟୁଡେକୁ ସାକ୍ଷାତକାର ଦେଇ ନିଜେ ଭାନ୍ସ ଏହା କହିଛନ୍ତି। ସେ ଏଭଳି ସ୍ଥିତିରେ ଏହି ଗୁରୁଦାୟିତ୍ୱ ସମ୍ଭାଳିବାକୁ ପ୍ରସ୍ତୁତ ଥିବା ଉଲ୍ଲେଖ କରିଛନ୍ତି। ତେବେ ଟ୍ରମ୍ପ ନିଜ ୪ ବର୍ଷର କାର୍ଯ୍ୟକାଳ ନିର୍ବାହ କରିବାକୁ ଏବେ ସମ୍ପୂର୍ଣ୍ଣ ଭାବେ ଫିଟ୍ ଅଛନ୍ତି ବୋଲି ଭାନ୍ସ କହିଛନ୍ତି।



ଟ୍ରମ୍ପଙ୍କ ସ୍ୱାସ୍ଥ୍ୟକୁ ନେଇ ଆଲୋଚନା ଓ ଅଟକଳ ଚାଲିଥିବା ବେଳେ ଭାନ୍ସ ଏଭଳି ମନ୍ତବ୍ୟ ଦେଇ ଆଲୋଡ଼ନ ସୃଷ୍ଟି କରିଛନ୍ତି। ନିକଟରେ ଦକ୍ଷିଣ କୋରିଆର ରାଷ୍ଟ୍ରପତି ଲି ଜେ ମ୍ୟୁଙ୍ଗ୍‌ଙ୍କ ସହ ସାକ୍ଷାତ କଲା ବେଳେ ଟ୍ରମ୍ପଙ୍କ ହାତରେ ଏକ ବଡ଼ ନୀଳ କ୍ଷତ ଚିହ୍ନ ଦେଖିବାକୁ ମିଳିଥିଲା। ପ୍ରଥମେ ଜୁଲାଇରେ ଏହି କ୍ଷତି ଚିହ୍ନ ଦେଖିବାକୁ ମିଳିଥିଲା। ଏ ନେଇ ହ୍ୱାଇଟ୍ ହାଉସ୍ କିଛି ଲୁଚାଇବାକୁ ପ୍ରୟାସ କରୁଥିବାରୁ ଅନୁମାନ କରାଯାଉଛି। ଟ୍ରମ୍ପ ଗତ ଜାନୁଆରୀରେ ରାଷ୍ଟ୍ରପତି ଭାବେ ଶପଥ ଗ୍ରହଣ କରିଥିଲେ। ସେ ୭୮ ବର୍ଷ ୭ ମାସ ବୟସରେ ଆମେରିକା ଇତିହାସର ସବୁଠାରୁ ବୟସ୍କ ରାଷ୍ଟ୍ରପତି ବିବେଚିତ ହୋଇଥିଲେ। ଟ୍ରମ୍ପ ଜନତାଙ୍କର ନେତା। ସେ ଅନ୍ୟ ଦେଶର ରାଷ୍ଟ୍ରପତିଙ୍କ ତୁଳନାରେ ଲୋକଙ୍କ ସହ ଅଧିକ ମିଳାମିଶା କରୁଛନ୍ତି ଓ ସେମାନଙ୍କ ସହ ହାତ ମିଳାଉଛନ୍ତି ବୋଲି ହ୍ୱାଇଟ୍ ହାଉସ ତରଫରୁ କୁହାଯାଇଛି। ଏହି କାରଣ ଯୋଗୁଁ ତାଙ୍କ ହାତରେ କ୍ଷତ ଚିହ୍ନ ଦେଖିବାକୁ ମିଳିଛି। କିନ୍ତୁ ଭାନ୍ସ କୌଣସି ପ୍ରକାର ଅଘଟଣକୁ ଖଣ୍ଡନ କରିଛନ୍ତି। ଟ୍ରମ୍ପ ଏବେ ମଧ୍ୟ ପୂର୍ବପରି ପୂରା ଦମ୍‌ରେ କାର୍ଯ୍ୟ କରୁଛନ୍ତି ବୋଲି ଭାନ୍ସ କହିଛନ୍ତି।

### ପ୍ରଧାନମନ୍ତ୍ରୀ ମୋଦୀ ଓ ଇସିବାଙ୍କ ଉପସ୍ଥିତିରେ ଚୁକ୍ତି ସ୍ୱାକ୍ଷର

## ଜାପାନ ରକେଟରେ ଲଞ୍ଚ ହେବ ଚନ୍ଦ୍ରଯାନ-୫

ଟୋକିଓ, ୨୯।୮ (ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦୁଇ ଦିନିଆ ଜାପାନ ଗସ୍ତରେ ଯାଇ ଶୁକ୍ରବାର ଟୋକିଓରେ ପହଞ୍ଚିଛନ୍ତି। ସେ ଏଠାରେ ଆୟୋଜିତ ଭାରତ-ଜାପାନ ସମ୍ମିଳନୀରେ ସାମିଲ ହୋଇଛନ୍ତି। ଏଥିରେ ମୋଦୀ ଏବଂ ତାଙ୍କ ଜାପାନୀ ସମକକ୍ଷ ସିଗେରୁ ଇସିବାଙ୍କ ଉପସ୍ଥିତିରେ ଚନ୍ଦ୍ରଯାନ-୫କୁ ସମେତ ଅନେକ ଗୁରୁତ୍ୱପୂର୍ଣ୍ଣ ଚୁକ୍ତି ସ୍ୱାକ୍ଷର ହୋଇଛି। ଚନ୍ଦ୍ରଯାନ-୫ ପାଇଁ ଦୁଇ ଦେଶର ମହାକାଶ ଏଜେନ୍ସି ଭାରତର ଇସ୍ରୋ ଏବଂ ଜାପାନର ଜାକ୍ସା ମିଳିତ ଭାବେ କାର୍ଯ୍ୟ କରିବେ। ଉଭୟ ଦେଶ ଚନ୍ଦ୍ରର ଦକ୍ଷିଣ ମେରୁ ଉପରେ ଅଧ୍ୟୟନ କରିବେ। ଅନ୍ୟପକ୍ଷରେ ମୋଦୀ ଆଗାମୀ ସମ୍ମିଳନୀ ପାଇଁ ଭାରତ ଆସିବାକୁ ଇସିବାଙ୍କୁ ଆମନ୍ତ୍ରଣ କରିଛନ୍ତି। ମୋଦୀ କହିଛନ୍ତି



ଯେ ଦୁଇ ଦେଶର ସମ୍ବନ୍ଧ ମୁଖ୍ୟ ଆଧାର ହେଉଛି ଭରସା। ଉଭୟ ଦେଶର ଜନସାଧାରଣ, ବିଶ୍ୱରେ ଶାନ୍ତି, ପ୍ରଗତି ଏବଂ ସମୃଦ୍ଧିର ସ୍ୱପ୍ନକୁ ନେଇ ଆଗକୁ ବଢ଼ିବେ। ଆଗାମୀ ଦଶନ୍ଧି ପାଇଁ ଆମେ ଏକ ମାର୍ଗଦର୍ଶିକା ମଧ୍ୟ ପ୍ରସ୍ତୁତ କରିଛୁ।

ଏହା ପ୍ରଧାନମନ୍ତ୍ରୀ ମୋଦୀଙ୍କ ଅଷ୍ଟମ ଜାପାନ ଗସ୍ତ। ସେ ଟୋକିଓରେ ପହଞ୍ଚିବା ପରେ ସ୍ଥାନୀୟ କଳାକାର ଗାୟତ୍ରୀ ମନ୍ତ୍ର ଗାନ କରି ତାଙ୍କ ସ୍ୱାଗତ କରିଥିଲେ। ଏହି ସମୟରେ ମୋଦୀ ପ୍ରବାସୀ ଭାରତୀୟଙ୍କୁ ମଧ୍ୟ ଭେଟିଥିଲେ। ପରେ ଏକ ସମ୍ମିଳନୀକୁ ସମ୍ବୋଧନ କରି ଭାରତ ଉପରେ ସାରା ବିଶ୍ୱର ଭରସା ବୋଲି କହିଥିଲେ। ପରେ ଭାରତ ଏବଂ ଜାପାନ ମଧ୍ୟରେ ୭ଟି ପ୍ରମୁଖ ଚୁକ୍ତି ସ୍ୱାକ୍ଷର ହୋଇଥିଲା ଏବଂ ୧୫୦ଟି ଏମଓୟୁ ଘୋଷଣା ହୋଇଥିଲା। ଏହା ମଧ୍ୟରେ ପ୍ରତିରକ୍ଷା ଜ୍ଞାନକୌଶଳ ସେୟାର ଏବଂ ଅସ୍ତ୍ରଶସ୍ତ୍ରର ମିଳିତ ଉତ୍ପାଦନର ସମ୍ଭାବନା ଦିଗରେ କାର୍ଯ୍ୟ କରିବା, ଦୁଇ ଦେଶ ମଧ୍ୟରେ ଜାହାଜ ଚଳାଚଳ ବୃଦ୍ଧି ଏବଂ ସମୁଦ୍ରରେ ଡକାୟତଙ୍କ ବିରୋଧରେ କଡ଼ା ପଦକ୍ଷେପ ନେବା ଆଦି ସାମିଲ ରହିଛି।

# ରୁଷ୍ ଆକ୍ରମଣରେ ବୁଡ଼ିଲା ୟୁକ୍ରେନର ସବୁଠୁ ବଡ଼ ଜାହାଜ

ମସ୍କୋ, ୨୯।୮(ଏଜେନ୍ସି): ରୁଷିଆ ପୁଣି ୟୁକ୍ରେନ ଉପରେ ବଡ଼ଧରଣର ଆକ୍ରମଣ କରିଛି। ରୁଷର ଡ୍ରୋନ୍ ଆକ୍ରମଣରେ ୟୁକ୍ରେନ ନୌସେନାର ସବୁଠାରୁ ବଡ଼ ଜାହାଜ 'ସିମଫେରୋପୋଲ' ବୁଡିଯାଇଛି। ରୁଷିଆ ପ୍ରତିରକ୍ଷା ମନ୍ତ୍ରଣାଳୟ ପକ୍ଷରୁ ଏହି ସୂଚନା ଦିଆଯାଇଛି। ଗତ ୧୦ ବର୍ଷ ହେବ ଏହା ୟୁକ୍ରେନର ସବୁଠାରୁ ବଡ଼ ଜାହଜ ଥିଲା। ଏହା ଏକ ଲାଗୁନ କ୍ଲାସ ଅର୍ଥାତ ଉପକୂଳବର୍ତ୍ତୀ ଅଞ୍ଚଳର ଜାହାଜ ଥିଲା। ଗୁଇନ୍ଦା କାର୍ଯ୍ୟ ପାଇଁ ଏହାକୁ ନିର୍ମାଣ କରାଯାଇଥିଲା। ୟୁକ୍ରେନର ଓଡେସା ଅଞ୍ଚଳରେ ଥିବା ଡାନ୍ୟୁବ ନଦୀରେ ପ୍ରଥମଥର ପାଇଁ ରୁଷିଆ ସାମୁଦ୍ରିକ ଡ୍ରୋନ ଆକ୍ରମଣ କରି ଏହି ଜାହାଜକୁ ବୁଡାଇବାକୁ ସକ୍ଷମ ହୋଇଛି। ଏଥିସହ ଏହି ଯୁଦ୍ଧରେ ରୁଷିଆ ଏକ ବଡ଼ଧରଣର ସଫଳତା ହାସଲ କରିଛି ବୋଲି କୁହାଯାଉଛି।

୨୦୨୧ରେ ୟୁକ୍ରେନ ନୌସେନାରେ 'ସିମଫେରୋପୁଲ' ଜାହାଜକୁ ସାମିଲ କରାଯାଇଥିଲା। ୨୦୧୪ରେ ପରେ ୟୁକ୍ରେନ ଏଥିସହ ତା'ର ସର୍ବବୃହତ ଜାହଜକୁ ଲଞ୍ଚ କରିଥିଲା। ଏହି ଆକ୍ରମଣରେ

### ପ୍ରଥମଥର ସାମୁଦ୍ରିକ ଡ୍ରୋନ୍‌ର ବ୍ୟବହାର



ଜଣେ କ୍ରୁ ସଦସ୍ୟ ମୃତ୍ୟୁବରଣ କରିଥିବା ବେଳେ ଏକାଧିକ ଲୋକ ଆହତ ହୋଇଛନ୍ତି। ଜାହଜ ବୁଡି ଯାଇଥିଲେ ମଧ୍ୟ ଅଧିକାଂଶ କ୍ରୁ ମେମ୍ବର ସୁରକ୍ଷିତ ଅଛନ୍ତି ବୋଲି ୟୁକ୍ରେନ ନୌସେନାର ମୁଖପାତ୍ର ଡିମିଟ୍ରୋ ପ୍ଲେଟେନଚୁକ୍ କହିଛନ୍ତି। ତେବେ ନିଖୋଜ ହୋଇଥିବା କେତେଜଣଙ୍କୁ ଉଦ୍ଧାର କରିବାକୁ ପ୍ରୟାସ ଜାରି ରହିଛି। ଏହି ମଧ୍ୟମ ଆକାରର ଜାହାଜ ରେଡିଓ, ଇଲେକ୍‌ଟ୍ରୋନିକ, ରାଡାର ଓ ଅପଟିକାଲ ରିଜୋନାନ୍ସ ପାଇଁ ପ୍ରସ୍ତୁତ କରାଯାଇଥିଲା ବୋଲି ରୁଷିଆ ପ୍ରତିରକ୍ଷା ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ରୁଷର ଏହି ଆକ୍ରମଣକୁ ୟୁକ୍ରେନ ସ୍ୱୀକାର କରିଛି। ରୁଷିଆ ଗତକିଛି ମାସ ମଧ୍ୟରେ ସାମୁଦ୍ରିକ ଡ୍ରୋନ ନିର୍ମାଣ କାର୍ଯ୍ୟକୁ ତ୍ୱରାନ୍ୱିତ କରିଛି। ଉଲ୍ଲେଖଥାଉ କି, ୟୁକ୍ରେନ ମଧ୍ୟ ଅତୀତରେ ରୁଷିଆର ନୌ ଜାହାଜକୁ ଲକ୍ଷ୍ୟ କରି ଏକାଧିକ ଆକ୍ରମଣ କରି ସଫଳତା ହାସଲ କରିଥିଲା। ପୂର୍ବରୁ ଗୁରୁବାର ରୁଷିଆ ୟୁକ୍ରେନ ରାଜଧାନୀ କିଭ୍ ଉପରେ ବଡ଼ ଧରଣର ଆକ୍ରମଣ କରିଥିଲା। ଏଥିରେ ୧୪ ଜଣ ମୃତ୍ୟୁବରଣ କରିଥିବା ବେଳେ ୪୮ ଜଣ ଆହତ ହୋଇଥିଲେ। ଏହି ଆକ୍ରମଣରେ ରୁଷିଆ ୫୯୮ ଡ୍ରୋନ୍ ଓ ୩୧ ମିସାଇଲ ମାଡ଼ କରିଥିଲା। ୟୁକ୍ରେନର ସବୁ ଠିକଣା ଉପରେ ସଠିକ୍ ଆକ୍ରମଣ କରାଯାଇଛି ବୋଲି ରୁଷିଆ ତରଫରୁ କୁହାଯାଇଛି।

# ପାଖାପାଖି ଜଳିଲା ଜେଜେ-ନାତୁଣୀଙ୍କ ଜୁଇ

■ ସାପ କାମୁଡ଼ାରେ ନାତୁଣୀ ମୃତ
■ ଖବର ଶୁଣି ଜେଜେଙ୍କୁ ହୃଦ୍‌ଘାତ

ବାଲିଚନ୍ଦ୍ରପୁର, ୨୯।୮ (ସମିସ): ଯାଜପୁର ଜିଲ୍ଲା ତଥା ବଡ଼ଚଣା ବ୍ଲକ ଅନ୍ତର୍ଗତ ବିକ୍ରମତିରଣ ପଞ୍ଚାୟତ ଗୋବଣ୍ଡିଆ ଗ୍ରାମରେ ଏକ ଦୁଃଖଦ ଘଟଣା ଘଟିଛି। ସାପ କାମୁଡ଼ାରେ ନାତୁଣୀର ମୃତ୍ୟୁ ଖବର ଶୁଣି ହୃଦ୍‌ଘାତରେ ଚାଲିଗଲା ଜେଜେଙ୍କ ଜୀବନ। ମୃତକଦ୍ୱୟ ହେଲେ, ଗ୍ରାମର ବାବାଜୀ ପରମାଣିକ(୭୫) ଓ ତାଙ୍କ ନାତୁଣୀ ଅଙ୍କିତା ପ୍ରିୟଦର୍ଶିନୀ(୧୫)। ଆଜି ଗାଁ ମଶାଣିରେ ପାଖାପାଖି ଦୁହିଁଙ୍କ ଜୁଇ ଜଳିଛି।

ସୂଚନା ମୁତାବକ, ଏହି ଅଙ୍କିତା ଦଶମ ଶ୍ରେଣୀରେ ପାଠ ପଢ଼େ। ଗତ ରାତିରେ ସେ ଘରେ ଶୋଇଥିବା ବେଳେ ଏକ ବିଷଧର ସାପ ତାକୁ କାମୁଡ଼ି ଦେଇଥିଲା। ବିଳମ୍ବିତ ରାତିରେ ଅଙ୍କିତା ଏହା ଜାଣିବା ପରେ ପରିବାରଲୋକଙ୍କୁ ଜଣାଇଥିଲା। ତାକୁ ଚିକିତ୍ସା ଲାଗି ପରିବାରଲୋକ ମାହାଙ୍ଗା ମେଡ଼ିକାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ହେଲେ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଅଙ୍କିତାର ମୃତ୍ୟୁ ହୋଇଯାଇଥିଲା। ବ୍ୟବଚ୍ଛେଦ ପରେ ଅଙ୍କିତାଙ୍କ ଶବ ଆଜି ଗାଁକୁ ଫେରୁଥିବା ବେଳେ ଏହି ଖବର ପାଇ ଜେଜେ ବାବାଜୀ ପରମାଣିକ (୭୫)ଙ୍କ ହୃଦ୍‌ଘାତ ହୋଇଥିଲା। ତାଙ୍କୁ ଚିକିତ୍ସା ପାଇଁ ମେଡ଼ିକାଲକୁ ନିଆଯାଉଥିବା ବେଳେ ବାଟରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପରେ ଗାଁ ମଶାଣିରେ ଉଭୟ ଜେଜେ-ନାତୁଣୀଙ୍କ ଶବକୁ ଏକାଠି ସତ୍କାର କରାଯାଇଛି। ଏହି ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।

# ଓଆଇଏସ୍‌ଏଲ୍ କାରଖାନାରେ ଠିକା ଶ୍ରମିକ ମୃତ

ରାଉରକେଲା,୨୯।୮ (ସମିସ): ରାଜଗାଙ୍ଗପୁର ଥାନା ଅନ୍ତର୍ଗତ ଜାମପାଲି ଛକରେ ଥିବା ଓଆଇଏସଏଲ କାରଖାନାର ଲାବୋରେଟରୀ ଭିତରେ ଜଣେ ଠିକା ଶ୍ରମିକଙ୍କ ସନ୍ଦେହଜନକ ଭାବେ ମୃତ୍ୟୁ ହୋଇଛି। ମୃତ ଠିକା ଶ୍ରମିକଜଣଙ୍କ କୁନମୁର ପଞ୍ଚାୟତ ତେତେରକେଲା ଗ୍ରାମର ଆନନ୍ଦ ଲାକ୍ରାଙ୍କ ପୁଅ ପ୍ରଦୀପ ଲାକ୍ରା। ସେ ଓଆଇଏସଏଲ କାରଖାନାରେ ଠିକା କମ୍ପାନୀ ଆକାଶ ଏଣ୍ଟରପ୍ରାଇଜେସ୍ ଅଧୀନରେ ଲାବୋରେଟରୀରେ ଠିକା ଶ୍ରମିକ ଭାବେ କାର୍ଯ୍ୟ କରୁଥିଲେ। ସେ ଲାବୋରେଟରୀରେ କାର୍ଯ୍ୟରତ ଥିବା ବେଳେ ହଠାତ୍ ଅସୁସ୍ଥ ହୋଇପଡ଼ିଥିଲେ। ତାଙ୍କୁ ତୁରନ୍ତ ରାଜଗାଙ୍ଗପୁର ଗୋଷ୍ଠୀ ଚିକିତ୍ସାଳୟକୁ ନିଆଯାଇଥିଲା। ସେଠାରେ ତାଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ। ତେବେ ପ୍ରଦୀପଙ୍କ ମୃତ୍ୟୁର ପ୍ରକୃତ କାରଣ ଅସ୍ପଷ୍ଟ ରହିଛି। ରାଜଗାଙ୍ଗପୁର ପୁଲିସ ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି।

# ଭାଙ୍ଗ ଖାଇ ଟ୍ରକ୍ ମଡ଼ାଇଦେଲା

## ଭାଙ୍ଗିଲା ୨ ଦୋକାନ ଘର, ଜଣେ ମୃତ

ଧରାକୋଟ,୨୯।୮ (ସମିସ): ଧରାକୋଟ ଥାନା ଅନ୍ତର୍ଗତ ଡଉଗାଁ ଛକରେ ଶୁକ୍ରବାର ସକାଳୁ ଏକ ସିରିଜ୍ ଦୁର୍ଘଟଣାରେ ଜଣଙ୍କର ମୃତ୍ୟୁ ହୋଇଥିବା ବେଳେ ଦୁଇଟି ଦୋକାନ ଘର ଭାଙ୍ଗି ଯାଇଛି। ସୂଚନାନୁଯାୟୀ, ଦ୍ରୁତଗତିରେ ଆସୁଥିବା ଏକ ଏଲ୍‌ପିଜି ସିଲିଣ୍ଡର୍ ବୋଝେଇ ଟ୍ରକ୍ ପ୍ରଥମେ ଜଣେ ବ୍ୟକ୍ତିଙ୍କ ଉପରେ ମାଡ଼ିଯିବାରୁ ତାଙ୍କ ମୃତ୍ୟୁ ଘଟିଥିଲା। ଏହାପରେ ଟ୍ରକ୍‌ଟି ଫେରାର୍ ହେବା ପାଇଁ ଚେଷ୍ଟା କରି ଡଉଗାଁ ମିଲ ଛକରେ ଥିବା ଦୁଇଟି ଦୋକାନ, ଜଣେ ବ୍ୟକ୍ତିଙ୍କ ଘର, ଗୋଟିଏ ବାଇକ ଓ ସାଇକେଲ ଉପରେ ମାଡ଼ି ଯାଇଥିଲା। ମୃତକ ହେଲେ ବସନ୍ତ ପରିଡ଼ା(୪୮)।। ଦୁର୍ଘଟଣା ଘଟାଇବା ପରେ ଚାଳକ ଗାଡ଼ି ଧରି ଚମ୍ପଟ ମାରୁଥିବା ବେଳେ ଗାଁ ଲୋକେ ତାକୁ ଅଟକ ରଖି ପୁଲିସର ଜିମା ଦେଇଛନ୍ତି। ଅଧିକ ଭାଙ୍ଗ ସେବନ ଯୋଗୁଁ ନିଶାରେ ସେ ଏପରି ଅଘଟଣ ହୋଇଛି ବୋଲି ଚାଳକଜଣଙ୍କ ପୁଲିସ୍ ଆଗରେ କହିଛି। ପୁଲିସ୍ ତାକୁ ଗିରଫ କରି କୋର୍ଟଚାଲାଣ କରିଛି। ଅନ୍ୟପକ୍ଷରେ, ଏହି ଦୁର୍ଘଟଣାରେ ମୃତ ବସନ୍ତଙ୍କ ପରିବାର ପୂରା ଭାଙ୍ଗି ପଡ଼ିଛି। ପୁଲିସ ତାଙ୍କ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ସ୍ଥାନୀୟ ତହସିଲଦାର ଲମ୍ବୋଦର ମାରାଣ୍ଡି ଘଟଣାସ୍ଥଳରେ ପହଞ୍ଚି ମୃତକଙ୍କ ପରିବାରକୁ ୨୦ ହଜାର ଟଙ୍କା ରେଡ୍‌କ୍ରସ୍ ପାଣ୍ଠିରୁ ଦେବା ପାଇଁ ପ୍ରତିଶ୍ରୁତି ଦେଇଛନ୍ତି।

## ଗଣେଶ ପୂଜା ଭସାଣିରେ ଅଘଟଣ

# ପୋଖରୀରେ ବୁଡ଼ି ଛାତ୍ର ମୃତ

ପାଣିକୋଇଲି, ୨୯।୮ (ସମିସ): ଯାଜପୁର ଜିଲ୍ଲା ପାଣିକୋଇଲି ଥାନା ଅମୃତିଆ ପଞ୍ଚାୟତ ଅନ୍ତର୍ଗତ ରଙ୍ଗରଙ୍ଗା ଗ୍ରାମରେ ଆଜି ଏକ ଅଘଟଣ ଘଟିଛି। ଗଣେଶ ମୂର୍ତ୍ତି ବିସର୍ଜନ ବେଳେ ପୋଖରୀରେ ବୁଡ଼ି ଜଣେ ଛାତ୍ରଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ, ଗ୍ରାମର ବସନ୍ତ କୁମାର ସାହୁଙ୍କ ପୁଅ ସତ୍ୟପ୍ରକାଶ(୧୩)। ସେ ଗ୍ରାମରେ ଥିବା ପ୍ରହ୍ଲାଦ ଉଚ୍ଚ ବିଦ୍ୟାପୀଠର ଅଷ୍ଟମ ଶ୍ରେଣୀ ଛାତ୍ର।

ସୂଚନାନୁଯାୟୀ, ଆଜି ଦିନ ପ୍ରାୟ ୧୧ଟାରେ ସ୍କୁଲରେ ଗଣେଶ ମୂର୍ତ୍ତି ବିସର୍ଜନ ପର୍ବ ଅନୁଷ୍ଠିତ ହୋଇଥିଲା। ଗଣେଶଙ୍କ ମୂର୍ତ୍ତିଙ୍କୁ ଧରି ବିଦ୍ୟାଳୟର ପ୍ରାୟ ୧୦ ଜଣ ପିଲା ସ୍ଥାନୀୟ ଏକ ପୋଖରୀକୁ ବିସର୍ଜନ ନିମନ୍ତେ ଯାଇଥିଲେ। ବିସର୍ଜନ ସାରି ଗାଧୋଇବା ବେଳକୁ ଜଣକ ପରେ ଜଣେ ପୋଖରୀର ଗଭୀର ଜଳରେ ବୁଡ଼ି ଯାଇଥିଲେ। ଏହା ଦେଖି ଗ୍ରାମବାସୀମାନେ ୯ଜଣଙ୍କୁ ଉଦ୍ଧାର କରିଥିବା ବେଳେ ସତ୍ୟପ୍ରକାଶଙ୍କୁ ପାଇନଥିଲେ। ବହୁ ଖୋଜାଖୋଜି ପରେ ସତ୍ୟକୁ ପୋଖରୀର ଗଭୀର ଜଳରୁ ଉଦ୍ଧାର କରି ବୈତରଣୀରୋଡ୍ ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ ଯାଜପୁର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାର ଡାକ୍ତର ସତ୍ୟକୁ ମୃତ ଘୋଷଣା କରିଥିଲେ। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରିବା ସହ ଶବକୁ ବ୍ୟବଚ୍ଛେଦ କରାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ଅପରପକ୍ଷେ, ଏହି ଅଘଟଣକୁ ନେଇ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ପ୍ରକାଶ ପାଇଛି। ବିନା ଶିକ୍ଷକରେ ପିଲାମାନଙ୍କୁ କିଏ ଓ କାହିଁକି ବିସର୍ଜନ ପାଇଁ ପଠାଇଥିଲା, ତାହାର ତଦନ୍ତ କରିବାକୁ ଦାବି ହୋଇଛି।

## ଉପକୂଳ ସୁରକ୍ଷା ସହ ଖେଳ

# ବାଣ୍ଟିଦେଲେ ପାଟ୍ରୋଲିଂ ଡ୍ରୋନ୍

**ମୁକୁଳା ପଡ଼ିଛି ଉପକୂଳ ମାର୍ଗ; ଆତଙ୍କବାଦୀ ପ୍ରବେଶର ଭୟ ଘାରିଲାଣି**

ଭୁବନେଶ୍ୱର,୨୯।୮ (ସମିସ): ଉପକୂଳ ସୁରକ୍ଷା ପାଇଁ ଓଡ଼ିଶା ପୁଲିସ କୋଟି କୋଟି ଟଙ୍କା ଖର୍ଚ୍ଚ କରି ଡ୍ରୋନ୍ କିଣିଥିଲା। ହେଲେ ଏହି ଡ୍ରୋନ୍ ଉପକୂଳରେ ପାଟ୍ରୋଲିଂ କରିବ କ'ଣ, ଆକାଶରୁ ଉଭାନ୍ ହୋଇଗଲାଣି। ଗତ ମାର୍ଚ୍ଚରେ କିଣାଯାଇଥିବା ଏହି ଡ୍ରୋନ୍‌ଗୁଡ଼ିକୁ ଓଡ଼ିଶା ପୁଲିସ୍ ଉପକୂଳ ସୁରକ୍ଷାରେ ନିୟୋଜିତ ନ କରି ନକ୍ସଲ ମୁକାବିଲା ନିମନ୍ତେ ସ୍ପେସାଲ ଅପରେସନ୍ ଗ୍ରୁପ୍ (ଏସଓଜି) କୁ ହସ୍ତାନ୍ତର କରାଯାଇଥିବା ନିର୍ଭରଯୋଗ୍ୟ ସୂତ୍ରରୁ ଜଣାପଡ଼ିଛି। କିନ୍ତୁ, କାହା ନିର୍ଦ୍ଦେଶରେ ଏପରି କରାଯାଇଛି, ସେନେଇ କେହି ମୁହଁ ଖୋଲୁନାହାନ୍ତି।

ନିକଟରେ, ବିହାରକୁ ୩ଜଣ ଆତଙ୍କବାଦୀ ନେପାଳ ରାସ୍ତା ଦେଇ ପଶି ଆସିଥିବା ଗୁଇନ୍ଦା ସୂଚନା ଦେଇଥିଲା। ଆତଙ୍କବାଦୀ ଆକ୍ରମଣ ଦୃଷ୍ଟିରୁ ଓଡ଼ିଶା ବି ଏକ ସମ୍ବେଦନଶୀଳ ରାଜ୍ୟ। ବିଶେଷକରି, ଏହାର ସୁଦୀର୍ଘ ଉପକୂଳ ଦେଇ ଆତଙ୍କୀ ପଶି ଆସିବାର ଆଶଙ୍କା ରହିଛି। ଅତୀତରେ ଓଡ଼ିଶାରୁ ମଧ୍ୟ ଏକାଧିକ ଆତଙ୍କବାଦୀ ଧରାପଡ଼ିବାର ନଜିର ରହିଛି। କେବଳ ଆତଙ୍କବାଦୀ ନୁହେଁ, ଓଡ଼ିଶାକୁ ଲାଗିଥିବା ଦୀପଗୁଡ଼ିକରେ ମଧ୍ୟ ଅନୁପ୍ରବେଶକାରୀମାନେ ରହିଲେଣି। ଏହା ଉପରେ ନଜର ରଖିବା ଲାଗି ରାଜ୍ୟ ସରକାର ଉପକୂଳ ସୁରକ୍ଷା ପ୍ଲାନରୁ ୧୨.୭୩ କୋଟି ଟଙ୍କା ଓଡ଼ିଶା ପୁଲିସକୁ ମଞ୍ଜୁର କରିଥିଲେ। ଉପକୂଳ ସୁରକ୍ଷା ପାଇଁ ଉଦ୍ଦିଷ୍ଟ ପାଣ୍ଠିରୁ ବିଡ଼ିଂ ପ୍ରକ୍ରିୟାରେ ୨୦୨୫ ମାର୍ଚ୍ଚରେ ୧୦ଟି ଉଚ୍ଚକ୍ଷମତା ସମ୍ପନ୍ନ ଡ୍ରୋନ୍ କିଣାଯାଇଥିଲା। ମାତ୍ର ସେହି ଡ୍ରୋନ୍‌କୁ ଉପକୂଳ ସୁରକ୍ଷାରେ ନିୟୋଜିତ କରାନଯାଇ ସେଥିରୁ ୫ଟି ଡ୍ରୋନ୍‌କୁ ଏସ୍‌ଓଜିକୁ ହସ୍ତାନ୍ତର କରାଯାଇଛି। ନକ୍ସଲ ମୁକାବିଲା ନିମନ୍ତେ ଏସ୍‌ଓଜି ପାଖରେ ୨୦୨୪ ମସିହାରୁ ୬ଟି ଡ୍ରୋନ୍ ରହିଛି। ଯଦି ଓଏସ୍‌ଜି ପାଇଁ ଅଧିକ ଡ୍ରୋନର ଆବଶ୍ୟକତା ଥିଲା, ସେଥିପାଇଁ ଅଲଗା ଟେଣ୍ଡର୍ ଡାକି କ୍ରୟ କରିବାରେ ଅସୁବିଧା କେଉଁଠି ବୋଲି ପ୍ରଶ୍ନ ଉଠିଛି। ଓଡ଼ିଶା ଆର୍ଥିକ ନିୟାମବଳୀର ଉଲ୍ଲଙ୍ଘନ କରି ଉପକୂଳ ସୁରକ୍ଷା ପାଣ୍ଠିରୁ କ୍ରୟ ଡ୍ରୋନ୍‌ଗୁଡ଼ିକୁ ଏସଓଜିକୁ ହସ୍ତାନ୍ତର ହୋଇଛି ବୋଲି କୁହାଯାଉଛି।

ଅପରପକ୍ଷେ, ବାଂଲାଦେଶୀ ଅନୁପ୍ରବେଶକାରୀମାନେ ଏହାର ଫାଇଦା ନେଉଥିବା ଅଭିଯୋଗ ହେଉଛି। ଦଳଦଳ ହୋଇ ସେମାନେ ବିନା ଭୟରେ ଓଡ଼ିଶାରେ ପ୍ରବେଶ କରୁଛନ୍ତି। ଆଗାମୀ ଦିନରେ ଏହା ଉଭୟ ରାଜ୍ୟ ଓ ଦେଶ ପାଇଁ ବିପଦ ଆଣିବ ବୋଲି କୁହାଯାଉଛି।

ଓଡ଼ିଶାରେ ବାଂଲାଦେଶୀ ଅନୁପ୍ରବେଶ ଏବେ ଗୁରୁତର ସମସ୍ୟା ହୋଇ ରହିଛି। ୨୦୨୧ ମସିହା ସୁଦ୍ଧା ରାଜ୍ୟରେ ମୋଟ୍ ୩୭୩୮ ଜଣ ବାଂଲାଦେଶୀ ନାଗରିକ ରହୁଛନ୍ତି ବୋଲି ତଥ୍ୟରୁ ଜଣାପଡ଼ିଛି। ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡ଼ା ଓ ଜଗତସିଂହପୁର ଭଳି ଉପକୂଳ ଜିଲ୍ଲାରେ ସମୁଦ୍ର ମାର୍ଗ ଦେଇ ବାଂଲାଦେଶୀଙ୍କ ଅନୁପ୍ରବେଶର ଆଶଙ୍କା ଅଧିକ ରହିଛି। ଅନୁପ୍ରବେଶକାରୀମାନେ ସମୁଦ୍ର ମାର୍ଗରେ ଦେଶୀ ଡଙ୍ଗା ଅବା ବୋଟ୍ ସହାୟତାରେ ସର୍ବାଧିକ ୮-୧୦ ଘଣ୍ଟା ମଧ୍ୟରେ ଓଡ଼ିଶା ଉପକୂଳରେ ପହଞ୍ଚିବାର ସମ୍ଭାବନା ବି ରହୁଛି।



ପୁରୀରେ ମହାପ୍ରଭୁଙ୍କ ଦର୍ଶନ ଅବସରରେ ଲୋକସଭା ବାଚସ୍ପତି ଓମ୍ ବିର୍ଲା, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ସମେତ ସାଂସଦ ଓ ବିଧାୟକଗଣ

# ୩୧ରୁ ପୁଣି ବଢ଼ିବ ବର୍ଷା

ଭୁବନେଶ୍ୱର,୨୯।୮ (ସମିସ): ଆସନ୍ତା ଦୁଇ ଦିନ ପର୍ଯ୍ୟନ୍ତ ରାଜ୍ୟରେ ବିଶେଷ ବର୍ଷା ହେବ ନାହିଁ। ଓଡ଼ିଶା ଉପରେ କୌଣସି ପାଣିପାଗ ନିୟାମକ ନାହିଁ। ତେଣୁ ବର୍ଷା କମିବ। ମାତ୍ର ୩୧ ତାରିଖରୁ ପୁଣି ବର୍ଷା ବଢ଼ିବ। ଆସନ୍ତା ୩ ତାରିଖରେ ବଙ୍ଗୋପସାଗରରେ ଆଉ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ରାଜ୍ୟରେ ପୁଣି ବର୍ଷା ବଢ଼ିବ। ଗୋଟିଏ ସେପ୍ଟେମ୍ବର ପ୍ରଥମ ସପ୍ତାହରେ ଓ ଆଉ ଗୋଟିଏ ଦ୍ୱିତୀୟ ସପ୍ତାହରେ ମଧ୍ୟ ସୃଷ୍ଟି ହେବାର ସମ୍ଭାବନା ରହିଛି। ପାଣିପାଗ ବିଭାଗ ପକ୍ଷରୁ ଆଗମୀ ଦୁଇ ସପ୍ତାହ ପାଇଁ ବିସ୍ତାରିତ ପାଣିପାଗର ପୂର୍ବାନୁମାନ ଜାରି ହୋଇଛି। ଏହି ଆକଳନ ଅନୁସାରେ, ସେପ୍ଟେମ୍ବର ୩ ତାରିଖ ବେଳକୁ ଉତ୍ତର ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହୋଇପାରେ। ଏହା ଅଧିକ ଘନୀଭୂତ ହୋଇ ୫ ତାରିଖରେ ଅବପାତର ରୂପ ନେବାର ସମ୍ଭାବନା ଅଛି। ଏହାପରେ ଦ୍ୱିତୀୟ ସପ୍ତାହ ବେଳକୁ ପୁଣି ଆଉ ଏକ ଲଘୁଚାପ ମଧ୍ୟ ସୃଷ୍ଟି ହେବାର ସମ୍ଭାବନା ଅଛି। ତେଣୁ ଓଡ଼ିଶାରେ ଆସନ୍ତା ଅଗଷ୍ଟ ୩୧ରୁ ସେପ୍ଟେମ୍ବର ୩ ଭିତରେ ପ୍ରବଳ ବର୍ଷା ହୋଇପାରେ। ଗତ ୨୪ଘଣ୍ଟାରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷାର ପ୍ରଭାବ ହ୍ରାସ ପାଇଛି। ମାତ୍ର କିଛି କିଛି ସ୍ଥାନରେ ବିଜୁଳି ଘଡ଼ଘଡ଼ି ସହିତ ବର୍ଷା ହୋଇଥିବା ଜଣାପଡ଼ିଛି। ଶନିବାର ମଧ୍ୟ ଅଧିକାଂଶ ସ୍ଥାନରେ ବର୍ଷାର ପ୍ରଭାବ କମିବା ସହ କାଁ ଭାଁ ବର୍ଷା ହୋଇପାରେ ବୋଲି ପାଣିପାଗ କେନ୍ଦ୍ର କହିଛି। ୩୧ରେ ବର୍ଷା ବଢ଼ିବା ଯୋଗୁଁ କିଛି କିଛି ଜିଲ୍ଲା ପାଇଁ ଆଲର୍ଟ ଜାରି ହୋଇଛି।

## ମୁଖ୍ୟମନ୍ତ୍ରୀଙ୍କୁ କଡ଼ା ସମାଲୋଚନା କଲେ ଲେଖାଶ୍ରୀ

# 'ମହିଳାଙ୍କ ପ୍ରତି ସମ୍ମାନ ରାଜନୈତିକ ଚାଟୁକାରିତାରେ ସୀମିତ'

■ ନୀଳଗିରି ବିଧାୟକଙ୍କ ଅସଭ୍ୟ, ଅଶୋଭନୀୟ ଭାଷାକୁ ୨ ମାସ ପୂରିଲା
■ ମୁଖ୍ୟମନ୍ତ୍ରୀଙ୍କ ମୁହଁରୁ ପଦୁଟିଏ ଶବ୍ଦ ବାହାରିଲାନି

ଭୁବନେଶ୍ୱର, ୨୯।୮ (ସମିସ): ବିହାର ଦରଭଙ୍ଗାଠାରେ ଏକ ସଭାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସ୍ୱର୍ଗୀୟା ମା'ଙ୍କ ପ୍ରତି ଅପଶବ୍ଦ ପ୍ରୟୋଗକୁ ନେଇ ଦେଶବ୍ୟାପୀ ପ୍ରତିକ୍ରିୟା ପ୍ରକାଶ ପାଉଛି। ଏପରି ଅପଶବ୍ଦକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମଧ୍ୟ କଡ଼ା ଭାଷାରେ ନିନ୍ଦା କରିଥିବା ବେଳେ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ଏନେଇ ପ୍ରତିକ୍ରିୟା ରଖିଛନ୍ତି ବିଜେଡିର ବରିଷ୍ଠ ନେତ୍ରୀ ଡ. ଲେଖାଶ୍ରୀ ସାମନ୍ତସିଂହାର। ମହିଳାଙ୍କ ପ୍ରତି ମୁଖ୍ୟମନ୍ତ୍ରୀଙ୍କ ଏ ସମ୍ମାନ କେବଳ ରାଜନୈତିକ ଚାଟୁକାରିତା ଭିତରେ ସୀମିତ ବୋଲି ସେ କହିଛନ୍ତି।

ଲେଖାଶ୍ରୀ କହିଛନ୍ତି, ବିହାରରେ ପ୍ରଧାନମନ୍ତ୍ରୀଙ୍କ ମା'ଙ୍କ ଉପରେ ହୋଇଥିବା ଅସଭ୍ୟ ଟିପ୍ପଣୀକୁ ଭର୍ତ୍ସନା କରିଥିବାରୁ ମୁଖ୍ୟମନ୍ତ୍ରୀଙ୍କୁ ଅନେକ ଧନ୍ୟବାଦ। ମହିଳାଙ୍କ ଉପରେ ଅତ୍ୟାଚାର, ଅପରାଧ ଓ ଅସମ୍ମାନର ବିରୋଧ କରିବା ଓ ଦୋଷୀକୁ ଦଣ୍ଡିତ କରିବା ସମସ୍ତଙ୍କ ଗୁରୁଦାୟିତ୍ୱ। ମୁଖ୍ୟମନ୍ତ୍ରୀ ଭାବେ ଆପଣଙ୍କ ଦାୟିତ୍ୱ ସବୁଠାରୁ ଅଧିକ। ପ୍ରଧାନମନ୍ତ୍ରୀଙ୍କ ମା'ଙ୍କ ସମ୍ମାନ ପାଇଁ ଆପଣ ଅଣ୍ଟା ଭିଡ଼ିଲେ ଭଲ କଥା। ମାତ୍ର ମୋ ଉପରେ ଆପଣଙ୍କ ଦଳର ନୀଳଗିରି ବିଧାୟକ ସନ୍ତୋଷ ଖଟୁଆ ଦେଇଥିବା କୁତ୍ସିତ, ଅସଭ୍ୟ, ଅଭଦ୍ର ମନ୍ତବ୍ୟକୁ ଦୁଇ ମାସ ବିତିଯାଇଥିଲେ ମଧ୍ୟ ଆପଣଙ୍କ ମୁହଁରୁ ଉଁ ଟିଏ ମଧ୍ୟ ବାହାରିଲା ନାହିଁ। ଆପଣଙ୍କର ମହିଳାଙ୍କ ପ୍ରତି ଏ ସମ୍ମାନ କେବଳ ରାଜନୈତିକ ଚାଟୁକାରିତା ଭିତରେ ସୀମିତ ବୋଲି ସେ କହିଛନ୍ତି।

ସୂଚନାଯୋଗ୍ୟ, ଲେଖାଶ୍ରୀଙ୍କ ପ୍ରତି ନୀଳଗିରି ବିଧାୟକ ସନ୍ତୋଷ ଖଟୁଆଙ୍କ ଅଶୋଭନୀୟ, ଅଭଦ୍ର ମନ୍ତବ୍ୟକୁ ନେଇ ବିଜେଡି ଦିଲ୍ଲୀରୁ ଓଡ଼ିଶା ଯାଏଁ ସ୍ୱର ଉତ୍ତୋଳନ କରିଆସିଛି। ଦିଲ୍ଲୀରେ ରାଷ୍ଟ୍ରୀୟ ମହିଳା ଆୟୋଗ ଅଧ୍ୟକ୍ଷଙ୍କଠାରୁ ଆରମ୍ଭ କରି ରାଜ୍ୟ ପୁଲିସ ମୁଖିଆଙ୍କ ନିକଟରେ ଏନେଇ ବିଜେଡି ଫେରାଦ ହୋଇଥିଲେ ମଧ୍ୟ ଶ୍ରୀ ଖଟୁଆଙ୍କ ବିରୋଧରେ ଏଯାବତ୍ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ।

■ ଜିଲ୍ଲାପାଳ ଓ ଏସ୍‌ପିଙ୍କୁ ଭେଟିଲେ ସୌମ୍ୟାଶ୍ରୀଙ୍କ ବାପା

# କମିଟି ସଦସ୍ୟଙ୍କୁ ଶୀଘ୍ର ବାନ୍ଧ

**ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ଆତ୍ମଦାହ ମାମଲା**

ବାଲେଶ୍ୱର,୨୯।୮ (ସମିସ): ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶି ଆତ୍ମଦାହ ମାମଲାକୁ ମାସେରୁ ଊର୍ଦ୍ଧ୍ୱ ସମୟ ବିତିଗଲାଣି। ଏହି ଘଟଣାରେ ବର୍ତ୍ତମାନ ସୁଦ୍ଧା ୪ଜଣ ଗିରଫ ହୋଇଛନ୍ତି। କିନ୍ତୁ ଯେଉଁ ଆଇସିସି କମିଟିର ରିପୋର୍ଟ ପାଇଁ ହତାଶ ହୋଇ ଝିଅ ଆତ୍ମହତ୍ୟା କଲା, ସେ କମିଟି ସଦସ୍ୟଙ୍କ ବିରୋଧରେ କାହିଁକି କାର୍ଯ୍ୟାନୁଷ୍ଠାନ ହେଉନି ବୋଲି ଅଭିଯୋଗ କରି ଆଜି ସୌମ୍ୟାଶ୍ରୀଙ୍କ ବାପା ବଳରାମ ବିଶି ବାଲେଶ୍ୱର ଜିଲ୍ଲାପାଳ ଓ ଏସ୍‌ପିଙ୍କୁ ଭେଟିଛନ୍ତି। ଯେଉଁମାନେ ଝିଅକୁ ଆତ୍ମହତ୍ୟା ପାଇଁ ଉସୁକାଇଥିଲେ, ଝିଅକୁ ପ୍ରତାରଣା ଏବଂ ମାନସିକ ନିର୍ଯାତନା ଦେଇଥିଲେ, ସେମାନଙ୍କ ଉପରେ ଏପର୍ଯ୍ୟନ୍ତ କାହିଁକି କୌଣସି କାର୍ଯ୍ୟାନୁଷ୍ଠାନ ହୋଇନି ବୋଲି ସେ ପ୍ରଶ୍ନ କରିଛନ୍ତି। ସେମାନଙ୍କ ବିରୋଧରେ ମଧ୍ୟ ହତ୍ୟା ମାମଲା ରୁଜୁ ହେଉ ବୋଲି ବଳରାମ ଦାବି କରିଛନ୍ତି। ତେବେ ଉଭୟ ଜିଲ୍ଲାପାଳ ଓ ଏସ୍‌ପି ତାଙ୍କୁ ପ୍ରତିଶ୍ରୁତି ଦେଇ କହିଛନ୍ତି ଯେ ଏହି ମାମଲାର କ୍ରାଇମବ୍ରାଞ୍ଚ ତଦନ୍ତ ଚାଲିଛି। ରିପୋର୍ଟ ଆସିବା ପରେ କାର୍ଯ୍ୟାନୁଷ୍ଠାନ ହେବ।

## ରାଜ୍ୟ ପୁଲିସ ମୁଖ୍ୟାଳୟରେ ଜାତୀୟ କ୍ରୀଡ଼ା ଦିବସ

# ଓଡ଼ିଶା ପୁଲିସର ୪୧ କ୍ରୀଡ଼ାବିତ୍ ସମ୍ବର୍ଦ୍ଧିତ



କଟକ,୨୯।୮ (ସମିସ): କିଂବଦନ୍ତୀ ହକି ଖେଳାଳି ମେଜର ଧ୍ୟାନଚାନ୍ଦଙ୍କ ଜନ୍ମଦିନ ତଥା ଜାତୀୟ କ୍ରୀଡ଼ା ଦିବସ ଅବସରରେ ରାଜ୍ୟ ଆରକ୍ଷୀ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆ ଓଡ଼ିଶା ପୁଲିସର ୪୧ଜଣ ଶ୍ରେଷ୍ଠ କ୍ରୀଡ଼ାବିତଙ୍କୁ ସମ୍ବର୍ଦ୍ଧିତ କରିଛନ୍ତି। କଟକ ଆଇପିଏସ୍ ମେସସ୍ଥିତ ଆର୍.କେ ପାଢ଼ୀ ମେମୋରିଆଲ ହଲଠାରେ ଆୟୋଜିତ ଏକ ସ୍ୱତନ୍ତ୍ର ସମାରୋହରେ ଡିଜିପି ଶ୍ରୀ ଖୁରାନିଆ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଓଡ଼ିଶା ପୁଲିସର କ୍ରୀଡ଼ାବିତ୍‌ଙ୍କୁ ଉଚ୍ଚ ପ୍ରଶଂସା କରିବା ସହ ସେମାନଙ୍କ ଅସାଧାରଣ ପ୍ରତିଭାର ପ୍ରଶଂସା କରିଥିଲେ। ଏଥିନିମନ୍ତେ ବିଗତ ଦିନରେ ସାରା ଦେଶରେ ଓଡ଼ିଶା ପୁଲିସର ସୁନାମ ବୃଦ୍ଧି ପାଇଥିବାରୁ ସେ ଖୁସିବ୍ୟକ୍ତ କରିଥିଲେ। ଏହି ଅବସରରେ ଆମେରିକାର ବିର୍ମିହାମଠାରେ ଅନୁଷ୍ଠିତ ହୋଇଥିବା ବିଶ୍ୱ ପୁଲିସ ଏବଂ ଅଗ୍ନିଶମ କ୍ରୀଡ଼ା ଭଳି ଅନ୍ତର୍ଜାତୀୟ ପ୍ରତିଯୋଗିତାରେ ଓଡ଼ିଶା ପୁଲିସର ୭ କ୍ରୀଡ଼ାବିତ୍‌ଙ୍କ ଉଲ୍ଲେଖନୀୟ ସଫଳତା ସମ୍ପର୍କରେ ମଧ୍ୟ ଡିଜିପି ଉଲ୍ଲେଖ କରିଥିଲେ। ଏହି କ୍ରୀଡ଼ାବିତ୍‌ମାନେ ନିଜର ଦକ୍ଷତା ପ୍ରତିପାଦନ କରି ୧୩ଟି ସ୍ୱର୍ଣ୍ଣ, ୩ଟି ରୌପ୍ୟ ଏବଂ ୪ଟି କାଂସ୍ୟ ପଦକ ବିଜୟ ହୋଇ ଖେଳ ଜଗତରେ ନୂଆ ଇତିହାସ ସୃଷ୍ଟି କରିବା ସହ ଓଡ଼ିଶା ପୁଲିସକୁ ଗୌରବମଣ୍ଡିତ କରିଛନ୍ତି ବୋଲି ସେ କହିଥିଲେ। ଏହି ଅବସରରେ ଡିଜିପି ୪୧କ୍ରୀଡ଼ାବିତ୍‌ଙ୍କୁ ଉତ୍ତରୀୟ, ନଗଦ ଅର୍ଥରାଶି ପ୍ରଦାନ କରିବା ସହ ସେମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ।

ରାଜ୍ୟ ପୁଲିସ ମୁଖ୍ୟାଳୟର କ୍ରୀଡ଼ା ଅଧିକାରୀ ନୀଳମାଧବ ସ୍ୱାଇଁଙ୍କ ପରିଚାଳନାରେ ଅନୁଷ୍ଠିତ ସମାରୋହରେ ରାଜ୍ୟ ପୁଲିସ ପ୍ରଶାସନର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

# ବିହାରରେ ଧର୍ମେନ୍ଦ୍ର ଓ ଭକ୍ତଙ୍କ ନିର୍ବାଚନ ପ୍ରଚାର

■ ବିହାରରୁ ରାଜ୍ୟସଭାକୁ ନିର୍ବାଚିତ ହୋଇଥିଲେ ଧର୍ମେନ୍ଦ୍ର
■ ବିହାରରେ କଂଗ୍ରେସ ପ୍ରଭାରୀ ଭକ୍ତଙ୍କର ରହିଛି ଅଭିଜ୍ଞତା

ଭୁବନେଶ୍ୱର,୨୯।୮ (ସମିସ): ଆଉ ଦୁଇମାସ ପରେ ବିହାର ବିଧାନସଭା ନିର୍ବାଚନ। ଅନେକ ଦୃଷ୍ଟିରୁ ଗୁରୁତ୍ୱପୂର୍ଣ୍ଣ ମନେ ହେଉଥିବା ଏହି ନିର୍ବାଚନ ଉପରେ ସାରା ଦେଶର ନଜର ରହିଛି। ଯଦିଓ ଆନୁଷ୍ଠାନିକ ଭାବେ ନିର୍ବାଚନ ତାରିଖ ଘୋଷଣା ହୋଇନାହିଁ, ତଥାପି ନିର୍ବାଚନ ପରିବେଶ ବେଶ୍ ସରଗରମ ରହିଛି। ଭୌଗୋଳିକ ଓ ସାମାଜିକ ଦୃଷ୍ଟିକୋଣରୁ ଯଦିଓ ବିହାର ସହ ଓଡ଼ିଶାର ସେପରି କିଛି ସମ୍ପର୍କ ନାହିଁ; ତଥାପି ବିହାର ରାଜନୀତି ସହିତ ଜଡ଼ିତ ଓଡ଼ିଶାର ଦୁଇ ନେତା ବିଧିବଦ୍ଧ ଭାବରେ ନିର୍ବାଚନରେ ସାମିଲ ହୋଇ ସାରିଲେଣି। ପୂର୍ବରୁ ବିହାରରୁ ରାଜ୍ୟସଭାକୁ ନିର୍ବାଚିତ ହୋଇଥିବା କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ବିହାର ପାଇଁ ଏକଦା କଂଗ୍ରେସ ପ୍ରଭାରୀ ରୂପେ କାର୍ଯ୍ୟ କରିଥିବା ଓଡ଼ିଶା ପିସିସି ସଭାପତି ଭକ୍ତଚରଣ ଦାସ ନିର୍ବାଚନ ପ୍ରଚାର ଆରମ୍ଭ କରିଛନ୍ତି।

ଅତୀତରେ ବିହାର ବିଧାନସଭା ନିର୍ବଚନ ପାଇଁ ସହପ୍ରଭାରୀ ଦାୟିତ୍ୱ ତୁଲାଇଥିବା ଓ ବିହାରରୁ ରାଜ୍ୟସଭାକୁ ଯାଇଥିବା କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ମଧ୍ୟ ବିହାର ନିର୍ବାଚନ ପାଇଁ କାର୍ଯ୍ୟ ଆରମ୍ଭ କରିଛନ୍ତ। ଗତ ୨୭ତାରିଖରେ ଧର୍ମେନ୍ଦ୍ର ପାଟନାରେ ଭାରତୀୟ ଜନତା ଯୁବ ମୋର୍ଚ୍ଚାର ଯୁବ ସମ୍ମିଳନୀରେ ଯୋଗ ଦେଇଥିଲେ। ସେଠାରେ ବିଜେପି ସରକାରରେ ବିହାର ପ୍ରତି ଥିବା ପ୍ରତିବଦ୍ଧତା ସମ୍ପର୍କରେ ଦର୍ଶାଇଥିଲେ। ଏହି ଅବସରରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ବିହାର ମୁଖ୍ୟମନ୍ତ୍ରୀ ନୀତିଶ କୁମାରଙ୍କୁ ମଧ୍ୟ ସାକ୍ଷାତ କରିଥିଲେ। ଯାହାକୁ ସ୍ଥାନୀୟ ସାମ୍ବାଦିକମାନେ ବହୁ ଗୁରୁତ୍ୱପୂର୍ଣ୍ଣ ଦର୍ଶାଉଛନ୍ତି।


ବର୍ତ୍ତମାନ ବିହାରରେ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଭୋଟ୍‌ଅଧିକାର ଯାତ୍ରା କରୁଛନ୍ତି। ଏହା ସହ ବିହାର ହୋଇଥିବା 'ଏସ୍‌ଆଇଆର୍' ପ୍ରକ୍ରିୟାକୁ ତ୍ରୁଟିପୂର୍ଣ୍ଣ କହି ନିର୍ବାଚନ କମିସନ ଓ ବିଜେପି ସରକାରଙ୍କୁ ଟାର୍ଗେଟ୍ କରୁଛନ୍ତି। ତେଣୁ ବିହାରରେ ବିଜେପିକୁ ମାତ୍ ଦେବା ପାଇଁ କଂଗ୍ରେସ ଚଳାଇଥିବା ଉଦ୍ୟମରେ ସାମିଲ ହୋଇଛନ୍ତି ପିସିସି ସଭାପତି ଭକ୍ତଚରଣ ଦାସ । ସେ ବିହାର ଗସ୍ତ କରି ବିଭିନ୍ନ ସ୍ଥାନରେ ଆୟୋଜିତ ଦଳୀୟ କାର୍ଯ୍ୟକ୍ରମରେ ଭାଗ ନେଇଛନ୍ତି। ବିହାରର ନିର୍ବାଚନରେ ରହିଥିବା ବିଭିନ୍ନ ପ୍ରସଙ୍ଗ ଓ କୌଶଳ ସମ୍ପର୍କରେ ତାଙ୍କର ପୂର୍ବ ଅଭିଜ୍ଞତା ଦଳ ପାଇଁ ଉପଯୋଗୀ ହେବ ବୋଲି କଂଗ୍ରେସ ମନେ କରୁଛି। ଶୁକ୍ରବାର ଭକ୍ତ ପାଟନାଠାରେ ବରିଷ୍ଠ କଂଗ୍ରେସ ନେତୃବୃନ୍ଦଙ୍କ ଉପସ୍ଥିତିରେ ସାମ୍ବାଦିକ ସମ୍ମିଳନୀରେ ଅଂଶଗ୍ରହଣ କରିଛନ୍ତି। ଭକ୍ତଙ୍କ ସହିତ ଓଡ଼ିଶା ପ୍ରଭାରୀ ଅଜୟ କୁମାର ଲଲ୍ଲୁ ମଧ୍ୟ ବିହାର ସକ୍ରିୟ ଭାବେ ଦଳ ପାଇଁ କାମ ଆରମ୍ଭ କରିଦେଇଛନ୍ତି।

# ଓକିଲାତି ଲାଇସେନ୍ସଧାରୀ ଅନ୍ୟ ପେସାରେ ଥିଲେ ରୁଜୁ ହେବ ଫୌଜଦାରୀ ମାମଲା

**ବାର୍ କାଉନସିଲର ଚିଠି**

କଟକ, ୨୯।୮ (ସମିସ): ଓକିଲାତି ପେସାରେ ଯୋଗଦେବା ଲାଗି ରାଜ୍ୟ ଆଇନଜୀବୀ ପରିଷଦରୁ ଲାଇସେନ୍ସ ନେଉଥିବା ଅନେକ ଆଇନଜୀବୀ ସରକାରୀ ଚାକିରି ସହ ବିଭିନ୍ନ କମ୍ପାନୀ, ବ୍ୟବସାୟ, ଠିକାକାମ ଓ ଅନ୍ୟାନ୍ୟ ପେସାରେ ଯୋଗ ଦେଇ କାର୍ଯ୍ୟ କରୁଛନ୍ତି। ଏପରି ଅଭିଯୋଗକୁ ଆଇନଜୀବୀ ପରିଷଦ ଗୁରୁତ୍ୱର ସହ ଗ୍ରହଣ କରିଛି। ଏହାକୁ ରୋକିବା ଲାଗି ସମସ୍ତ ବାର୍ ଆସୋସିଏସନକୁ ପତ୍ର ଜରିଆରେ ନିର୍ଦ୍ଦେଶ ଦେଇଛି ପରିଷଦ।

ଆଇନଜୀବୀ ଆଇନ-୧୯୬୧ର ନିୟମ ଅନୁଯାୟୀ, ଆଇନଜୀବୀ ଲାଇସେନ୍ସ ପାଇବା ପରେ ଜଣେ ଆଇନଜୀବୀ ଅନ୍ୟ ପେସାରେ ପୂର୍ଣ୍ଣାଙ୍ଗ ରୂପେ କାର୍ଯ୍ୟ କରିବା, ଏପରିକି କେତେକ ସ୍ଥଳରେ ସରକାରୀ ଦପ୍ତରରେ ଚୁକ୍ତିଭିତ୍ତିକପୂର୍ଣ୍ଣ ସମୟ ଲାଗି କନ୍ସଲ୍ଟାଣ୍ଟ ଓ ରିସର୍ଚ୍ଚର୍ ଭାବେ କାର୍ଯ୍ୟ କରିବା ପେସାଗତ ନୈତିକତାର ବିରୋଧାଚରଣ କରୁଛି। ଏହି ଆଇନଜୀବୀମାନେ ସେମାନଙ୍କ ଲାଇସେନ୍ସ ରାଜ୍ୟ ଆଇନଜୀବୀ ପରିଷଦରେ ସରେଣ୍ଡର୍ କରିବା କଥା, ନଚେତ ସେମାନଙ୍କ ଲାଇସେନ୍ସ ରଦ୍ଦ କରିବାର ନିୟମ ରହିଛି। ତଥାପି ଏହାକୁ କିଛି ଆଇନଜୀବୀ ଉଲ୍ଲଙ୍ଘନ କରୁଛନ୍ତି। ସେମାନଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ଲାଗି କାଉନସିଲ୍‌ର ସାଧାରଣ ପରିଷଦ ବୈଠକରେ ନିଷ୍ପତ୍ତି ନିଆଯାଇଥିଲା। ଏ ବାବଦରେ ବାର୍ ଆସୋସିଏସନ୍‌କୁ କାଉନସିଲ୍ ପକ୍ଷରୁ ଚିଠି ଲେଖି ଏଭଳି ଆଇନଜୀବୀଙ୍କୁ ସେମାନଙ୍କ ଲାଇସେନ୍ସ ତୁରନ୍ତ ସରେଣ୍ଡର୍ କିମ୍ବା ସସପେଣ୍ଡ ଲାଗି ଆବେଦନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଯେଉଁ ଆଇନଜୀବୀମାନେ ଏହି ନିୟମକୁ ଉଲ୍ଲଙ୍ଘନ କରୁଛନ୍ତି, ସେମାନଙ୍କ ବିରୋଧରେ ଫୌଜଦାରୀ ମକଦ୍ଦମା କରାଯିବା ସହ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ମଧ୍ୟ ଗ୍ରହଣ ପାଇଁ କାଉନସିଲ ସଦସ୍ୟ ସଚିବ ଯଯାତି କେଶରୀ ସାମନ୍ତସିଂହାର ସମସ୍ତ ବାର୍ ଆସୋସିଏସନକୁ ଜଣାଇଛନ୍ତି। ଆଇନ ପେସାରେ ପୂର୍ଣ୍ଣ ସମୟ ଦେଇ କାର୍ଯ୍ୟ କରୁଥିବା ଆଇନଜୀବୀମାନେ ଏଭଳି ଆଇନ ଉଲ୍ଲଙ୍ଘନକାରୀଙ୍କ ସଂପର୍କରେ ବାର୍ ଆସୋସିଏସନ୍ କିମ୍ବା ବାର୍ କାଉନସିଲରେ ଜଣାଇଲେ, ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କାଉନସିଲ୍ ପକ୍ଷରୁ ଏକ ପ୍ରେସ୍ ବିବ୍ୟତିରେ ସୂଚନା ଦିଆଯାଇଛି।




# ବିଭିନ୍ନ ଶିକ୍ଷାନୁଷ୍ଠାନରେ ଗଣେଶ ପୂଜା

ପାଇକମାଳ,୨୯।୮(ସମିସ): ପାଇକମାଳ ବ୍ଲକ୍‌ର ବିଭିନ୍ନ ଶିକ୍ଷାନୁଷ୍ଠାନରେ ଗଣେଶ ପୂଜା ପାଳିତ ହୋଇଯାଇଛି । ମାଣ୍ତୋସିଲ ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରରେ ଗଣେଶ ପୂଜା ଅନୁଷ୍ଠିତ ହୋଇଥିଲା । କର୍ତ୍ତା ଭାବେ ଛାତ୍ର ପ୍ରିୟାଂଶୁ ଶେଖର ସାହୁ ବସିଥିଲେ । ଅନିରୁଦ୍ଧ ପଣ୍ଡା ପୂଜାକାର୍ଯ୍ୟ ସମ୍ପାଦନ କରିଥିଲେ । ଗୋକୁଳାନନ୍ଦ ଡନସନାମହେନ୍ଦ୍ର ଖୁଣ୍ଟିଆ, ଗଙ୍ଗାଧର ରଣା ଓ କର୍ମଚାରୀ ସହଯୋଗ କରିଥିଲେ । ସେହିପରି ଜାମସେଠ ନେତାଜୀ ଯୁବକ ସଂଘ ମଧ୍ୟ ଗଣେଶ ପୂଜା ପାଳିଛି । କର୍ତ୍ତା ଭାବେ ଡ.ଭୁବନାନନ୍ଦ ସାହୁ ଏବଂ ପୂଜକ ଭାବେ ଗୋବର୍ଦ୍ଧନ ଦାଶ ଦାୟିତ୍ୱ ତୁଲାଇଥିଲେ । ସେହିପରି ପାଇକମାଳ ବ୍ଲକ୍‌ର ବିଭିନ୍ନ ଶିକ୍ଷାନୁଷ୍ଠାନରେ ଗଣେଶ ପୂଜା ଅନୁଷ୍ଠିତ ହୋଇଥିଲା ।




























# ଗଣେଶ ପୂଜା ଅବସରରେ ରକ୍ତଦାନ ଶିବିର


ସୋହେଲା,୨୯।୮(ସମିସ): ସୋହେଲା ବ୍ଲକ୍ ଅଧୀନ ଓଡ଼ିଶା ସୀମାନ୍ତରେ ସ୍ଥିତ ଗ୍ରୀଞ୍ଜାଲ ଗାଁର ଗୌରୀନନ୍ଦନ ପୂଜା କମିଟି ପକ୍ଷରୁ ପବିତ୍ର ଗଣେଶ ପୂଜା ଅବସରରେ ସ୍ୱେଚ୍ଛାସେବୀ ସଂଗଠନ ନିଷ୍ଠା ପରିବାର ସହଯୋଗରେ ଗାଁର ପ୍ରଧାନପଡା ଠାରେ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି । ଭଟଲି ବିଧାୟକ ଇରାଶିଷ ଆଚାର୍ଯ୍ୟ ମୁଖ୍ୟ ଅତିଥି ରୂପେ ଶିବିରର ଉଦ୍‌ଘାଟନ କରିଥିଲେ । ଶିବିରରେ ମୋଟ ୩୩ ଜଣ ରକ୍ତଦାନ କରିଥିଲେ । ବିଜେପି ମଣ୍ଡଳ ସଭାପତି ଅଶ୍ୱିନୀ ପାତ୍ର ଗାଁର ରହୁଥିବା ବିଭିନ୍ନ ସମସ୍ୟା ସମ୍ପର୍କରେ ବିଧାୟକଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ।

























# ଜାତୀୟ କ୍ରୀଡ଼ା ଦିବସରେ ମେଜର ଧ୍ୟାନଚାନ୍ଦଙ୍କୁ ଶ୍ରଦ୍ଧାଞ୍ଜଳି



ବରଗଡ଼,୨୯।୮ (ସମିସ): ଭାରତୀୟ କିମ୍ବଦନ୍ତୀ ଖେଳାଳି ମେଜର ଧ୍ୟାନଚାନ୍ଦଙ୍କ ଜନ୍ମ ଜୟନ୍ତୀ ଅବସରରେ ଜିଲ୍ଲା କ୍ରୀଡା ସଂସଦ ପକ୍ଷରୁ ଜାତୀୟ କ୍ରୀଡା ଦିବସ ପାଳିତ ହୋଇଛି। ଜିଲ୍ଲା କ୍ରୀଡା ସଂସଦ ଉପସଭାପତି ଯୁଗଳ ପ୍ରସାଦ ସିଂଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ କିମ୍ବଦନ୍ତୀ କ୍ରୀଡାବିତ୍ ଧ୍ୟାନଚାନ୍ଦଙ୍କୁ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରାଯାଇଥିଲା। ଏଥିରେ ଅନ୍ୟ ମାନଙ୍କ ମଧ୍ୟରେ ଜିଲ୍ଲା କ୍ରୀଡା ସଂସଦ ସାଧାରଣ ସମ୍ପାଦକ କିଶୋର ମିଶ୍ର, କୋଷାଧ୍ୟକ୍ଷ ଡ.ଶୁଭ୍ରାଂଶୁ ଶେଖର ମହାପାତ୍ର, ଆଉଟ୍‌ଡୋର ଗେମ୍ସ ସମ୍ପାଦକ ସୁରେଶ ଦାଶଙ୍କ ସମେତ ବହୁ ପୁରାତନ ଓ ବର୍ତ୍ତମାନର ଖେଳାଳି ଅଂଶଗ୍ରହଣ କରିଥିଲେ।

## ଡଭାରେ ଡାକ୍ତର ନିଯୁକ୍ତି ଏବଂ ସ୍ନାତକ କଲେଜ ପାଇଁ ବୈଠକ


ଝାରବନ୍ଧ,୨୯।୮ (ସମିସ): ଝାରବନ୍ଧ ବ୍ଲକ୍ ଡଭା ଅଞ୍ଚଳର ବିଜେପି କାର୍ଯ୍ୟକର୍ତ୍ତାଙ୍କୁ ନେଇ ଡଭା ବଜାର ପ୍ରାଙ୍ଗଣରେ ଏକ୍ସ ଆର୍ମି ଜୟ ସାହୁଙ୍କ ସଭାପତିତ୍ୱରେ ଡଭା ଅଞ୍ଚଳର ସମସ୍ୟା ସମାଧାନ ପାଇଁ ବୈଠକ ଅନୁଷ୍ଠିତ ହୋଇଛି। ଡଭା ଡାକ୍ତରଖାନାରେ ଦୀର୍ଘ ବର୍ଷରୁ ଖାଲି ପଡିଥିବା ଡାକ୍ତର ପଦବୀ ପୂରଣ ପାଇଁ ଆଲୋଚନା ହୋଇଥିଲା। ବରଗଡ଼ ସାଂସଦ ପ୍ରଦୀପ ପୁରୋହିତଙ୍କୁ ଭେଟି ଡାକ୍ତର ସମସ୍ୟା ବିଷୟରେ ଜଣାଇବା ପାଇଁ ପ୍ରସ୍ତାବ ହୋଇଥିଲା। ଏହା ସହିତ ଡଭା ଠାରେ ସ୍ନାତକ ମହାବିଦ୍ୟାଳୟ ଖୋଲିବା ପାଇଁ ଆଲୋଚନା ହୋଇଥିଲା। ବୈଠକରେ ଛୋଟଅନକି ସମିତି ତଥା ଝାରବନ୍ଧ ମଣ୍ଡଳ ସଭାପତି ସତ୍ୟମ ପ୍ରଧାନ, ଛୋଟ ଅନକି ସରପଞ୍ଚ ଚିନ୍ତାମଣି ରାଉତ, ବିଜେପି କାର୍ଯ୍ୟକର୍ତ୍ତା ବସନ୍ତ ସାହୁ, ପ୍ରେମରାଜ ସାହୁ, ନାଥ ସିଦାର, ଜିତେନ୍ଦ୍ର ସାହୁ, ହେମନ୍ତ ସାହୁ, ସହଦେବ ସାହୁ, ଜୀବନ କୈବର୍ତ୍ତ, ସୁବାସ ସାହୁଙ୍କ ସହିତ ଡଭା ଅଞ୍ଚଳର ବିଜେପି କର୍ମକର୍ତ୍ତା ଉପସ୍ଥିତ ଥିଲେ।

## ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ନୂତନ ଗୃହ ନିର୍ମାଣ ଭିତ୍ତିପ୍ରସ୍ତର ସ୍ଥାପନ

ପାଇକମାଳ,୨୯।୮ (ସମିସ): ପାଇକମାଳ ନୂତନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଗୃହ ନିର୍ମାଣ ପାଇଁ ବୁଧବାର ଭିତ୍ତିପ୍ରସ୍ତର ସ୍ଥାପନ ହୋଇଯାଇଛି। ବରଗଡ଼ ସାଂସଦ ପ୍ରଦୀପ ପୁରୋହିତ ଅତିଥି ଭାବେ ଯୋଗ ଦେଇ ଗଣେଶ ପୂଜା ଅବସରରେ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ। ପଣ୍ଡିତ ପ୍ରେମାନନ୍ଦ ଦେବତା ପୂଜାର୍ଚ୍ଚନା, ଧୂପ ଦୀପ, ନୈବେଦ୍ୟ ସହ ହୋମ କରିଥିବା ବେଳେ ସାଂସଦ ଶ୍ରୀ ପୁରୋହିତ ପୂଜା କରିଥିଲେ। ଏଠାରେ ନିର୍ମିତ ହେବାକୁ ଥିବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଗୃହ ପ୍ରାୟ ୧୬.୭୦ କୋଟି ଟଙ୍କା ବ୍ୟୟ ଅଟକଳ ହୋଇଛି ବୋଲି ସାଂସଦ ଶ୍ରୀ ପୁରୋହିତ କହିଥିଲେ। ଏହା ତିନି ତଳ ବିଶିଷ୍ଟ କୋଠା ହେବ ବୋଲି ସୂଚନା ଦେଇଥିଲେ। କାର୍ଯ୍ୟକ୍ରମରେ ସାଂସଦ ପ୍ରତିନିଧି ଗୋବର୍ଦ୍ଧନ ଭୁଏ, ଡ.ଶୁଭ୍ର ପ୍ରକାଶ ସେନାପତି, ଡ.ଅଭିଲାଷ ମହାନ୍ତି, ଜିଲ୍ଲାପରିଷଦ ସଭ୍ୟ ସୁରେନ୍ଦ୍ର ପ୍ରତାପ ସିଂ ବରିହା, ସରପଞ୍ଚ ତୁଳାବତୀ ତାଣ୍ଡି, ସମିତି ସଭ୍ୟ ନିରୁପମା ନାଗ, ଗୋବର୍ଧନ ଅଗ୍ରୱାଲ, ସାମ୍ବାଦିକ ବଡ ଶତପଥୀଙ୍କ ସହ ଅନେକ ଜଣାଶୁଣା ବ୍ୟକ୍ତି ଏକତ୍ରିତ ହୋଇଥିଲେ।






























































ସକାଳ
THE SAKALA

# ସମ୍ପାଦକୀୟ



ରାଷ୍ଟ୍ରମୁଖ୍ୟମାନଙ୍କ ଆଗରେ ବର୍ତ୍ତମାନର ପ୍ରମୁଖ ଆହ୍ୱାନ ହେଉଛି - ଏପରି ଏକ ପରିବେଶ ସୃଷ୍ଟି କରିବା, ଯାହା ଭବିଷ୍ୟତର ବିଶ୍ୱ ଖାଦ୍ୟ ନିରାପତ୍ତାକୁ ସୁନିଶ୍ଚିତ କରିପାରିବ।
-ବିଲ୍ ଗେଟ୍ସ

## ଜଷ୍ଟିସ ନାଗରତ୍ନାଙ୍କ ଆପତ୍ତି

ସୁପ୍ରିମକୋର୍ଟ କଲେଜିୟମରେ ଜଷ୍ଟିସ୍ ବି.ଭି. ନାଗରତ୍ନାଙ୍କ ପ୍ରତିବାଦ ଓ ପ୍ରତିକ୍ରିୟାକୁ ଅନୁଶୀଳନ କଲେ ମନେ ହୁଏ ସବୁ ଠିକ୍‌ଠାକ୍ ଚାଲିନି। ପ୍ରଧାନ ବିଚାରପତି ଜଷ୍ଟିସ ଭୂଷଣ ଆର. ଗବାଇଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ୫ ଜଣ ସଦସ୍ୟ ବିଶିଷ୍ଟ କଲେଜିୟମ ସେଦିନ ହାଇକୋର୍ଟର ଦୁଇଜଣ ମୁଖ୍ୟ ବିଚାରପତିଙ୍କୁ ସୁପ୍ରିମକୋର୍ଟର ବିଚାରପତି ରୂପେ ମନୋନୀତ କରିବାର ଥିଲା। ଜଷ୍ଟିସ ନାଗରତ୍ନାଙ୍କ ଆପତ୍ତି ଯୋଗୁଁ ତାହା ୪-୧ ରେ ବିଭାଜିତ ହୋଇଥିଲା। ସବୁ ନିଷ୍ପତ୍ତି ଯେ ସହମତି ବା ମତୈକ ଭିତ୍ତିରେ ନିର୍ଦ୍ଧାରିତ ହେବ ଏକଥା ନୁହେଁ। ତେବେ ଜଷ୍ଟିସ ନାଗରତ୍ନାଙ୍କ ପ୍ରତିକ୍ରିୟାକୁ ନେଇ ସାଧାରଣରେ ଏତେ ବିଚାରବିମର୍ଶ କାହିଁକି? ଏସବୁ ସତ୍ତ୍ୱେ ବମ୍ବେ ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ଆଲୋକ ଆରାଧେ ଓ ପାଟନା ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ବିପୁଳ ମନୁଭାଇ ପାଞ୍ଚୋଲିଙ୍କୁ ମନୋନୀତ କରାଯାଇଛି। ସରକାର ମଧ୍ୟ ତୁରନ୍ତ ଦୁଇଜଣଙ୍କୁ ସୁପ୍ରିମକୋର୍ଟର ବିଚାରପତି ରୂପେ ନିଯୁକ୍ତି ଦେବାକୁ ବିଜ୍ଞପ୍ତି ଜାରି କରିଛନ୍ତି।

ମନୋନୀତ ଦୁଇଜଣ ସୁପ୍ରିମକୋର୍ଟ ବିଚାରପତିଙ୍କ ମଧ୍ୟରୁ ଜଷ୍ଟିସ ପାଞ୍ଚୋଲିଙ୍କୁ ନେଇ ଗୁରୁତର ଆପତ୍ତି ଉଠାଇଛନ୍ତି ଜଷ୍ଟିସ ନାଗରତ୍ନା। ଜନସାଧାରଣଙ୍କ ଅବଗତି ନିମନ୍ତେ ତାଙ୍କ ଆପତ୍ତି ଓ ପ୍ରତିକ୍ରିୟା ସୁପ୍ରିମକୋର୍ଟ ୱେବସାଇଟରେ ସ୍ଥାନିତ କରିବାକୁ ସେ କହିଥିଲେ। କିନ୍ତୁ ୱେବସାଇଟରେ କଲେଜିୟମରେ ୪- ୧ ମତ ବିଭାଜନ ଓ ଜଷ୍ଟିସ ନାଗରତ୍ନାଙ୍କ ଆପତ୍ତି ସ୍ଥାନ ପାଇ ନଥିବାରୁ ବିଭିନ୍ନ ମହଲରେ ସନ୍ଦେହ ସୃଷ୍ଟି କରିଛି। ଜଷ୍ଟିସ୍ ନାଗରତ୍ନାଙ୍କ ଯୁକ୍ତି ଥିଲା ଯେ ଗୁଜୁରାଟରୁ ଜଷ୍ଟିସ ଜେ ବି ପାର୍ଦ୍ଦିୱାଲା ଓ ଜଷ୍ଟିସ ଏନ.ଭି ଅଞ୍ଜାରିଆ ସୁପ୍ରିମ୍‌କୋର୍ଟରେ ପ୍ରତିନିଧିତ୍ୱ କରୁଥିବା ବେଳେ ଜଷ୍ଟିସ ପାଞ୍ଚୋଲି ହେବେ ତୃତୀୟ ବ୍ୟକ୍ତି। ଭୌଗୋଳିକ ସନ୍ତୁଳନ ରକ୍ଷା କରିବାରେ ଏହା କେବଳ ବାଧକ ହେବନି, ସମୟକ୍ରମେ ନ୍ୟାୟିକ ବ୍ୟବସ୍ଥାରେ ସ୍ୱଚ୍ଛତା ଓ ନିରପେକ୍ଷତା ରକ୍ଷା କରିବା କଷ୍ଟକର ହୋଇପଡ଼ିବ। ଦେଶର ବିଭିନ୍ନ ହାଇକୋର୍ଟରେ କାର୍ଯ୍ୟରତ ବିଚାରପତିଙ୍କ ମଧ୍ୟରେ ବରିଷ୍ଠତା ଦୃଷ୍ଟିରୁ ପାଞ୍ଚୋଲି ୫୭ ତମ ସ୍ଥାନରେ ଅଛନ୍ତି। ତାଙ୍କ ସ୍ଥାନରେ କାର୍ଯ୍ୟରତ ଅନ୍ୟ ସୁଯୋଗ୍ୟ ଓ ଦକ୍ଷ ବିଚାରପତିଙ୍କ ନାମ ବିଚାରକୁ ନିଆଯାଇପାରନ୍ତା। ଜଷ୍ଟିସ ନାଗରତ୍ନାଙ୍କ ଆପତ୍ତିରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଦିଗ ହେଲା, ଯେଉଁ ପରିସ୍ଥିତିରେ ଜଷ୍ଟିସ ପାଞ୍ଚୋଲିଙ୍କୁ ଗୁଜରାଟ ହାଇକୋର୍ଟରୁ ପାଟନା ହାଇକୋର୍ଟକୁ ବଦଳି କରାଯାଇଥିଲା ତାହାର ଏହି ପ୍ରେକ୍ଷାପଟରେ ଚର୍ଚ୍ଚା ହେବା ଉଚିତ। ତାଙ୍କର ବଦଳି ନିର୍ଦ୍ଦେଶକୁ ସେତେବେଳେ ୯ ମାସ ଧରି ସରକାର ଅଟକାଇ ରଖିଥିଲେ। ତତ୍କାଳୀନ ପ୍ରଧାନ ବିଚାରପତି ଜଷ୍ଟିସ ଚନ୍ଦ୍ରଚୂଡ଼ଙ୍କ ପ୍ରବଳ ଚାପ ପ୍ରୟୋଗରୁ ସେ ପାଟନା ହାଇକୋର୍ଟକୁ ଆସିବା ସକାଶେ ବାଧ୍ୟ ହୋଇଥିଲେ। ଶେଷରେ ସେ ୨୦୨୩ ଜୁଲାଇରେ ପାଟନା ହାଇକୋର୍ଟରେ ଯୋଗ ଦେଇ ଜୁଲାଇ ୨୧ରେ ମୁଖ୍ୟ ବିଚାରପତି ହେଲେ। ପୁଣି ମାସ ଗୋଟାଏ ପରେ ସୁପ୍ରିମକୋର୍ଟ ବିଚାରପତି ଭାବେ ମନୋନୀତ ହେବା ଘଟଣାକୁ ସମସ୍ତେ ଠିକ ଭାବେ ଗ୍ରହଣ କରିପାରିନାହାନ୍ତି।

ପ୍ରଧାନ ବିଚାରପତି ପଦରୁ ଜଷ୍ଟିସ ଜୟମାଲ୍ୟ ବାଗଚି ଅବସର ନେବା ପରେ ଜଷ୍ଟିସ ପାଞ୍ଚୋଲି ୨୦୩୧ ରେ ଏହି ଶୀର୍ଷ ଆସନକୁ ପଦୋନ୍ନତି ପାଇବେ। ଦୀର୍ଘ ୧୮ ମାସ ଧରି ସେ ବିଚାର ବିଭାଗର ହର୍ତ୍ତାକର୍ତ୍ତା ରହିବେ। ଜଷ୍ଟିସ ନାଗରତ୍ନାଙ୍କ ରେକର୍ଡ କରାଯାଇଥିବା ଆପତ୍ତିକୁ ତାଙ୍କ ନିର୍ଦ୍ଦେଶ ସତ୍ତ୍ୱେ ଗୋପନ ରଖିବା ଓ ଗୁଜରାଟ ଘଟଣାକ୍ରମକୁ ପର୍ଯ୍ୟାଲୋଚନା ନ କରିବା ପଛରେ କେଉଁଠି ନା କେଉଁଠି ଚାପ ବା ପ୍ରଭାବ ରହୁଛି, ତାହାକୁ ଅସ୍ୱୀକାର କରାଯାଇପାରିବ ନାହିଁ।

## ବର୍ଷା ତାଣ୍ଡବ

ଏସନ ଆଗୁଆ ମୌସୁମୀ ଆସିବାର ସୂଚନା ନେଇ କଳ୍ପନା ଆରମ୍ଭ ହୋଇଯାଇଥିବା ବେଳେ ଆଷାଢ଼ ଓ ଶ୍ରାବଣ ବର୍ଷାଭାବରୁ ଚାଷୀର ପାଗଯୋଗ ବିଗିଡ଼ି ଗଲା। ଅଗଷ୍ଟ ବା ଭାଦ୍ରବ ମାସରେ ବର୍ଷାର ତାଣ୍ଡବ ଯେଉଁ ଭୟଙ୍କର ପରିସ୍ଥିତି ସୃଷ୍ଟି କରିଛି, ସେଥିରେ କେତେ କିଏ ମରି ହଜି ଗଲେଣି ତାହାର କୌଣସି ଇୟତ୍ତା ନାହିଁ। ଜଳବାୟୁ ପରିବର୍ତ୍ତନ, ସହରୀକରଣ ଶିଳ୍ପାୟନ ଓ ଜଙ୍ଗଲ ଉଚ୍ଛେଦ ଯୋଗୁଁ ବର୍ଷା ବିପର୍ଯ୍ୟୟ ପୂର୍ବ ରେକର୍ଡକୁ ଅତିକ୍ରମ କରିଛି।

ଉତ୍ତରାଖଣ୍ଡ, ହିମାଚଳ ପ୍ରଦେଶରେ ବାଦଲଫଟା ବର୍ଷା ଓ ଭୂସ୍ଖଳନରେ ଜନପଦ ନିଶ୍ଚିହ୍ନ ହୋଇଯାଇଛି। ଏହି ଦୁଇ ରାଜ୍ୟରେ ୫୦୦ରୁ ଊର୍ଦ୍ଧ୍ୱ ଲୋକଙ୍କ ମୃତ୍ୟୁ ଘଟିଛି। ସେହିଭଳି ଜମ୍ମୁ-କାଶ୍ମୀରରେ ଭୂସ୍ଖଳନ ଘଟି ଦୁଇଦିନ ମଧ୍ୟରେ ୪୦ ରୁ ଊର୍ଦ୍ଧ୍ୱ ପ୍ରାଣ ହରାଇଛନ୍ତି। ମାଆ ବୈଷ୍ଣୋଦେବୀଙ୍କ ଦର୍ଶନ କାର୍ଯ୍ୟକ୍ରମକୁ ବନ୍ଦ ରଖାଯାଇଛି। ସେଠାରେ ମାଟି ଅତଡ଼ା ଧସିବାରୁ ୩୬ ଜଣଙ୍କ ମୃତ୍ୟୁ ଘଟିଛି। ରାବି, ଚେନାବ ଓ ଝେଲମରେ ବନ୍ୟାଜଳ ବିପଦ ସଂକେତ ଉପରେ ପ୍ରବାହିତ ହେଉଛି। ଜମ୍ମୁର ନିମ୍ନାଞ୍ଚଳ ବାହ୍ୟ ଜଗତରୁ ଏବେ ମଧ୍ୟ ବିଚ୍ଛିନ୍ନ ହୋଇରହିଛି। ଦେଶର ପ୍ରମୁଖ ସହର ମୁମ୍ବାଇ, ଦିଲ୍ଲୀ ଓ ବେଙ୍ଗାଲୁରୁରେ ବର୍ଷାଜଳ ନିଷ୍କାସନ ହୋଇପାରୁ ନଥିବାରୁ ସେଠାରେ ଜଳବନ୍ଦୀ ପରିସ୍ଥିତି ସୃଷ୍ଟି ହୋଇଛି। ଅନ୍ୟପକ୍ଷରେ ଗଙ୍ଗାନଦୀରେ ଜଳସ୍ତର ବୃଦ୍ଧି ପାଉଥିବାରୁ ଉତ୍ତର ପ୍ରଦେଶ ଓ ବିହାରରେ ବିସ୍ତୃତ ଅଞ୍ଚଳ ଜଳମଗ୍ନ ହୋଇଥିବାରୁ ପରିବହନ ବ୍ୟବସ୍ଥା ବାଧାପ୍ରାପ୍ତ ହୋଇଛି। ଜଳବନ୍ଦୀ ଅବସ୍ଥାରେ ଥିବା ଜନବସତି ସହ ଯୋଗାଯୋଗ ରକ୍ଷା କରାଯାଇପାରୁନି।

ମହାନଦୀରେ ବଡ଼ ବନ୍ୟା ଆସିନଥିବାରୁ ଓଡ଼ିଶାର ଉପକୂଳ ଅଞ୍ଚଳ ସୁରକ୍ଷିତ ଥିଲେ ହେଁ ବ୍ରାହ୍ମଣୀ, ବୈତରଣୀ, ସୁବର୍ଣ୍ଣରେଖାରେ ଜଳସ୍ତର ବିପଜ୍ଜନକ ପରିସ୍ଥିତି ସୃଷ୍ଟି କରିଛି। କାଣି ନଦୀରେ ୭୦ ଫୁଟ ଘାଇ ହୋଇଥିବା ବେଳେ ବାଲେଶ୍ୱର ଜିଲ୍ଲାର ୧୧୪ ଗାଁ ଜଳବନ୍ଦୀ ହୋଇରହିଛି।. ବାଲେଶ୍ୱର, ଭଦ୍ରକ ଓ ଯାଜପୁର ଜିଲ୍ଲାରେ ବନ୍ୟା ଭୟଙ୍କର ପରିସ୍ଥିତି ସୃଷ୍ଟି କରିଛି। କେବଳ ଏତିକି କୁହାଯାଇପାରେ କି ରାଜ୍ୟରେ ବନ୍ୟା ସ୍ଥିତି ନିୟନ୍ତ୍ରଣ ବାହାରକୁ ଯାଇନାହିଁ। ତେବେ ଗୋଟିକ ପରେ ଗୋଟିଏ ଲଘୁଚାପ ଜନିତ ବର୍ଷା ଲାଗିରହିଥିବା ବେଳେ ଅକ୍ଟୋବର ୨ ଓ ୩ ରେ ପୁଣି ବର୍ଷା ବିପ୍ଳବର ସୂଚନା ମିଳିଛି। ତେଣୁ ପରିସ୍ଥିତି ଯେ ସୁଧୁରି ଗଲାଣି ଏକଥା ଦାବି କରାଯାଇନପାରେ। ବିଳମ୍ବିତ ମୌସୁମୀର ଗତି ଓ ଦୁର୍ଗତି ନେଇ କିଛି ଆକଳନ କରାଯାଇ ପାରିବ ନାହିଁ। ଗଣେଶ ପୂଜାଠାରୁ ଆରମ୍ଭ ହୋଇଥିବା ପାର୍ବଣର ସାଜସଜ୍ଜା ଯେ ଆଗକୁ ଭିଜି ନ ଯିବ କିଏ କହିବ।

# ଆଞ୍ଚଳିକ ବିକାଶ, ରାଜନୀତି ଓ ରାଷ୍ଟ୍ରନୀତି

ଡ. ଏମ୍ ଜି ପ୍ରସାଦ

ଗତ ଦୁଇ ସପ୍ତାହ ଭିତରେ ଓଡ଼ିଶାର ବିକାଶ ଧାରାରେ ଦୁଇଟି ଅଧ୍ୟାୟ ଯୋଡ଼ି ହୋଇଛି। ଗତସପ୍ତାହରେ ଛଅଲେନ୍ ବିଶିଷ୍ଟ ଭୁବନେଶ୍ୱର ବାଇପାସ୍ ସଡ଼କ ପ୍ରକଳ୍ପକୁ କେନ୍ଦ୍ର କ୍ୟାବିନେଟ୍ ଅନୁମୋଦନ କରିଥିବା ବେଳେ ତା'ପୂର୍ବ ସପ୍ତାହରେ ଓଡ଼ିଶାରେ ଦୁଇଟି ସେମିକଣ୍ଡକ୍ଟର ପ୍ରକଳ୍ପ ପ୍ରତିଷ୍ଠା ପାଇଁ କେନ୍ଦ୍ର ସରକାର ଘୋଷଣା କରିଛନ୍ତି। ଆଞ୍ଚଳିକ ବିକାଶ ଜରିଆରେ ଜାତୀୟ ବିକାଶ ପ୍ରକ୍ରିୟାରେ ଉପରୋକ୍ତ ଦୁଇ ପ୍ରକଳ୍ପ ସ୍ୱାଗତଯୋଗ୍ୟ ନିଶ୍ଚୟ। କିନ୍ତୁ ଏହା ସୁସ୍ଥ ସଂଘୀୟ ବ୍ୟବସ୍ଥାରେ ଏକ ବ୍ୟତିକ୍ରମ ବୋଲି ବୁଦ୍ଧିଜୀବୀ ମହଲରେ ଭ୍ରୂକୁଞ୍ଚନ ସୃଷ୍ଟି ହୋଇ ନଥା'ନ୍ତା, ଯଦି 'ଆଞ୍ଚଳିକ ବିକାଶ' 'ବିକାଶ ରାଜନୀତି'ର ରୂପ ନେଇ ନଥା'ନ୍ତା। ଦୁଇଟି ଯାକ ପ୍ରକଳ୍ପ ପାଇଁ ରାଜ୍ୟ ସରକାର କେନ୍ଦ୍ର ସରକାରଙ୍କ ନିକଟରେ କୃତଜ୍ଞତା ଜ୍ଞାପନ ଓ ଧନ୍ୟବାଦ ଅର୍ପଣରେ ମୁଖର ହେବା ପରେ ସ୍ୱାଭାବିକ ପ୍ରଶ୍ନ ଉଠୁଛି କ'ଣ ସତରେ ଓଡ଼ିଶା ଏଥିପାଇଁ ହକ୍‌ଦାର ନଥିଲା? ଏହି ପ୍ରଶ୍ନର ଉତ୍ତର ଖୋଜିବା ବେଳେ ଦେଶର ସମ୍ବିଧାନ ପ୍ରଦତ୍ତ ବହୁଦଳୀୟ ଶାସନ ଅଧିକାର ଓ ସଂଘୀୟ ବ୍ୟବସ୍ଥା ସ୍ୱତଃ ଆଲୋଚନା ପରିସରକୁ ଆସିବ ଏବଂ ରାଷ୍ଟ୍ରନୀତିରେ ଆଞ୍ଚଳିକ ବିକାଶ ନୀତି ଅଧିକ ସ୍ପଷ୍ଟ ଭାବେ ପ୍ରତିଫଳିତ ହେବ।

ରାଜନୀତିରେ 'ଆଞ୍ଚଳିକବାଦ' ଏକ ଅସ୍ପୃଶ୍ୟ ବିଚାର ନୁହେଁ, ବରଂ ଏକ ଆଦର୍ଶ, ଯାହା ନିଜ ଅଞ୍ଚଳ ଓ ଅଞ୍ଚଳବାସୀଙ୍କ ସମାବେଶୀ ବିକାଶକୁ ସର୍ବାଦୌ ଗୁରୁତ୍ୱ ଦିଏ। କ୍ରମାଗତ କେନ୍ଦ୍ରୀୟ ଅବହେଳାରୁ 'ଆଞ୍ଚଳିକବାଦ'ର ଜନ୍ମ ହୋଇଥିବାରୁ ଜାତୀୟ ରାଜନୀତିରେ କ୍ଷମତା ଦୌଡ଼ରୁ ବହୁ ଦୂରରେ ନିରବଚ୍ଛିନ୍ନ ଓ ସମର୍ପିତ ଭାବେ ରାଜ୍ୟର ବିକାଶ ଓ ରାଜ୍ୟବାସୀଙ୍କ ସ୍ୱାର୍ଥର ସୁରକ୍ଷା ହିଁ ଆଞ୍ଚଳିକ ଦଳମାନଙ୍କର ଏକମାତ୍ର ଲକ୍ଷ୍ୟ, ଯାହା ଜାତୀୟ ଦଳମାନଙ୍କ ଆଦର୍ଶ ଓ ନୀତିରେ ବିରଳ। ଓଡ଼ିଶାରେ ଏହି ଆଞ୍ଚଳିକ ବିକାଶସର୍ବସ୍ୱ ଆଦର୍ଶର ପରିପ୍ରକାଶ ବିଜୁ ପଟ୍ଟନାୟକଙ୍କ ଅମଳରେ ଜନ୍ମ ନେଇ ତାଙ୍କ ଅବର୍ତ୍ତମାନରେ ତାଙ୍କ ନାମରେ ଗଠିତ 'ବିଜୁ ଜନତା ଦଳ'ର ଶାସନ କାଳରେ ଅଧିକ ପରିପୁଷ୍ଟ ହେଲା। ଏ ସମ୍ପର୍କରେ ଆଲୋଚନା ପୂର୍ବରୁ ଭାରତୀୟ ସଂଘୀୟ ବ୍ୟବସ୍ଥାରେ ଆଞ୍ଚଳିକ ଦଳ ଗଠନର ଅପରିହାର୍ଯ୍ୟତା ସମ୍ପର୍କରେ କିଞ୍ଚିତ ଆଲୋଚନା କରିବା ସମୀଚୀନ ହେବ।

ଆର୍ଥିକ, ସାମାଜିକ, ଭୌଗୋଳିକ, ଧାର୍ମିକ, ଭାଷା ଓ ସଂପ୍ରଦାୟ ଆଦି ଦୃଷ୍ଟିରୁ ବିବିଧତାରେ ପରିପୂର୍ଣ୍ଣ ଭାରତ ସ୍ୱାଧୀନତା ହାସଲ କରିବା ପରେ ଯେଉଁ ଶାସନ ବ୍ୟବସ୍ଥା ସୃଷ୍ଟି କରାଗଲା, ସେଥିରେ ଭାରତ ଏକ ସଂଘୀୟ ସାଧାରଣତନ୍ତ୍ରର ମାନ୍ୟତା ପାଇଲା। ଏହା ସ୍ୱୟଂସମ୍ପୂର୍ଣ୍ଣ ରାଜ୍ୟ ସମୂହଙ୍କର ଏକ ସମାହାର ବା ସଂଘରେ ପରିଣତ ହେଲା। ସେତେବେଳେ କିନ୍ତୁ ରାଜ୍ୟ ସମୂହଙ୍କ କ୍ଷମତା, ସ୍ୱାୟତ୍ତତା ଓ ସ୍ଥିତି ଘେନି ସଂଶୟ ସୃଷ୍ଟି ହେଲା ଏବଂ ସର୍ବୋଚ୍ଚ କ୍ଷମତାଶାଳୀ କେନ୍ଦ୍ର ସରକାର ସଂଘୀୟ ବ୍ୟବସ୍ଥାର ଘଟକ ରାଜ୍ୟମାନଙ୍କୁ ବଚସ୍କର କରି ରଖିପାରେ ବୋଲି ଚିନ୍ତା ଉଦ୍ରେକ ହେଲା। ଏହି ସଂଶୟର ଅବସାନ ପାଇଁ ସମ୍ବିଧାନର ପ୍ରମୁଖ ପ୍ରଣେତା ବାବାସାହେବ ଆମ୍ବେଦକର ସ୍ପଷ୍ଟ କରିଥିଲେ ଯେ, 'ଭାରତର ଚିଠା ସମ୍ବିଧାନ ସ୍ୱଭାବତଃ ଏକ ସଂଘୀୟ ସମ୍ବିଧାନ ଭାବେ କାର୍ଯ୍ୟ କରିବ। ଏହାଦ୍ୱାରା ଦ୍ୱୈତ ଶାସନ ବ୍ୟବସ୍ଥା ପ୍ରବର୍ତ୍ତନ ହେବ। ପ୍ରସ୍ତାବିତ ସମ୍ବିଧାନରେ ଏହି ଦ୍ୱୈତ ଶାସନରେ କେନ୍ଦ୍ରରେ ଗୋଟିଏ ଏବଂ ପ୍ରତ୍ୟେକ ରାଜ୍ୟରେ ଗୋଟିଏ ଲେଖାଏଁ ସରକାର ନିଜ ନିଜ କାର୍ଯ୍ୟ ପରିସର ଓ ଅଧିକାରଭୁକ୍ତ କ୍ଷେତ୍ରରେ ସ୍ୱାଧୀନଭାବେ ସାମ୍ବିଧାନିକ ମର୍ଯ୍ୟାଦା ଭିତରେ ରହି କାର୍ଯ୍ୟ କରିବାର ଅଧିକାର ପାଇବେ।'

ସ୍ୱାଧୀନତା ପରେ ଭାରତରେ ଆଞ୍ଚଳିକ ସ୍ୱାର୍ଥ ସମ୍ବଳିତ ଆକାଂକ୍ଷା ସୃଷ୍ଟି ହେଲା ଏବଂ ଏହାକୁ ନେଇ ଅଧିକାରର ସ୍ୱର ରାଜନୀତିରେ ପ୍ରତିଫଳିତ ହେଲା। ସେସବୁ ସ୍ୱର କ୍ରମଶଃ ଶାଣିତ ହୋଇଥିଲେ ହେଁ ଜାତୀୟ ସ୍ୱାର୍ଥର ପରିପନ୍ଥୀ ନଥିଲା। ପ୍ରାୟ ସବୁ ଭାରତୀୟଙ୍କ ପାଇଁ ଜାତୀୟତା ବା ରାଷ୍ଟ୍ରୀୟତା ଏକ ଧ୍ରୁବସତ୍ୟ ଓ ସାଲିସବିହୀନ ପ୍ରଶ୍ନ ହୋଇଥିବା ବେଳେ ଆଞ୍ଚଳିକ ସ୍ୱାର୍ଥରକ୍ଷା ଏକ ପ୍ରାଥମିକ ବାସ୍ତବତା ଭାବେ କ୍ରମେ ଆତ୍ମପ୍ରକାଶ କଲା। ନିଜ ନିଜ ରାଜ୍ୟର ପ୍ରଗତି ପାଇଁ ସବୁ ରାଜ୍ୟ କେନ୍ଦ୍ରର ଉପଯୁକ୍ତ ସାହାଯ୍ୟ ସହଯୋଗ ଆଶା କଲେ। ଏଥିରେ ନିରାଶ ରାଜ୍ୟମାନେ ଦାବି ଉପସ୍ଥାପନ ଜରିଆରେ ସ୍ୱର ଉତ୍ତୋଳନ କରିବାକୁ ବାଧ୍ୟ ହେଲେ। ଯେଉଁଠି ଉଭୟ କେନ୍ଦ୍ର ଓ ରାଜ୍ୟଗୁଡ଼ିକ ଗୋଟିଏ ଦଳର ଶାସନାଧୀନ ରହିଲା ସେତେବେଳେ 'ଆଞ୍ଚଳିକବାଦ' ଜାତୀୟ ରାଜନୀତିରେ ବିଲୀନ ହୋଇଗଲା। ସ୍ୱାଭାବିକ ଭାବେ ବିପୁଳ ସୁଯୋଗ ଓ ସମ୍ଭାବନା ସତ୍ତ୍ୱେ ରାଜ୍ୟ ବିକାଶ ଧାରା ମନ୍ଥର ହୋଇପଡ଼ିଲା ଏବଂ ରାଜ୍ୟୱାରୀ ବିକାଶରେ ବୈଷମ୍ୟ ଉତ୍କଟ ହେବାରେ ଲାଗିଲା। ଓଡ଼ିଶା ଭଳି ବହୁ ରାଜ୍ୟ ଅବହେଳିତ ହୋଇ ଦରିଦ୍ର ରାଜ୍ୟର ଅପବାଦ ମୁଣ୍ଡାଇବାରେ ଲାଗିଲେ।

ଏହି ପୁଞ୍ଜିଭୂତ ଅସନ୍ତୋଷରୁ ଜନ୍ମ ନେଲା କେନ୍ଦ୍ର ବିରୋଧୀ ଆଭିମୁଖ୍ୟ ଓ ଅବହେଳା ପ୍ରସଙ୍ଗ। 'ରାଷ୍ଟ୍ରନୀତି', 'ଜାତୀୟ ରାଜନୀତି' ଓ 'ଆଞ୍ଚଳିକବାଦ' ମଧ୍ୟରେ ସ୍ପଷ୍ଟ ଅଭାବବୋଧାରୁ ଜନ୍ମ ନେଲେ ଏକାଧିକ ଆଞ୍ଚଳିକ ଦଳ। ଓଡ଼ିଶା, ତାମିଲନାଡୁ, ପଶ୍ଚିମବଙ୍ଗ, କେରଳ ଆଦିରେ ଯେଉଁସବୁ ଆଞ୍ଚଳିକ ଦଳ ଜନ୍ମ ନେଇ କ୍ଷମତା ହାସଲ କରିବାରେ ସଫଳ ହେଲେ, ତା'ପଛରେ ଥିଲା 'ଆଞ୍ଚଳିକବାଦ'ର ବାସ୍ତବତା, ଆବଶ୍ୟକତା ଓ ଅଞ୍ଚଳବାସୀଙ୍କ ଅକୁଣ୍ଠ ସମର୍ଥନ। ଓଡ଼ିଶାରେ ବିଗତ ଶତାବ୍ଦୀର ୫୦ ରୁ ୬୦ ଦଶକ ମଧ୍ୟରେ ଗଣତନ୍ତ୍ର ପରିଷଦ, ଜନକଂଗ୍ରେସ୍, ଉତ୍କଳ କଂଗ୍ରେସ ଆଦି କେତେକ ଆଞ୍ଚଳିକ ଦଳ ଗଠିତ ହୋଇ ଜାତୀୟ ଦଳର ବିକଳ୍ପ ଭାବେ ରାଜ୍ୟ ରାଜନୀତିରେ ସଫଳତା ହାସଲ କରିଥିଲେ ହେଁ ଦୀର୍ଘସ୍ଥାୟୀ ହୋଇପାରିନଥିଲେ। ୧୯୯୭ ମସିହାରେ ବିଜୁ ଜନତା ଦଳ ଗଠନ ହୋଇ ୨୦୦୦ ମସିହାରେ ରାଜ୍ୟର ଶାସନ କ୍ଷମତା ସମ୍ଭାଳିବା ପରେ ରାଜ୍ୟ ଓ ଜାତୀୟ ରାଜନୀତିରେ ପ୍ରଥମ ଥର ପାଇଁ ଆଞ୍ଚଳିକବାଦର ବାସ୍ତବତା ଗୁରୁତ୍ୱ ପାଇଲା ଏବଂ ରାଜ୍ୟର ସ୍ୱାର୍ଥକୁ ସର୍ବାଗ୍ରେ ରଖାଗଲା। ୨୦୦୦ ମସିହା ପର୍ଯ୍ୟନ୍ତ ଓଡ଼ିଶା ବିକାଶ ମାନଦଣ୍ଡର ସବୁକ୍ଷେତ୍ରରେ ପଛରେ ଥିବା ଭାରତର କେବଳ ଏକ ଭୌଗୋଳିକ ପରିପ୍ରକାଶ ଥିଲା। ଓଡ଼ିଶାର ବିପୁଳ ଖଣିଜ ସମ୍ବଳକୁ କେନ୍ଦ୍ର ନିଜ ଇଚ୍ଛା ଓ ସୁବିଧା ଅନୁସାରେ ଉପଯୋଗ କରୁଥିବା ବେଳେ ରାଜ୍ୟର ବିକାଶ ପ୍ରତି ଯଥୋଚିତ ଧ୍ୟାନ ଦେଉ ନଥିଲା। ସଡ଼କ, ରେଳ ଯୋଗାଯୋଗ, ବନ୍ଦର, ଭିତ୍ତିଭୂମି, ରାଷ୍ଟ୍ରୀୟ ଉଦ୍ୟୋଗ, ଶକ୍ତି, ଯୋଗାଯୋଗ ଆଦି ଅନେକ କ୍ଷେତ୍ରରେ ଓଡ଼ିଶା ଜାତୀୟ ହାରଠାରୁ ବହୁ ପଛରେ ପଡ଼ିଥିଲା। ବନ୍ୟା ଓ ବାତ୍ୟାର ଚିରସହଚର ଓଡ଼ିଶାକୁ ସ୍ୱତନ୍ତ୍ର ରାଜ୍ୟ ପାହ୍ୟା ଓ ସ୍ୱତନ୍ତ୍ର ପ୍ୟାକେଜ୍ ଦାବି ପ୍ରତି କେନ୍ଦ୍ର ସରକାର କର୍ଣ୍ଣପାତ କରୁ ନ ଥିଲେ। ତେଣୁ ଏହା ବିରୋଧରେ ଯେଉଁ ରାଜନୈତିକ ସ୍ୱର ଉତ୍ତୋଳିତ ହୋଇଥିଲା ତାହାକୁ ଓଡ଼ିଶାବାସୀ ପୂର୍ଣ୍ଣପ୍ରାଣରେ ସମର୍ଥନ ଜଣାଇଥିଲେ।

ଯଦି କେନ୍ଦ୍ରୀୟ ଅବହେଳା ଓ ଐତିହାସିକ ଅନ୍ୟାୟକୁ ଓଡ଼ିଶାବାସୀ ଉପଲବ୍ଧ କରି ନଥା'ନ୍ତେ ତେବେ ବିଜେଡି ଓ ଏହାର ନେତାଙ୍କୁ ୫ଟି ଲଗାତାର ନିର୍ବାଚନରେ ବିଜୟୀ କରି ନଥା'ନ୍ତେ। ଦୀର୍ଘ ୨୪ ବର୍ଷର ଓଡ଼ିଶାର ସ୍ୱାର୍ଥ ସମ୍ବଳିତ ନିରବଚ୍ଛିନ୍ନ ସଂଗ୍ରାମ ଫଳରେ ଏବେ ଓଡ଼ିଶା ଅନେକ କ୍ଷେତ୍ରରେ ଆଗୁଆ ଏବଂ ଜାତୀୟ ସ୍ତରରେ ଉଦାହରଣୀୟ ଓ ଅନୁକରଣୀୟ। ଆଞ୍ଚଳିକବାଦ ଓ ଆଞ୍ଚଳିକ ଦଳର ଶାସନ ବିନା ଏହା ସମ୍ଭବ ହୋଇପାରି ନ ଥା'ନ୍ତା କି କେବେ ମଧ୍ୟ ସମ୍ଭବ ହେବ ନାହିଁ। ବିଜେଡି ଏକ ଶକ୍ତିଶାଳୀ ଆଞ୍ଚଳିକ ଦଳ ଭାବେ ଓଡ଼ିଶା ଓ ଓଡ଼ିଶାବାସୀଙ୍କ ସ୍ୱାର୍ଥ-ସଂଗ୍ରାମକୁ ଦୃଢ଼ ଓ ଶାଣିତ କରିବା ଫଳରେ ଏବେ ଓଡ଼ିଶା ପ୍ରତି କେନ୍ଦ୍ର ସରକାର ଦୃଷ୍ଟିଦେବାକୁ ବାଧ୍ୟ ହେଉଛନ୍ତି। ଏହା କେନ୍ଦ୍ରର ଦୟା କିମ୍ବା ଅନୁକମ୍ପା ନୁହଁ, ରାଷ୍ଟ୍ରନୀତିର ଏକ ବାଧ୍ୟବାଧକତା। ଏଥିରେ କୃତଜ୍ଞତା ଓ ଧନ୍ୟବାଦର ପ୍ରଶ୍ନ ଉଠୁଛି କେଉଁଠି?

ଶେଷରେ ଏହା ଉଲ୍ଲେଖ କରିବା ପ୍ରୟୋଜନ ଯେ ଆଞ୍ଚଳିକବାଦକୁ ବିଚ୍ଛିନ୍ନତାବାଦର ତରାଜୁରେ ନୁହେଁ, ବରଂ ସଂଘୀୟ ବ୍ୟବସ୍ଥାର ଯବକାଚରେ ପରଖିବା ଉଚିତ ହେବ। ସବୁ ରାଜ୍ୟ ସମାନ ଭାବରେ ବିକଶିତ ହେଲେ ଯାଇ ରାଷ୍ଟ୍ର ସମୃଦ୍ଧ ଓ ସଫଳ ହେବ। ଓଡ଼ିଶା ଏ କଥା ବହୁ ଆଗରୁ କହିଆସୁଛି, ଯାହାକୁ କେନ୍ଦ୍ର ସରକାର ଏବେ ସ୍ୱୀକାର କରୁଛନ୍ତି। ବିକାଶର ଭାରସାମ୍ୟ ରକ୍ଷା ରାଜନୀତି ନୁହେଁ, ରାଷ୍ଟ୍ରନୀତିର ଏକ ଅପରିହାର୍ଯ୍ୟ ଅଂଶବିଶେଷ। ବଡ଼ କଥା ହେଲା ଟିକସ ସଂଗ୍ରହ ଓ ସମ୍ବଳ ଆବଣ୍ଟନର ସୁସ୍ଥ ବ୍ୟବସ୍ଥାରେ ସଂଘୀୟ ବ୍ୟବସ୍ଥା ସୁଦୃଢ଼ ହୋଇଥାଏ। ସେ ଦାୟିତ୍ୱ କେନ୍ଦ୍ର ଯଦି ଭୁଲିଯିବ ରାଷ୍ଟ୍ରନୀତିର ପରିପନ୍ଥୀ ବୋଲି ଧରାଯିବ ଏବଂ ଆଞ୍ଚଳିକ ସ୍ତରରେ ବିବାଦ ଓ ପ୍ରତିବାଦ ଉଠିବ। ସଂଘୀୟ ବ୍ୟବସ୍ଥାରେ ଆଞ୍ଚଳିକ ଆବଶ୍ୟକତା ଅନୁସାରେ ଲୋକେ ସରକାର ବାଛନ୍ତି ଏବଂ ନିଜର ଆଶା ଆକାଂକ୍ଷା ପୂରଣ କରିଥା'ନ୍ତି। ଏଥିରେ ଅସୂୟାବୋଧ ଓ ଅସ୍ୱାଭାବିକବୋଧତାର ସ୍ଥାନ ନାହିଁ। ସ୍ୱାଧୀନୋତ୍ତର ଭାରତର ରାଜନୀତିରେ ଆଞ୍ଚଳିକବାଦର ସଫଳତା ଆଧାରରେ ଆଜି ଏକାଧିକ ରାଜ୍ୟରେ ଆଞ୍ଚଳିକ ଦଳ କ୍ଷମତାରେ ଅଛନ୍ତି। ଗଣତନ୍ତ୍ରରେ ଭୋଟର ହିଁ ଭାଗ୍ୟବିଧାତା। କଥାରେ ନୁହେଁ, କାମରେ ସେମାନଙ୍କ ବିଶ୍ୱାସ ଓ ଭରସା ଜିତାଯାଇପାରେ। ନିର୍ବାଚନ ଏକ ମାଧ୍ୟମମାତ୍ର। ପ୍ରଶଂସା ଓ କୃତଜ୍ଞତା ନୁହେଁ, ଯେଉଁମାନଙ୍କ ପାଇଁ ଏ ସରକାର ସେମାନଙ୍କ ସ୍ୱାର୍ଥରକ୍ଷା ପାଇଁ ସଂଗ୍ରାମ କରିବା ସାମ୍ପ୍ରତିକ ରାଜନୀତିର ସବୁଠାରୁ ବଡ଼ ଆହ୍ୱାନ।

(ଅବସରପ୍ରାପ୍ତ ପ୍ରାଧ୍ୟାପକ)

# ସାମାଜିକ ଗଣମାଧ୍ୟମ ଓ ସରକାରୀ ସେବା

ବରୁଣ କୁମାର ମହାପାତ୍ର

ଫକୀର ମୋହନ ମହାବିଦ୍ୟାଳୟର ବହୁଚର୍ଚ୍ଚିତ ଛାତ୍ରୀ ଆତ୍ମାହୁତି ଘଟଣା ପରେ ସାମାଜିକ ଗଣମାଧ୍ୟମ ଜରିଆରେ ଲୋକଙ୍କ ଅଭିଯୋଗ ଶୁଣାଣିକୁ ଗୁରୁତ୍ୱର ସହ ନେବାକୁ ଦାବି ହୋଇଛି। ଆଜିକାଲି ପିଲାଠାରୁ ବୁଢ଼ା ପର୍ଯ୍ୟନ୍ତ ପ୍ରାୟ ସମସ୍ତଙ୍କ ହାତରେ ସ୍ମାର୍ଟଫୋନ। ଶସ୍ତା ଇଣ୍ଟରନେଟ୍ ସାଙ୍ଗକୁ ସାମାଜିକ ଗଣମାଧ୍ୟମର ବହୁଳ ବ୍ୟବହାର ବି ହେଉଛି। ସାଧାରଣ ଲୋକଙ୍କ ବ୍ୟତୀତ ନେତା, ମନ୍ତ୍ରୀ, ସରକାରୀ ସଂସ୍ଥାଙ୍କ ଉପସ୍ଥିତି ମଧ୍ୟ ବିଭିନ୍ନ ସାମାଜିକ ଗଣମାଧ୍ୟମରେ ରହିଛି। ଏଭଳି ସ୍ଥଳେ ସରକାର ଓ ଲୋକଙ୍କ ମଧ୍ୟରେ ସାମାଜିକ ଗଣମାଧ୍ୟମ ସେତୁ ସଦୃଶ କାର୍ଯ୍ୟ କରିବାରେ କୌଣସି ଅସୁବିଧା ନାହିଁ। ଏହାଦ୍ୱାରା ସରକାର ଓ ଲୋକଙ୍କ ମଧ୍ୟରେ ଥିବା ଦୂରତା ହଟିପାରିବ। ଲୋକେ ସ୍ୱଚ୍ଛନ୍ଦରେ ସରକାରୀ ସେବାର ଲାଭ ପାଇପାରିବେ।

ସାମ୍ପ୍ରତିକ ସମୟରେ ପ୍ରାୟ ସବୁକାର୍ଯ୍ୟ ଅଙ୍ଗୁଳି ଟିପରେ ହେଉଥିବା ବେଳେ ଯୁଗ ସହ ତାଳ ଦେଇ ଏକ ସମାନ୍ତରାଳ ଡିଜିଟାଲ ଶାସନ ବ୍ୟବସ୍ଥା ପ୍ରାୟ ଅନେକ ଦେଶରେ ଲାଗୁ ହୋଇଛି। ଆମ ଦେଶରେ ମଧ୍ୟ ଉଣା ଅଧିକେ ଚାଲୁ ରହିଛି ଏଭଳି ଶାସନ ବ୍ୟବସ୍ଥା। କେନ୍ଦ୍ର ସରକାରଙ୍କ 'ଡିଜିଟାଲ ଇଣ୍ଡିଆ' ଆହ୍ୱାନକ୍ରମେ ବିଭିନ୍ନ ଆପ୍ ମାଧ୍ୟମରେ ସରକାରୀ ଯୋଜନାର ଲାଭ ଓ ସେବା ଲୋକଙ୍କ ପାଖରେ ଅବିଳମ୍ବେ ପହଞ୍ଚି ପାରୁଛି। 'ଫେସବୁକ୍', 'ହ୍ୱାଟ୍‌ସଆପ୍', 'ଏକ୍ସ (ଟ୍ୱିଟର)' ଭଳି ବହୁଳ ବ୍ୟବହୃତ ସାମାଜିକ ଗଣମାଧ୍ୟମ ଜରିଆରେ ସରକାରୀ ସଂସ୍ଥା ଓ ବିଭାଗଗୁଡ଼ିକ ସରକାରଙ୍କ ପ୍ରମୁଖ ନୀତି, ପଦକ୍ଷେପ, ଯୋଜନା, ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଆଦି ସମ୍ପର୍କରେ ଲୋକଙ୍କୁ ସୂଚନା ପ୍ରଦାନ କରୁଛନ୍ତି। ତନ୍ମଧ୍ୟରୁ କିଛି ସରକାରୀ ସଂସ୍ଥା ସାମାଜିକ ଗଣମାଧ୍ୟମ ଜରିଆରେ ଲୋକଙ୍କ ଅଭିଯୋଗ ମଧ୍ୟ ଶୁଣି ସମାଧାନ କରନ୍ତି। ଏପରିକି କିଛି ନେତା ଓ ମନ୍ତ୍ରୀ ନିଜେ ସାମାଜିକ ଗଣମାଧ୍ୟମରେ ସିଧାସଳଖ ଲୋକଙ୍କ ସହ ଯୋଡ଼ି ହୋଇ ସେମାନଙ୍କ ସୁଖଦୁଃଖ ବୁଝିବା ସହ ଆପତ୍ତି, ଅଭିଯୋଗ ଶୁଣିଥା'ନ୍ତି। ମହାରାଷ୍ଟ୍ର, ଉତ୍ତର ପ୍ରଦେଶ, ଗୁଜରାଟ, କର୍ଣ୍ଣାଟକ ଭଳି ରାଜ୍ୟର ପୁଲିସ ସାମାଜିକ ଗଣମାଧ୍ୟମ ଜରିଆରେ ଲୋକଙ୍କ ଅଭିଯୋଗ ବି ଗ୍ରହଣ କଲେଣି।

ଡିଜିଟାଲ ଶାସନ ପ୍ରଣାଳୀ ଏକ ସମ୍ଭାବନାପୂର୍ଣ୍ଣ ବ୍ୟବସ୍ଥା। କିନ୍ତୁ କିଛି ଅନ୍ତରାୟ ଯୋଗୁଁ ଆମ ଦେଶରେ ଏହାର ପୂର୍ଣ୍ଣ ଉପଯୋଗ ହୋଇପାରୁନି। ଏ ଦିଗରେ ଏକ ମୁଖ୍ୟ ସମସ୍ୟା ହେଉଛି ଆମ ଲୋକଙ୍କ ଡିଜିଟାଲ ନିରକ୍ଷରତା। ଗତ କିଛିବର୍ଷ ମଧ୍ୟରେ ଭାରତରେ ଟେଲି ସାନ୍ଦ୍ରତା ଦ୍ରୁତ ଗତିରେ ବଢ଼ିଛି। ସଦ୍ୟତମ ସରକାରୀ ତଥ୍ୟ ଅନୁସାରେ ଆମ ଦେଶରେ ଟେଲି ସାନ୍ଦ୍ରତା ସମ୍ପ୍ରତି ୮୫ ପ୍ରତିଶତ। ଅର୍ଥାତ୍ ପ୍ରତି ୧୦୦ ଲୋକଙ୍କ ମଧ୍ୟରେ ୮୫ ଜଣ ଟେଲିଫୋନ୍ ବ୍ୟବହାର କରନ୍ତି। ଏମାନଙ୍କ ମଧ୍ୟରୁ ୭୫ ପ୍ରତିଶତ ହେଉଛନ୍ତି ସ୍ମାର୍ଟଫୋନ୍ ବ୍ୟବହାରକାରୀ। କିନ୍ତୁ ତନ୍ମଧ୍ୟରୁ ଅଧିକାଂଶ ଲୋକ ଫୋନ୍‌ରେ କଥା ହେବା ଛଡ଼ା ଏହାର ଅନ୍ୟ ଉପଯୋଗୀ ବ୍ୟବହାର ସମ୍ପର୍କରେ ସମ୍ପୂର୍ଣ୍ଣ ଅଜ୍ଞ। ଯେପରିକି ବିଭିନ୍ନ ଆପ୍ ମାଧ୍ୟମରେ ସରକାରୀ ସେବା ପାଇବା ହେଉ ଅବା ସାମାଜିକ ଗଣମାଧ୍ୟମର ବ୍ୟବହାର; ଏ ସବୁ ବିଷୟରେ ସେମାନଙ୍କର ଜ୍ଞାନ ନ ଥାଏ କିମ୍ବା ଏଥିପ୍ରତି ସେମାନେ ଆଗ୍ରହୀ ନ ଥା'ନ୍ତି।

ଏହାଛଡ଼ା ବିଭିନ୍ନ ସାମାଜିକ ଗଣମାଧ୍ୟମରେ ଅଧିକାଂଶ ମନ୍ତ୍ରୀ, ନେତା ଓ ସରକାରୀ ବିଭାଗଗୁଡ଼ିକର ଆକାଉଣ୍ଟ ଥିଲେ ମଧ୍ୟ ସେଗୁଡ଼ିକ ବହୁଦିନ ଧରି ନିଷ୍କ୍ରିୟ କିମ୍ବା କ୍ୱଚିତ୍ ବ୍ୟବହାର ହେଉଥିବା ଦେଖିବାକୁ ମିଳିଥାଏ। ଆଉ କିଛି ସରକାରୀ ବିଭାଗ କେବଳ ଚିରାଚରିତ ନଥିପତ୍ର ଜରିଆରେ କାମ କରିବାକୁ ପ୍ରାଧାନ୍ୟ ଦିଅନ୍ତି। ସାମାଜିକ ଗଣମାଧ୍ୟମରେ ହ୍ୟାକିଂ ଭୟ ମଧ୍ୟ ଅନେକଙ୍କୁ ଏପରି ମାଧ୍ୟମ ବ୍ୟବହାର କରିବା ପାଇଁ ନିବୃତ୍ତ କରିଥାଏ।

ସମ୍ପ୍ରତି ଆମ ଶାସନ ବ୍ୟବସ୍ଥାର ପ୍ରତିସ୍ତରରେ ଦୁର୍ନୀତି ଏକ ବଡ଼ ସମସ୍ୟା ଭାବେ ଉଭା ହୋଇଛି। ସମସ୍ତ ପ୍ରୟାସ ସତ୍ତ୍ୱେ ଦୁର୍ନୀତିର ମୂଳୋତ୍ପାଟନ କରିବା କଷ୍ଟକର ବ୍ୟାପାର ହୋଇପଡ଼ିଛି। ଫଳସ୍ୱରୂପ ସରକାରୀ ଯୋଜନାର ସଫଳ ରୂପାୟନ ଓ ବିକାଶମୂଳକ କାର୍ଯ୍ୟ ବାଧାପ୍ରାପ୍ତ ହେଉଛି। ଏହି ପରିପ୍ରେକ୍ଷୀରେ ଡିଜିଟାଲ ଶାସନ ବ୍ୟବସ୍ଥାର ସଠିକ୍ ଉପଯୋଗ ଏକ ସ୍ୱଚ୍ଛ ତଥା ଦୁର୍ନୀତିମୁକ୍ତ ଶାସନ ସୁନିଶ୍ଚିତ କରିପାରିବ। ଏଥିପାଇଁ ଏକ ଅନୁକୂଳ ପରିବେଶ ସୃଷ୍ଟି କରିବା ସହ ଉନ୍ନତ ତଥା ସୁରକ୍ଷିତ ଡିଜିଟାଲ ଭିତ୍ତିଭୂମି ତିଆରି କରିବାର ଆବଶ୍ୟକତା ରହିଛି। ଏହାଛଡ଼ା ଲେକଙ୍କୁ ଏପରି ଶାସନ ପ୍ରଣାଳୀର ଉପାଦେୟତା ଏବଂ ଏହାର ବ୍ୟବହାର ସମ୍ପର୍କରେ ସଚେତନ କରିବାକୁ ପଡ଼ିବ। ଡିଜିଟାଲ ଶାସନ ବ୍ୟବସ୍ଥାରେ ଡାଟା ସୁରକ୍ଷା ଓ ଗୋପନୀୟତା ଏକ ବଡ଼ ଆହ୍ୱାନ। କାରଣ ଏଭଳି ଶାସନ ପ୍ରଣାଳୀରେ ସରକାରୀ ବିଭାଗଗୁଡ଼ିକର ଗୋପନ ତଥା ସମ୍ବେଦନଶୀଳ ତଥ୍ୟ ପ୍ରଘଟ ହେବାର ଆଶଙ୍କା ରହିଥାଏ। ତେଣେ ଲୋକଙ୍କ ଗୁରୁତ୍ୱପୂର୍ଣ୍ଣ ସୂଚନା ଓ ଗୋପନୀୟତା ମଧ୍ୟ ଚୋରି ହେବାର ବିପଦ ରହିଛି। ଉଭୟ ସରକାରୀ ସଂସ୍ଥା ଓ ଲୋକଙ୍କ ଗୋପନୀୟତା ରକ୍ଷା ପାଇଁ ଦୃଢ଼ ପଦକ୍ଷେପ ନିଆଗଲେ ଏଭଳି ଶାସନ ବ୍ୟବସ୍ଥାର ସୁଫଳ ସାଧାରଣ ଜନତାଙ୍କୁ ସହଜରେ ମିଳିପାରିବ।

ବ୍ରହ୍ମପୁର, ମୋ: ୭୦୦୮୦୭୮୩୯୬

# ତିବ୍ବତରେ ଲାମା

ପ୍ରବୀର କୁମାର ପଟ୍ଟନାୟକ

'ଲାମା' ଶବ୍ଦର ଅର୍ଥ ହେଲା ଉଚ୍ଚତର ପଦମର୍ଯ୍ୟାଦାଯୁକ୍ତ ବା ଊର୍ଦ୍ଧ୍ୱସ୍ଥ ଅଥବା ମଠାଧୀଶ - 'ତାଙ୍କଠାରୁ ଊର୍ଦ୍ଧ୍ୱରେ ଉଚ୍ଚସ୍ଥାନରେ ଆଉ କେହି ନୁହନ୍ତି।' ଏସବୁର ଅର୍ଥ ସଂସ୍କୃତରେ 'ଗୁରୁ'। 'ଗୁରୁ' ହେଉଛନ୍ତି ଯେ ବୌଦ୍ଧଧର୍ମରେ ଶିଷ୍ୟଙ୍କୁ ଦୀକ୍ଷିତ କରିବାର କ୍ଷମତା ରଖିଥିବା ଉଚ୍ଚସ୍ତରର ସନ୍ନ୍ୟାସୀ ସେ ହେଉଛନ୍ତି 'ଲାମା'। 'ଲାମା' କୌଣସି ଅବତାର ପୁରୁଷ ନୁହନ୍ତି କିମ୍ବା ସବୁ ଅବତାର ପୁରୁଷ 'ଲାମା' ନୁହନ୍ତି। ତିବ୍ବତୀୟ, ମଙ୍ଗୋଲୀୟ ଓ ମାଞ୍ଚୁରୀୟ ଧର୍ମଶାସ୍ତ୍ର ଏବଂ ସରକାରୀ ନୀତିନିୟମ 'ଲାମା'ମାନଙ୍କର ଆଧ୍ୟାତ୍ମିକ କ୍ଷମତା, କର୍ତ୍ତୃତ୍ୱ ଏବଂ ଐହିକ ବା ପାର୍ଥିବ ନିରାପତ୍ତା ଆଦି ଧାର୍ଯ୍ୟ କରିଛନ୍ତି।

'ଲାମା' ଅର୍ଥାତ୍ 'ଗୁରୁ' ବା 'ପୁରୋହିତ' ଶବ୍ଦ ତିବ୍ବତରେ ବୌଦ୍ଧ ଧର୍ମର ପ୍ରବେଶ ପୂର୍ବରୁ ପ୍ରଚଳିତ ଥିଲା। ସ୍ଥାନୀୟ 'ବନ୍' ଧର୍ମର ପୁରୋହିତଙ୍କୁ ମଧ୍ୟ 'ଲାମା' କୁହାଯାଉଥିଲା। 'ଲାମା' ଶବ୍ଦର ଐତିହାସିକ ପ୍ରଚଳନ ତିବ୍ବତୀୟ ବ୍ୟାକରଣରେ ମଧ୍ୟ ଦେଖାଯାଏ। ଯେଉଁ ବ୍ୟାକରଣ ହେଉଛି ଖ୍ରୀ ୬୪୦ ବେଳକୁ ଥୋନ୍‌ମି ସମ୍ଭୋଟା ପ୍ରଚଳନ କରିଥିଲେ। ସେଥିରେ ସେ ସମସ୍ତ 'ଲାମା'ଙ୍କୁ ସମ୍ମାନ ଜଣାଇଛନ୍ତି। ଏହି ସବୁ 'ଲାମା' ନିଶ୍ଚିତ ଭାବେ ଭାରତୀୟ 'ଲାମା', ଯେଉଁମାନଙ୍କଠାରୁ ଥୋନ୍‌ମି ଶିକ୍ଷାଲାଭ କରିଥିଲେ ଭାରତରେ।

ତିବ୍ବତରେ କିନ୍ତୁ 'ଲାମା' ଶବ୍ଦ ବା ଚିହ୍ନିତ କରିବାର ଶ୍ରେଣୀ ପ୍ରଥମେ ପଦ୍ମସମ୍ଭବଙ୍କଠାରୁ ଆରମ୍ଭ ହେଲା। ମହାଗୁରୁ ବା ଗୁରୁ ରିନ୍‌ପୋଚେ ଭାବେ ପରିଚିତ ପଦ୍ମସମ୍ଭବ ତିବ୍ବତରୁ 'ବନ୍' ଧର୍ମର ଲାମାମାନଙ୍କୁ ପ୍ରାୟ ମୂଳପୋଛ କରି ଦେଇଥିଲେ। କିନ୍ତୁ ବୌଦ୍ଧ ଧର୍ମର ପ୍ରଚାର, ପ୍ରସାର ଓ ସଂରକ୍ଷଣ ନିମିତ୍ତ ସେ ସ୍ଥାନୀୟ ପୁରୋହିତମାନଙ୍କର ଏକ ସଂଘ ଗଠନ କଲେ। ପ୍ରଥମ କରି ଏହି ସଂଘରେ ମହାଗୁରୁ ପଦ୍ମସମ୍ଭବ ସାତଜଣଙ୍କୁ ଦୀକ୍ଷିତ କରାଇ ଭର୍ତ୍ତି କରାଇଲେ। ଏହି ସାତଜଣ ଦୀକ୍ଷିତ ଶିଷ୍ୟ ହେଲେ ତିବ୍ବତର ପ୍ରଥମ 'ଲାମା'। ଏହି 'ଲାମା' ଓ ତାଙ୍କର ପରବର୍ତ୍ତୀ ଉତ୍ତରାଧିକାରୀ 'ଲାମା'ମାନେ ତିବ୍ବତର ପ୍ରଥମ ରାଷ୍ଟ୍ରୀୟସ୍ତରର ସର୍ବୋଚ୍ଚ ମଣ୍ଡଳୀ ବା କର୍ତ୍ତା ଭାବେ ସ୍ୱୀକୃତ ହେଲେ। ଏପରିକି ରାଷ୍ଟ୍ରୀୟ ମର୍ଯ୍ୟାଦାରେ ରାଜାମାନେ 'ଲାମା'ଙ୍କ ପରବର୍ତ୍ତୀ ପଦବୀର କର୍ମକର୍ତ୍ତା ଭାବେ ଗଣା ଯାଉଥିଲେ।

## ଦ୍ୱିତୀୟ-ବୁଦ୍ଧ କଥା

ଏହିପରି ଭାବେ ତିବ୍ବତରେ ବୌଦ୍ଧ ଧର୍ମ ଗୁରୁ (ଲାମା) ପଦ୍ମସମ୍ଭବଙ୍କଠାରୁ ଆରମ୍ଭ ହେଲା। ସେ ହେଉଛନ୍ତି ତିବ୍ବତୀୟ ବୌଦ୍ଧ ଧର୍ମର ତ୍ରାଣକର୍ତ୍ତା; ସେହିଁ ତିବ୍ବତୀୟ ବୌଦ୍ଧ ଧର୍ମର ଇତିହାସରେ ପ୍ରଥମ 'ଗୁରୁ' ଭାବେ ପରିଚିତ ଓ ପ୍ରତିଷ୍ଠିତ। ଖ୍ରୀ ୮୧୨ ରେ ରାଜହତ୍ୟା ପରେ ପରେ ପରବର୍ତ୍ତୀ ଦୁଇ ଶତାବ୍ଦୀ ପରେ ପୁଣି ବୌଦ୍ଧ ସନ୍ନ୍ୟାସୀମାନେ ପୂର୍ବଭଳି ସମ୍ମାନଜନକ ମୁଖ୍ୟସ୍ରୋତକୁ ଫେରି ଆସିଲେ। ଏହା ପରଠାରୁ ବୌଦ୍ଧ ଧର୍ମରେ ଯେଉଁ ତ୍ରିରତ୍ନ ବୁଦ୍ଧ, ଧର୍ମ, ସଂଘ ଶରଣରେ ବୋଲି କୁହାଯାଉଥିଲା ଏହି ସମୟରେ ତା' ପୂର୍ବରୁ 'ଲାମା ଶରଣେ' କୁହାଗଲା। ପ୍ରାରମ୍ଭିକ କାଳରେ 'ଲାମା ଶରଣେ' କୁ ମୁଖ୍ୟତଃ ଆଧ୍ୟାତ୍ମିକ ଓ ନୈତିକ ଅର୍ଥରେ ବୁଝାଯାଉଥିଲା। 'ଲାମା'ମାନେ ବୌଦ୍ଧ ଧର୍ମଶାସ୍ତ୍ରର ଦାୟିତ୍ୱ ଓ ଶିକ୍ଷାନୁଷ୍ଠାନ ପରିଚାଳନାର ମୁଖ୍ୟଭାବେ ରହୁଥିବାରୁ 'ଲାମା' ସାଧାରଣତଃ ସମାଜରେ ଏକ ପ୍ରତିଷ୍ଠାସମ୍ପନ୍ନ ଓ ସମ୍ମାନାସ୍ପଦ ପଦବୀ ଭାବେ ଗଣ୍ୟ ହେଉଥିଲେ ଏବଂ ତାଙ୍କ ଶରଣରେ ଯିବା ସ୍ୱାଭାବିକ ଥିଲା। ପରବର୍ତ୍ତୀ କାଳରେ ପ୍ରାୟ ଗୋଟିଏ ଶତାବ୍ଦୀ (ଖ୍ରୀ ୧୨୫୦ରୁ) ଧରି ଶାକ୍ୟ ସଂପ୍ରଦାୟର 'ଲାମା'ମାନେ ସରକାର ଅର୍ଥାତ୍ ଶାସନ ଦାୟିତ୍ୱ ମଧ୍ୟ ତୁଲାଇଲେ।

ପଞ୍ଚଦଶ ଶତାବ୍ଦୀ ଆରମ୍ଭ ବେଳକୁ 'ଗେଲୁଗ୍‌ସେର୍ପା' ସଂପ୍ରଦାୟର ଉତ୍ଥାନ ପୂର୍ବରୁ କେନ୍ଦ୍ର ତିବ୍ବତରେ କିଛୁକାଳ 'କର୍ମପା' ଲାମାମାନେ ମଧ୍ୟ ଶାସନ ଦାୟିତ୍ୱ ନିର୍ବାହ କରିଥିଲେ। ଏହି ଗେଲୁଗ୍‌ସେର୍ପା ଗୋଷ୍ଠୀ ଅନ୍ତର୍ଭୁକ୍ତ 'ଦଲାଇଲାମା' ତିବ୍ବତରେ ଖ୍ରୀ ୧୬୪୨-୧୯୫୦ ପର୍ଯ୍ୟନ୍ତ ପ୍ରାୟ ତିନିଶହ ବର୍ଷ ତିବ୍ବତରେ ଶାସନ ଦାୟିତ୍ୱରେ ଥିଲେ ଭାରତ ଆସିବା ପର୍ଯ୍ୟନ୍ତ। ଭାରତରେ ମଧ୍ୟ ନିର୍ବାସିତ ଅବସ୍ଥାରେ ତିବ୍ବତୀୟମାନଙ୍କର ଶାସନ ମୁଖ୍ୟ ଭାବେ ଦଲାଇଲାମା ହିଁ ରହିଛନ୍ତି। ତିବ୍ବତରେ ବୌଦ୍ଧଧର୍ମର ବିଭିନ୍ନ ସଂପ୍ରଦାୟ ରହିଛନ୍ତି। ଏଣୁ ଏହି ନିର୍ଦ୍ଦିଷ୍ଟ ସଂପ୍ରଦାୟ ହାତରେ ଶାସନ ଦାୟିତ୍ୱ ରହିବା କାଳରେ ସେମାନେ ସବୁ ବିଭିନ୍ନ ପ୍ରକାର ସୁଖ ସ୍ୱାଚ୍ଛନ୍ଦ୍ୟ ତଥା ସୁବିଧା ସୁଯୋଗ ଓ ନିରାପତ୍ତା ଭୋଗ କରିବା ଫଳରେ ସଂପ୍ରଦାୟ ସଂପ୍ରଦାୟ ମଧ୍ୟରେ ସଂଘର୍ଷ ଉପୁଜିବା ସହ ତିକ୍ତ ସଂପର୍କ ରହୁଥିଲା।

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

ସକାଳ
THE SAKALA
ଶନିବାର
୩୦ ଅଗଷ୍ଟ, ୨୦୨୫



# କେବେ ମିଳିବ ସ୍ୱାବଲମ୍ବନ କାର୍ଡ?

## ଅପେକ୍ଷାରେ ଦେଢ଼ ଲକ୍ଷରୁ ଊର୍ଦ୍ଧ୍ୱ ଦିବ୍ୟାଙ୍ଗ

ଭୁବନେଶ୍ୱର,୨୯।୮(ସମିସ): ରାଜ୍ୟର ଲକ୍ଷାଧିକ ଦିବ୍ୟାଙ୍ଗ ୟୁନିକ୍ ଡିଜାବିଲିଟି ଆଇଡି (ସ୍ୱାବଲମ୍ବନ କାର୍ଡ) ପାଇଁ ଆବେଦନ କରି ଚାହିଁ ବସିଛନ୍ତି। କିନ୍ତୁ ଏହି କାର୍ଡ ମିଳି ପାରୁ ନ ଥିବାରୁ ଦିବ୍ୟାଙ୍ଗମାନେ ଯୋଗ୍ୟ ଥାଇ ମଧ୍ୟ ବିଭିନ୍ନ ପ୍ରକାର ସରକାରୀ ସୁବିଧାସୁଯୋଗରୁ ବଞ୍ଚିତ ହେଉଛନ୍ତି। ଚିନ୍ତାଜନକ କଥା ହେଲା ଡିଜାବିଲିଟି ସଂଖ୍ୟା ଦୃଷ୍ଟିରୁ ଦେଶରେ ଓଡ଼ିଶା ବିଭିନ୍ନ ରାଜ୍ୟଠାରୁ ତଳେ ରହିଛି। ମାତ୍ର ଏହି କାର୍ଡ ଆବେଦନ ପଡ଼ି ରହିବାରେ ସଂଖ୍ୟା ଦୃଷ୍ଟିରୁ ଓଡ଼ିଶା ତୃତୀୟ ସ୍ଥାନରେ ରହିଛି। ସାମାଜିକ ନ୍ୟାୟ ଏବଂ ସଶକ୍ତୀକରଣ ମନ୍ତ୍ରଣାଳୟର ତଥ୍ୟ ଅନୁଯାୟୀ, ସାରା ଦେଶରେ ଏହି ପରିଚୟପତ୍ର ପାଇଁ ପ୍ରାୟ ୧.୪୭ କୋଟି ଆବେଦନ ପଡ଼ି ରହିଛି। ଏଥିରେ ଓଡ଼ିଶାରୁ ୧,୭୮,୭୨୮ ଆବେଦକ ରହିଛନ୍ତି। ଉତ୍ତର ପ୍ରଦେଶ ଓ ମହାରାଷ୍ଟ୍ର ପରେ ଓଡ଼ିଶା ତାଲିକାରେ ତୃତୀୟ ସ୍ଥାନରେ ରହିଛି।

ସାମାଜିକ ନ୍ୟାୟ ଏବଂ ସଶକ୍ତୀକରଣ ମନ୍ତ୍ରଣାଳୟର ଭିନ୍ନକ୍ଷମ ବ୍ୟକ୍ତି ସଶକ୍ତୀକରଣ ବିଭାଗ ଦିବ୍ୟାଙ୍ଗମାନଙ୍କ ପାଇଁ ଏକ ଜାତୀୟ ଡାଟାବେସ୍ ତିଆରି କରିବା ଉପରେ ଗୁରୁତ୍ୱ ଦେଉଛି। ଏଥିପାଇଁ ପ୍ରତ୍ୟେକ ଭିନ୍ନକ୍ଷମ ବ୍ୟକ୍ତିଙ୍କୁ 'ୟୁଡିଆଇଡି' କାର୍ଡ ପ୍ରଦାନ କରାଯାଉଛି। ଏଥିପାଇଁ 'ଅକ୍ଷମ ବ୍ୟକ୍ତିଙ୍କ ପାଇଁ ଅନନ୍ୟ ଆଇଡି' ଭାବରେ ଏକ ପ୍ରକଳ୍ପ ମଧ୍ୟ କାର୍ଯ୍ୟକାରୀ ହେଉଛି। ଏହି ପ୍ରମୁଖ ପଦକ୍ଷେପ ୨୦୧୬ ମସିହାରୁ ଆରମ୍ଭ ହୋଇଥିବା ବେଳେ ସେବେଠାରୁ, ରାଜ୍ୟରେ ୮ଲକ୍ଷ ୬୦ହଜାର ୮୦ଟି ଅନନ୍ୟ ଭିନ୍ନକ୍ଷମ ପରିଚୟପତ୍ର ଜାରି ହୋଇଛି। ୨୦୧୧ ଜନଗଣନା ଅନୁଯାୟୀ, ରାଜ୍ୟରେ ୧୨.୪୪ ଲକ୍ଷ ଦିବ୍ୟାଙ୍ଗ ଅଛନ୍ତି ଏବଂ ଏହି ଜନସଂଖ୍ୟାର ୧୦.୪୪ ପ୍ରତିଶତ ଲୋକ ବହୁବିଧ ଅକ୍ଷମତାର ସମ୍ମୁଖୀନ ହେଉଛନ୍ତି। ଏହି କାର୍ଡ ଭିନ୍ନକ୍ଷମ ବ୍ୟକ୍ତିମାନଙ୍କୁ ସରକାରୀ ସୁବିଧା ସହିତ ଯାତ୍ରା କ୍ଷେତ୍ରରେ ରିହାତି ପ୍ରଦାନ କରୁଥିବାରୁ ବିଭିନ୍ନ ରାଜ୍ୟର ଦିବ୍ୟାଙ୍ଗମାନେ ଏହି କାର୍ଡକୁ ଗୁରୁତ୍ୱ ଦେଉଥାନ୍ତି। ଏହା 'ୟୁଡିଆଇଡି' ପୋର୍ଟାଲ୍ ମାଧ୍ୟମରେ ଆବେଦନ ଓ ବିଭାଗୀୟ ଅଧିକାରୀଙ୍କ ଅନୁମୋଦନ ପରେ ହିଁ କାର୍ଡ ମିଳିଥାଏ। ମାନୁଆଲ୍ ମୋଡ୍‌ରେ ଜାରି କରାଯାଉଥିବା ପ୍ରମାଣପତ୍ରଗୁଡ଼ିକ ଆଉ ଗ୍ରହଣୀୟ ହେଉନଥିବାରୁ ଏହାର ଗୁରୁତ୍ୱ ଅଧିକ ବଢ଼ିଯାଇଛି। ଏମିତିକି, ସରକାରୀ ଯୋଜନାର ବିଭିନ୍ନ ସୁବିଧା ପାଇବା ପାଇଁ ଗତବର୍ଷ ସେପ୍ଟେମ୍ବରରୁ ଏହି ପରିଚୟପତ୍ରକୁ ବାଧ୍ୟତାମୂଳକ କରାଯାଇଥିବାରୁ ଅନେକ ଦିବ୍ୟାଙ୍ଗଙ୍କ ପାଇଁ ସମସ୍ୟା ଆହୁରି ବଢ଼ିଯାଇଛି। ୟୁଡିଆଇଡି କାର୍ଡ ସୃଷ୍ଟି କରିବା ପାଇଁ ଆବେଦନକାରୀଙ୍କ ମଧ୍ୟରେ ସବୁଠୁ ଅଧିକ ଆବେଦନ ରାଜ୍ୟର ୧୦ଟି ଜିଲ୍ଲାରେ ପଡ଼ିରହିଛି। ଏଥିରେ କଟକ, ବାଲେଶ୍ୱର, ଭଦ୍ରକ, ବଲାଙ୍ଗୀର, ଗଞ୍ଜାମ, ଜଗତସିଂହପୁର, କେନ୍ଦୁଝର, ନୟାଗଡ଼, ନୂଆପଡ଼ା ଏବଂ ରାୟଗଡ଼ା ଆଦି ଜିଲ୍ଲା ରହିଛି।

# ସ୍ୱାମୀ ଆଖି ଆଗରେ ଚାଲିଗଲା ସ୍ତ୍ରୀର ଜୀବନ

ବଣାଇଁ,୨୯।୮(ସମିସ): ବଣାଇଁ ଉପଖଣ୍ଡ ଟିକାୟତପାଲି ଥାନା ଅନ୍ତର୍ଗତ ୧୪୩ ନମ୍ବର ଜାତୀୟ ରାଜପଥର ଟୁନିଆପାଲି ଛକ ନିକଟରେ ପିକ୍‌ଅପ୍ ଭ୍ୟାନ୍ ଧକ୍କାରେ ସ୍ୱାମୀ ଆହାତ ହୋଇଥିବା ବେଳେ ସ୍ତ୍ରୀଙ୍କ ମୃତ୍ୟୁ ହୋଇଛି। ମୃତକ ଦଲକି ଗ୍ରାମର ମେଞ୍ଜି ଗାଗରାଇ(୩୦) ବୋଲି ଜଣାପଡ଼ିଛି। ସୂଚନାନୁଯାୟୀ, ଗୁରୁବାର ଦଲକି ଗ୍ରାମର ବିରେନ୍ଦ୍ର ଗାଗରାଇ (୩୪)ଓ ତାଙ୍କର ପତ୍ନୀ ମେଞ୍ଜି ଗାଗରାଇ (୩୦) ଏକ ବାଇକ ଯୋଗେ ବଣାଇଁଗଡ ସହରକୁ ଆସିଥିଲେ। ଘର ସାମଗ୍ରୀ କିଣି ନିଜ ଗାଁକୁ ଫେରିବା ବେଳେ ଟୁନିଆପାଲି ଛକ ନିକଟରେ ରାସ୍ତା କଡରେ ଛିଡା ହୋଇଥିଲେ। ଏହି ସମୟରେ ପିକ୍‌ଅପ୍ ଭ୍ୟାନ(ଓଆର୦ ବିକେ ୭୩୪୦) ଆସି ସେମାନଙ୍କୁ ଧକ୍କା ଦେଇଥିଲା। ଫଳରେ ବାଇକ୍‌ରେ ବସିଥିବା ଦମ୍ପତି ବାଇକରୁ ଛିଟିକି ପଡି ଆହତ ହୋଇଥିଲେ। ଖବରପାଇ ଟିକାୟତପାଲି ପୁଲିସ ପହଞ୍ଚି ଉଭୟଙ୍କୁ ଉଦ୍ଧାର କରି ବଣାଇଁ ଉପଖଣ୍ଡ ଚିକିତ୍ସାଳୟରେ ଚିକିତ୍ସା ପାଇଁ ଭର୍ତ୍ତି କରିଥିଲେ। ଡ଼ାକ୍ତର ସେଠାରେ ମହିଳଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଶବ ଜବତ କରି ବ୍ୟବଛେଦ ନିମନ୍ତେ ପଠାଇବା ସହ ଘଟଣାର ତଦନ୍ତ କରୁଥିବା ଜଣାପଡିଛି।

**ବିଦ୍ୟାଳୟରେ ଛାତ୍ରୀଙ୍କୁ ଅସଦାଚରଣ**

# ସଂସ୍କୃତ ଶିକ୍ଷକ ନିଲମ୍ବିତ

ରାଉରକେଲା/ବଣାଇଁ,୨୯।୮(ସମିସ): ଗୁରୁ-ଶିଷ୍ୟ ମଧ୍ୟରେ ଥିବା ପବିତ୍ର ସମ୍ପର୍କରେ ପୁଣି ଲାଗିଛି କଳଙ୍କ। ସୁନ୍ଦରଗଡ଼ ଜିଲ୍ଲା ଗୁରୁଣ୍ଡିଆ ବ୍ଲକ୍‌ର ଏକ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଛାତ୍ରୀମାନଙ୍କୁ ଅସଦାଚରଣ କରିବା ଅଭିଯୋଗରେ ଜଣେ ସଂସ୍କୃତ ଶିକ୍ଷକଙ୍କୁ ନିଲମ୍ବିତ କରାଯାଇଛି। ଘଟଣାକୁ ନେଇ ଗତ ୨୦ ତାରିଖରୁ ଥାନାରେ ଅଭିଯୋଗ ହୋଇଥିଲେ ମଧ୍ୟ ୧୧ଦିନ ପରେ ଶୁକ୍ରବାର ଲୋକଲୋଚନକୁ ଆସିଛି।

ସୂଚନାନୁଯାୟୀ, ଗୁରୁଣ୍ଡିଆ ବ୍ଲକ୍ ଅନ୍ତର୍ଗତ ଏକ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଗତ ଅଗଷ୍ଟ ୧୬ରେ ଜଣେ ନବମ ଶ୍ରେଣୀ ଛାତ୍ରୀଙ୍କୁ ଶାଗ ତୋଳିବାକୁ କହି ବିଦ୍ୟାଳୟ ପଛପଟକୁ ଡାକିନେଇ ସେଠାରେ ସ୍କୁଲର ସଂସ୍କୃତ ଶିକ୍ଷକ ଅସଦାଚରଣ କରିଥିଲେ। ଏ ବିଷୟରେ ଛାତ୍ରୀଜଣକ ପ୍ରତିବାଦ କରିବା ସହ ସାଙ୍ଗମାନଙ୍କୁ ଜଣାଇବା ପରେ ଆଉ ୭ଜଣ ଛାତ୍ରୀଙ୍କୁ ମଧ୍ୟ ସମ୍ପୃକ୍ତ ସଂସ୍କୃତ ଶିକ୍ଷକ ବିଦ୍ୟାଳୟ ପରିସରରେ ଅନୁରୂପ ଭାବେ ଅସଦାଚରଣ କରିଥିବା ସାମ୍ନାକୁ ଆସିଥିଲା। ଏବେ ଛାତ୍ରୀଙ୍କ ଅଭିଭାବକ ଜାଣିବା ପରେ ଗତ ୧୮ ତାରିଖରେ ୧୦ରୁ ୧ ଜଣ ଅଭିଭାବକ ବିଦ୍ୟାଳୟର କମିଟି ଓ ପ୍ରଧାନ ଶିକ୍ଷୟିତ୍ରୀଙ୍କ ନିକଟରେ ଅଭିଯୋଗ କରିବା ସହ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଥିଲେ। ନଚେତ୍ ଉଚ୍ଚପଦସ୍ଥ ଅଧିକାରୀଙ୍କୁ ଜଣାଇବେ ବୋଲି ଚେତାବନୀ ଦେଇଥିଲେ। ପରେ ପ୍ରଧାନଶିକ୍ଷୟିତ୍ରୀ ନିର୍ମଳା ସିନ୍ଦୁର ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ଏନେଇ ଲିଖିତ ଭାବେ ଜଣାଇବା ପରେ ଜିଲ୍ଲା ଶିକ୍ଷା ଅଧିକାରୀ ସାରଙ୍ଗଧର ବରିହା ୪ଜଣ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କୁ ନେଇ ଏକ ତଦନ୍ତ କମିଟି ଗଠନ କରି ଘଟଣାର ତଦନ୍ତ ପାଇଁ ନିର୍ଦ୍ଦେଶ ଦେଇଥିଲେ। ତଦନ୍ତକାରୀ ଅଧିକାରୀମାନେ ପୀଡ଼ିତା ଛାତ୍ରୀ ଓ ସମସ୍ତ ଶିକ୍ଷକମାନଙ୍କର ବୟାନ ରେକର୍ଡ କରି ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ରିପୋର୍ଟ ପ୍ରଦାନ କରିଥିଲେ। ରିପୋର୍ଟକୁ ଆଧାର କରି ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ବରିହା ଗତ ୨୦ ତାରିଖରେ ପ୍ରଧାନ ଶିକ୍ଷୟିତ୍ରୀଙ୍କୁ ଶିକ୍ଷକଙ୍କ ନାମରେ ଗୁରୁଣ୍ଡିଆ ଥାନାରେ ଏତଲା ଦେବାକୁ ନିର୍ଦ୍ଦେଶ ଦେବା ସହ ସମ୍ପୃକ୍ତ ସଂସ୍କୃତ ଶିକ୍ଷକଙ୍କୁ ନିଲମ୍ବନ କରିଥିଲେ।

ଡିଇଓଙ୍କ ନିର୍ଦ୍ଦେଶକ୍ରମେ ପ୍ରଧାନ ଶିକ୍ଷୟିତ୍ରୀ ଗୁରୁଣ୍ଡିଆ ଥାନାରେ ସଂସ୍କୃତ ଶିକ୍ଷକଙ୍କ ନାମରେ ଗତ ୨୦ ତାରିଖରେ ଏତଲା ଦେବା ସହ ନିଲମ୍ବନ ଚିଠିର ଏକ ନକଲ ମଧ୍ୟ ପ୍ରଦାନ କରିଥିଲେ। ନିଲମ୍ବନ ପରେ ଗୁରୁଣ୍ଡିଆ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ ସମ୍ପୃକ୍ତ ସଂସ୍କୃତ ଶିକ୍ଷକ ଯୋଗଦେଇ ଗିରଫ ହେବା ଭୟରେ ଛୁଟିରେ ନିଜ ଗାଁ ବଲାଙ୍ଗୀରକୁ ଚାଲି ଯାଇଥିବା ସୂଚନା ମିଳିଛି। ସେପଟେ ଗୁରୁଣ୍ଡିଆ ଥାନାରେ ଏତଲା ଦିଆଯିବା ପରେ ଥାନା ଅଧିକାରୀ ରାମେଶ୍ୱର ସିଂହ ଏନେଇ ସମ୍ପୃକ୍ତ ସଂସ୍କୃତ ଶିକ୍ଷକଙ୍କ ନାମରେ ଅସଦାଚରଣ ଓ ପୋକ୍ସୋ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛନ୍ତି। ତେବେ ଘଟଣାକୁ ୧୧ ଦିନ ବିତିଯାଇଥିଲେ ମଧ୍ୟ ଏପରି ଏକ ସମ୍ବେଦନଶୀଳ ମାମଲାରେ ପୁଲିସର କାର୍ଯ୍ୟାନୁଷ୍ଠାନ ଆଖିଦୃଶିଆ ନଥିବାରୁ ବୁଦ୍ଧିଜୀବୀ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି।

# ଲାଞ୍ଚ, ଦୁର୍ନୀତି ମାମଲାରେ ୨ କର୍ମଚାରୀଙ୍କୁ ସଜା

**ଟାଉନ୍ ପ୍ଲାନରଙ୍କୁ ୩ ବର୍ଷ, ସହାୟକ ଯନ୍ତ୍ରୀଙ୍କୁ ୨ବର୍ଷ ଜେଲ୍**

ଭୁବନେଶ୍ୱର,୨୯।୮(ସମିସ): ଗୋଟିଏ ଦିନରେ ୨ଜଣ ସରକାରୀ କର୍ମଚାରୀଙ୍କୁ ଜେଲ୍‌ଦଣ୍ଡ ମିଳିଛି। ଲାଞ୍ଚ ମାମଲାରେ ଭୁବନେଶ୍ୱର ବିଡିଏର ପୂର୍ବତନ କନିଷ୍ଠ ଟାଉନ୍ ପ୍ଲାନର୍ କୁଶଲ ଚନ୍ଦ୍ର ଚାଟାର୍ଜୀଙ୍କୁ ୩ ବର୍ଷ ଜେଲ୍‌ଦଣ୍ଡ ସହ ଜରିମାନା ଶୁଣାଇଛନ୍ତି କୋର୍ଟ। ପ୍ରମାଣ ଏବଂ ସାକ୍ଷ୍ୟ ଆଧାରରେ ଭୁବନେଶ୍ୱର ସ୍ପେଶାଲ ଭିଜିଲାନ୍ସ କୋର୍ଟ ଏହି ରାୟ ଶୁଣାଇଛନ୍ତି। ଜଣେ ଅଭିଯୋଗକାରୀଙ୍କ ଫ୍ଲାଟ୍ ଉପରେ ଆବାସିକ ଘର କରିବା ପାଇଁ ପ୍ଲାନ୍ ଅନୁମୋଦନ ପାଇଁ ସେ ଲାଞ୍ଚ ମାଗିଥିଲେ। ଏନେଇ ଅଭିଯୋଗକାରୀ ଭିଜିଲାନ୍ସ ଅଧିକାରୀଙ୍କୁ ଜଣାଇବା ପରେ କୁଶଲଚନ୍ଦ୍ରଙ୍କୁ ଧରିବା ପାଇଁ ଜାଲ ବିଛାଇଥିଲା ଭିଜିଲାନ୍ସ। ସେ ଅଫିସ୍ ଭିତରେ ଲାଞ୍ଚ ନେବା ସମୟରେ ଭିଜିଲାନ୍ସ ତାଙ୍କୁ ଗିରଫ କରିଥିଲା। ସେହିପରି କେନ୍ଦୁଝର ଜିଲ୍ଲା ଚମ୍ପୁଆ ବ୍ଲକ୍‌ର ପୂର୍ବତନ ସହାୟକ ଯନ୍ତ୍ରୀ ଗୌରହରି ସାହୁଙ୍କୁ କେନ୍ଦୁଝର ଭିଜିଲାନ୍ସ କୋର୍ଟ ୨ବର୍ଷ ଜେଲ୍‌ଦଣ୍ଡ ସହ ଜରିମାନା ଲଗାଇଛନ୍ତି। ତାଙ୍କ ନାମରେ ଥିବା ପ୍ରମାଣ ଏବଂ ସାକ୍ଷ୍ୟ ବଳରେ କୋର୍ଟ ଏହି ରାୟ ଶୁଣାଇଛନ୍ତି। ଚମ୍ପୁଆ ବ୍ଲକ୍‌ର ମନରେଗା ସ୍କିମ୍‌ରେ ରାସ୍ତା କାମ ପାଇଁ ଆସୁଥିବା ଅର୍ଥକୁ ହେର୍‌ଫେର୍ କରିଥିଲେ। ଏନେଇ ଭିଜିଲାନ୍ସରେ ଅଭିଯୋଗ ହେବା ପରେ ଏହାର ପ୍ରାଥମିକ ଯାଞ୍ଚ କରାଯାଇଥିଲା। ଯାଞ୍ଚରୁ ସତ୍ୟାସତ ଜଣାପଡ଼ିବା ପରେ ତାଙ୍କୁ ଗିରଫ କରାଯାଇଥିଲା।

# ୧ରେ ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ବନ୍ଦ

ଭୁବନେଶ୍ୱର,୨୯।୮(ସମିସ): ଆସନ୍ତା ସେପ୍ଟେମ୍ବର ୧ତାରିଖ (ସୋମବାର) ଦିନ 'ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି' ବନ୍ଦ ରହିବ। ମୁଖ୍ୟମନ୍ତ୍ରୀଙ୍କ ଅନ୍ୟାନ୍ୟ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ଥିବାରୁ ଆସନ୍ତା ସୋମବାର ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ ରହିବ। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ସମ୍ବାଦପତ୍ର ତଥା ଅନ୍ୟ ଗଣମାଧ୍ୟମ ଜରିଆରେ ଜଣାଇ ଦିଆଯିବ। ଏ ସଂପର୍କରେ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

# ୩ରେ ଶ୍ରୀମନ୍ଦିର ପରିଚାଳନା କମିଟି ବୈଠକ

ଭୁବନେଶ୍ୱର,୨୯।୮(ସମିସ): ଆସନ୍ତା ୩ ତାରିଖରେ ନବଗଠିତ ଶ୍ରୀମନ୍ଦିର ପରିଚାଳନା କମିଟିର ପ୍ରଥମ ବୈଠକ ଅନୁଷ୍ଠିତ ହେବ। ଶ୍ରୀମନ୍ଦିର ପରିଚାଳନା କମିଟିର ସ୍ଥାୟୀ ସଭାପତି ଗଜପତି ମହାରାଜାଙ୍କ ଅଧ୍ୟକ୍ଷତାରେ ବୈଠକ ଅନୁଷ୍ଠିତ ହେବ ବୋଲି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଆଜି ସୂଚନା ଦେଇଛନ୍ତି। ମିଳିଥିବା ସୂଚନା ଅନୁଯାୟୀ, ବୈଠକରେ ଆସନ୍ତା ୧୫ ତାରିଖରେ ନାଟମଣ୍ଡପ ଧାଡ଼ିଦର୍ଶନ ବ୍ୟବସ୍ଥା ଲାଗୁ ନେଇ ବିସ୍ତୃତ ଆଲୋଚନା ସହ ରୂପରେଖ ପ୍ରସ୍ତୁତ ହୋଇପାରେ। ରତ୍ନଭଣ୍ଡାରର ଅଳଙ୍କାର ସ୍ଥାନାନ୍ତରଣ ଓ ଗଣତିମଣତି ନେଇ ମଧ୍ୟ ବୈଠକରେ ଆଲୋଚନା ହେବାର ଯଥେଷ୍ଟ ସମ୍ଭାବନା ରହିଛି। ସେପ୍ଟେମ୍ବର ୨ ତାରିଖରେ ଛତିଶା ନିଯୋଗ ବୈଠକ ଅନୁଷ୍ଠିତ ହେବ। ପରଦିନ ଅର୍ଥାତ୍ ୩ ତାରିଖରେ ଚନ୍ଦ୍ର ଗ୍ରହଣ ନୀତିନିର୍ଘଣ୍ଟକୁ ନୂତନ ପରିଚାଳନା କମିଟି ମୋହର ମାରିବ ବୋଲି ଜଣାପଡ଼ିଛି। ସୂଚନାଯୋଗ୍ୟ ଯେ ବାରମ୍ବାର ପ୍ରତିଶ୍ରୁତି ସତ୍ତ୍ୱେ ରାଜ୍ୟ ସରକାର ଏଯାବତ୍ ଶ୍ରୀମନ୍ଦିରରେ ଦାଡ଼ି ଦର୍ଶନ ବ୍ୟବସ୍ଥା ଆରମ୍ଭ କରିପାରି ନାହାନ୍ତି।


**WALK-IN-INTERVIEW**

Educated, well-mannered, & Smart Male/Female required for the role of Receptionist / Tele-Caller at an Automobile Detailing Workshop. Prior Experience / Knowledge of Detailing Work shall be given preference. Salary negotiable.

Interview timings: **Dt. 31.08.2025 (Sunday) between 10:00 AM to 01:00 PM.**

Candidates are advised to contact the day prior and carry their Resume before coming for Interview.

**Contact: Odisha Detailing Empire, Near Twin City Gate No.1, Trisulia-Baranga Road, Baranga, Cuttack.**

**Mobile No: +91 83288 51843**


# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ୧୧ ଶ୍ରଦ୍ଧାଳୁ...

ସେହିପରି ରୁଦ୍ରପ୍ରୟାଗର ଜଖୋଲିର କୋଠା ଭୁଶୁଡିବା କାରଣରୁ ଜଣେ ମହିଳା ମୃତ୍ୟୁବରଣ କରିଛନ୍ତି। ୪ ଜଣ ନେପାଳୀ ଓ ୪ ଜଣ ସ୍ଥାନୀୟ ଲୋକଙ୍କ ସହ ୮ ଜଣ ଶ୍ରମିକ ଆବର୍ଜନା ତଳେ ଦବି ରହିଛନ୍ତି। ରୁଦ୍ରପ୍ରୟାଗରେ ଆବର୍ଜନା ତଳେ ଫସି ରହିଥିବା ୭୦ରୁ ଊର୍ଦ୍ଧ୍ୱ ଲୋକଙ୍କୁ ଉଦ୍ଧାର କରାଯାଇଛି। ଅଲକାନନ୍ଦା ଓ ମନ୍ଦାକିନୀ ନଦୀରେ ଜଳସ୍ତର ବିପଜ୍ଜନକ ସ୍ଥିତିରେ ରହିଛି। ଜନବସତି ଅଞ୍ଚଳରେ ପାଣି ପଶିଛି ଓ ବନ୍ୟାଭଳି ସ୍ଥିତି ସୃଷ୍ଟି ହୋଇଛି। ସେହିପରି ଚମୋଲିରେ କେତୋଟି ପରିବାର ଆବର୍ଜନା ତଳେ ଫସି ରହିଥିବା ଆଶଙ୍କା କରାଯାଉଛି। ସାରା ଦେଶରେ ମୌସୁମୀ ବର୍ଷା କାରଣରୁ ନାହି ନଥିବା ସ୍ଥିତି ସୃଷ୍ଟି ହୋଇଛି। ଜମ୍ମୁ ଓ ପଞ୍ଜାବରେ ବନ୍ୟା ଯୋଗୁ ଫସି ରହିଥିବା ଲୋକଙ୍କୁ ହେଲିକପ୍ଟର ଦ୍ୱାରା ଉଦ୍ଧାର କରାଯାଇଛି। ବର୍ଷା ଯୋଗୁ ଦିଲ୍ଲୀର ଏକାଧିକ ଅଞ୍ଚଳରେ ପାଣି ଭରି ରହିଛି। ଦିଲ୍ଲୀର ସଡକ ଗୁଡିକ ମଧ୍ୟ ଜଳମଗ୍ନ ହୋଇଛି। ପଞ୍ଜାବରେ ବନ୍ୟା ଯୋଗୁଁ ୬ ଜଣ ଲୋକ ମୃତ୍ୟୁ ବରଣ କରିଥିବା ବେଳେ ୩ ଜଣ ନିଖୋଜ ରହିଛନ୍ତି। ଉତ୍ତରାଖଣ୍ଡର ରୁଦ୍ରପ୍ରୟାଗ, ଚମୋଲି, ଡେରାଡୁନ୍ ଓ ବାଗେଶ୍ୱରରେ ରେଡ ଆଲର୍ଟ ଜାରି କରାଯାଇଛଇ। ଗତ ୨୧ ଦିନରେ କେବଳ ବାଦଲ ଫଟା ବର୍ଷା କାରଣରୁ ୩ଟି ରାଜ୍ୟରେ ୮୦ଜଣ ଲୋକ ମୃତ୍ୟୁବରଣ କରିଛନ୍ତି।

### ସମ୍ପର୍କ ସୁଧାରିଛି...

ଭାରତର ସ୍ଥିତିକୁ ଦୁର୍ବଳ କରିବା ପାଇଁ ଟ୍ରମ୍ପ କରୁଥିବା ପ୍ରୟାସକୁ ନେଇ କେନ୍ଦ୍ର ସରକାର ଅସନ୍ତୋଷ ପ୍ରକାଶ କରିଥିଲେ। ଏହା ପରେ ଭାରତ ଉପରେ ୫୦ ପ୍ରତିଶତ ଶୁଳ୍କ ଲଗାଇ ଟ୍ରମ୍ପ ବିବାଦକୁ ଆହୁରି ବଢ଼ାଇ ଥିଲେ। ଏହି ଦୁଇ ନିଷ୍ପତ୍ତି ପାଇଁ ଭାରତ ବିକଳ୍ପ ପନ୍ଥା ଆପଣାଇ ଥିଲା। ଜୁନ୍‌ରେ ଚୀନ୍ ପକ୍ଷରୁ ଆରମ୍ଭ କରାଯାଇଥିବା ପଦକ୍ଷେପକୁ ଭାରତ ଗୁରୁତ୍ୱର ସହ ନେଇଥିଲା। ଏହାର ଜବାବ ଦେବା ଆରମ୍ଭ କରିଦେଇଥିଲା। ଏହା ପରେ ସ୍ଥିତି ଦ୍ରୁତଗତିରେ ବଦଳି ଯାଇଥିଲା। ୨୦୨୦ର ଗଲୱାନ ସଂଘର୍ଷକୁ ଭୁଲାଇ ଆଗକୁ ବଢ଼ିବା ପାଇଁ ଅଗଷ୍ଟରେ ଭାରତ ଏବଂ ଚୀନ୍ ରାଜି ହୋଇଥିଲେ। ସୀମା ବିବାଦର ସମାଧାନ ଲାଗି ପ୍ରୟାସକୁ ଜୋରଦାର କରିଥିଲେ। ଏବେ ମୋଦୀ ଚୀନ୍ ଗସ୍ତରେ ଯାଉଛନ୍ତି। ରିପୋର୍ଟରେ କୁହାଯାଇଛି ଯେ ଟ୍ରମ୍ପଙ୍କ ଶୁଳ୍କ ପୂର୍ବରୁ ମଧ୍ୟ ଭାରତ ଏବଂ ଚୀନ୍ ଆଲୋଚନା କରିଥିଲେ। ଗତ ବର୍ଷ ଲଦାଖରେ ଜାରି ଗତିରୋଧକୁ ହ୍ରାସ କରିବା ପାଇଁ ଚୁକ୍ତି ସ୍ୱାକ୍ଷର କରିଥିଲେ। ଏହି ଚୁକ୍ତି ଦ୍ୱାରା ମୋଦୀ ଏବଂ ଜିନପିଙ୍ଗଙ୍କ ପ୍ରତ୍ୟକ୍ଷ ସାକ୍ଷାତର ମାର୍ଗ ପ୍ରଶସ୍ତ ହୋଇଥିଲା। ଏସ୍‌ସିଓ ସମ୍ମିଳନୀରେ ମୋଦୀ ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ସହିତ ଜିନପିଙ୍ଗଙ୍କୁ ଭେଟିବେ। ଏହି ସାକ୍ଷାତ ଆଲୋଚନା ଉପରେ ଆମେରିକା ତୀକ୍ଷଣ ଦୃଷ୍ଟି ରଖିଛି। କାରଣ ଏହା ଆମେରିକା ପାଇଁ ଚିନ୍ତାର ବିଷୟ ପାଲଟିପାରେ।

### ତୃଣମୂଳରୁ ଶକ୍ତିଶାଳୀ...

ନବୀନ ଦୁଇ ସଙ୍ଗଠନର ନେତାମାନଙ୍କୁ ପରାମର୍ଶ ଦେଇଛନ୍ତି । ପ୍ରତିଭାଦୀପ୍ତ ଯୁବ ନେତାମାନଙ୍କୁ ଦଳ ସବୁବେଳେ ଗୁରୁତ୍ୱ ଦେଇ ଆସିଛି, ତେଣୁ ସମର୍ପିତ ଭାବ ନେଇ କାର୍ଯ୍ୟ କରୁଥିବା ସମସ୍ତଙ୍କ ପାଇଁ ଦଳରେ ସୁଯୋଗ ରହିଛି ବୋଲି ଏହି ଅବସରରେ ନବୀନ ଏକ ବାର୍ତ୍ତା ଦେଇଛନ୍ତି । ଏହା ସହ ବିନମ୍ର ଓ ଶାଳୀନ ହୋଇ ଏକାଠି କାମ କରିବା ସହ ସାମ୍ପ୍ରତିକ ସମୟରେ ସାଧାରଣ ଲୋକ, ଯୁବ ଓ ଛାତ୍ରବର୍ଗ ସମ୍ମୁଖୀନ ହେଉଥିବା ସମସ୍ୟାକୁ ଅଗ୍ରାଧିକାର ଦେଇ ତାହାର ସମାଧାନ କରିବାକୁ ମଧ୍ୟ ନବୀନ ପରାମର୍ଶ ଦେଇଛନ୍ତି ।

ନବୀନଙ୍କ ଡ଼କରା ପାଇଁ ନବୀନ ନିବାସରେ ପହଞ୍ଚିଥିବା ଯୁବ ଓ ଛାତ୍ର ବିଜେଡିର ସଭାପତି ଓ ଅନ୍ୟ କର୍ମକର୍ତ୍ତାମାନଙ୍କୁ ନବୀନ ଦୀର୍ଘ ସମୟ ପଢ଼ାଇଛନ୍ତି ରାଜନୀତି ପାଠ। ରାଜ୍ୟ ସାରା ଭ୍ରମଣ କରି ଓଡ଼ିଶାର ବିଭିନ୍ନ ଜିଲ୍ଲାର ଛାତ୍ର ଏବଂ ଯୁବକମାନଙ୍କ ସହିତ ଯୋଗାଯୋଗ କରିବାକୁ ନବୀନ ନିର୍ଦ୍ଦେଶ ଦେଇଛନ୍ତି। ଯୁବ ଓ ଛାତ୍ର ବିଜେଡିର କର୍ମକର୍ତ୍ତାମାନଙ୍କୁ ନବୀନ କହିଛନ୍ତି ଯେ ଆପଣମାନଙ୍କ ଉପରେ ମୋର ବହୁତ ଆଶା ଅଛି। ଆପଣମାନେ ସବୁବେଳେ ବିନମ୍ର ଏବଂ ଶାଳୀନ ହୋଇ ରହିବା ସହ ଜନସେବାରେ ବ୍ରତୀ ହୁଅନ୍ତୁ। ନିରନ୍ତର ଭାବେ ଲୋକଙ୍କ ସହିତ ଯୋଡ଼ି ହୋଇ ରହିବା ସହ ରାଜ୍ୟବ୍ୟାପୀ ସେମାନଙ୍କ ସମସ୍ୟାର ସମାଧାନ କରନ୍ତୁ। ଏହା ସହ ସାମାଜିକ ଗଣମାଧ୍ୟମ ଉପରେ ଧ୍ୟାନ କେନ୍ଦ୍ରୀତ କରିବା ସହ ଦଳର ନୀତି, ଆଦର୍ଶ ଏବଂ ପ୍ରତିବଦ୍ଧତାକୁ ସକ୍ରିୟ ଭାବରେ ପ୍ରଚାର କରିବାକୁ ନବୀନ ଉପସ୍ଥିତ ଛାତ୍ର ଓ ଯୁବ ନେତାଙ୍କୁ ପରାମର୍ଶ ଦେଇଛନ୍ତି। ଏହି ଅବସରରେ ଯୁବ ବିଜେଡି ସଭାପତି ଚିନ୍ମୟ ସାହୁ, ଛାତ୍ର ସଭାପତି ଇପ୍ସିତା ସାହୁ, ଉପଦେଷ୍ଟା ବ୍ୟୋମକେଶ ରାୟ, ଅମରେଶ ପତ୍ରୀ, ସଞ୍ଜିତ ମହାନ୍ତି, ରାଜେନ୍ଦ୍ର କୁମାର ସାହୁ, ଦେବେଶ ଆଚାର୍ଯ୍ୟ, ଦେବୀ ରଂଜନ ତ୍ରିପାଠୀ, ଶୁଭାଶିଷ ଖୁଣ୍ଟିଆ ପ୍ରମୁଖ ଉପସ୍ଥିତ ଥିଲେ।

ନବୀନଙ୍କ ସହ ସାକ୍ଷାତ ପରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଯୁବ ଜନତା ଦଳର ବରିଷ୍ଠ ସାଧାରଣ ସମ୍ପାଦକ(ସ୍ୱତନ୍ତ୍ର ଦାୟିତ୍ୱ) ବ୍ୟୋମକେଶ ରାୟ କହିଛନ୍ତି ଯେ ଦଳର ସଭାପତିଙ୍କ ପରାମର୍ଶକ୍ରମେ ଯୁବକ, ଛାତ୍ରମାନଙ୍କୁ ନେଇ ଏକ ଶକ୍ତିଶାଳୀ ସଂଗଠନ ତିଆରି ହେବ। ସରକାରଙ୍କ ଅପାରଗ ପଣିଆ ଏବଂ ମିଛ ପ୍ରତିଶ୍ରୁତି ଦେଇ ଯେଉଁ ବାହବା ନେଉଛନ୍ତି, ତାହା ଲୋକଲୋଚନକୁ ଅଣାଯିବ। ମହିଳାଙ୍କଠାରୁ ଆରମ୍ଭ କରି ଯୁବକ ଛାତ୍ର ବର୍ତ୍ତମାନ ହତାଶା ମଧ୍ୟରେ ଗତି କରୁଥିବା ବେଳେ ଯୁବକଙ୍କୁ ମିଳିଥିବା ପ୍ରତାରଣାରେ ପରିଣତ ହୋଇଛି। ଏହା ବିରୋଧରେ ଏକ ବଡ଼ ଜନ ଆନ୍ଦୋଳନ ହେବାକୁ ଯାଉଛି। ନୂଆକରି ତିଆରି ହୋଇଥିବା ବିଜୁ ଯୁବ ଜନତା ଓ ଛାତ୍ର ଜନତା ଦଳ ଆକ୍ରମଣାତ୍ମକ ଢଙ୍ଗରେ କାର୍ଯ୍ୟ କରିବ। ଆସନ୍ତା ୨୦୨୯ରେ ଆମେ ପୁଣିଥରେ କ୍ଷମତାକୁ ଫେରିବୁ। ସେଥିପାଇଁ ଏବେଠାରୁ ରୋଡମ୍ୟାପ ପ୍ରସ୍ତୁତ ହେଉଛି ବୋଲି ବ୍ୟୋମକେଶ କହିଛନ୍ତି। ଉଭୟ ଚିନ୍ମୟ ସାହୁ ଏବଂ ଇପ୍ସିତା ସାହୁଙ୍କର ପୂର୍ବରୁ ବହୁ ଅଭିଜ୍ଞତା ରହିଛି। ଯୁବ, ଛାତ୍ର ନେତ ଭାବେ ଯାହା ଦକ୍ଷତା ରହିବା କଥା, ତାହା ସେମାନଙ୍କ ମଧ୍ୟରେ ରହିଛି। ତାଙ୍କ ନେତୃତ୍ୱରେ ଏକ ଦୃଢ଼ ସଂଗଠନ ତିଆରି ହେବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

ସେହିପରି ଯୁବ ବିଜେଡି ସଭାପତି ଚିନ୍ମୟ ସାହୁ କହିଛନ୍ତି ଯେ ଓଡ଼ିଶାର କୋଣ ଅନୁକୋଣକୁ ଯାଇ ବିଜୁ ଯୁବ ଜନତା ଦଳକୁ ନୂଆ ରୂପରେ, ନୂଆ ଢଙ୍ଗରେ ଆହୁରି କ୍ରିୟାଶୀଳ, ସଶକ୍ତ କରିବାକୁ ଆମର ପ୍ରିୟ ନେତା ନବୀନ ପଟ୍ଟନାୟକ ଆମକୁ ପରାମର୍ଶ ଦେଇଛନ୍ତି। ଆମେ ସରକାରଙ୍କୁ ବିଭିନ୍ନ ପ୍ରସଙ୍ଗରେ ସଚେତନ କରାଇବୁ, ପ୍ରସଙ୍ଗ ଉତ୍ଥାପନ କରିବୁ। ଯଦି ସରକାର ନଚେତିବେ, ତାହେଲେ ବିରୋଧ ଜୋରଦାର ହେବ। ବିଜୁ ଯୁବ ଜନତା ଦଳ ପ୍ରତ୍ୟେକ ଜିଲ୍ଲା ବୁଲି ପ୍ରତିଭା ଅନ୍ୱେଷଣ କରାଯିବ। ଯୁବ, ଛାତ୍ର ସଂଗଠନରେ ଯିଏ ସଫଳ ନେତୃତ୍ୱ ନେଇଥିବେ, ଯେଉଁମାନେ ଦକ୍ଷ ହୋଇଥିବେ ସେମାନଙ୍କୁ ଦାୟିତ୍ୱ ପ୍ରଦାନ କରାଯିବ ବୋଲି ସେ ମତବ୍ୟକ୍ତ କରିଛନ୍ତି। ଛାତ୍ର ସଭାପତି ଇପ୍ସିତା ସାହୁ କହିଛନ୍ତି ଯେ ଆଜି ଆମେ ଆମର ଦଳର ସଭାପତିଙ୍କୁ ଭେଟିଲୁ। କଣ ପାଇଁ ଜଣେ ଝିଅକୁ ଛାତ୍ର ଜନତା ଦଳର ସଭାପତି କରାଗଲା ତାହା କହିଥିଲେ। ବର୍ତ୍ତମାନ ଓଡ଼ିଶାରେ ଛାତ୍ରୀମାନେ ଅସୁରକ୍ଷିତ ହୋଇ ପଡ଼ିଛନ୍ତି। ସୌମ୍ୟାଶ୍ରୀ, ବଳଙ୍ଗୀ କିମ୍ବା ପଟ୍ଟାମୁଣ୍ଡାଇ ଘଟଣା ଏହାର ଗୋଟିଏ ଗୋଟିଏ ଉଦାହରଣ। କେଉଁଭଳି ଭାବେ ଛାତ୍ରୀମାନଙ୍କର ମନୋବଳ ବଢ଼ାଯିବ, କେଉଁଭଳି ଝିଅଟିଏ ନିଜ ସୁରକ୍ଷା ନିଜେ କରିବ; ସେମାନଙ୍କ ପାଇଁ ଲଢ଼େଇ କରିବାକୁ ଜଣେ ଝିଅକୁ ଛାତ୍ର ସଭାପତି ରୂପେ ଚୟନ କରାଯାଇଥିବା ସଭାପତି କହିଥିବା ସେ ସୂଚନା ଦେଇଛନ୍ତି।

### ପିକ୍‌ଅପ୍-ବାଇକ୍ ମୁହାଁମୁହିଁ...

ତାଙ୍କୁ ମୁହାଁମୁହିଁ ଧକ୍କା ଦେବାରୁ ଘଟଣାସ୍ଥଳରେ ଉଭୟଙ୍କ ମୃତ୍ୟୁ ଘଟିଥିଲା। ଏହାକୁ ନେଇ ତୀବ୍ର ଉତ୍ତେଜନା ଦେଖାଦେଇଥିଲା। ମୃତକଙ୍କ ପରିବାରକୁ କ୍ଷତିପୂରଣ ଦାବିରେ ଉତ୍ତ୍ୟକ୍ତ ଲୋକେ ଶବ ରଖି ରାସ୍ତା ଅବରୋଧ କରିଥିଲେ। ଫଳରେ ଏହି ରାସ୍ତା ଦେଇ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା। ତେବେ ଉତ୍ତେଜନା କ୍ରମଶଃ ବଢୁଥିବାରୁ ଖବର ପାଇ କୁକୁଡ଼ାଖଣ୍ଡି ତହସିଲଦାର ରାଜକିଶୋର ପଟ୍ଟନାୟକ, ଥାନା ଅଧିକାରୀ ରାମ ସୁବ୍ରମଣ୍ୟମ ପ୍ରଧାନ, ସଦର ଏସ୍‌ଡିପିଓ ଶୁଭ୍ରାଂଶୁ ପରିଡ଼ା ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ବିକ୍ଷୋଭକାରୀଙ୍କୁ ବୁଝାସୁଝା କରିଥିଲେ। ସାନଖେମୁଣ୍ଡି ବିଧାୟକ ରମେଶ ଜେନା ମଧ୍ୟ ସେଠାରେ ପହଞ୍ଚି ହସ୍ତକ୍ଷେପ କରିଥିଲେ। ତହସିଲଦାର ଶ୍ରୀ ପଟ୍ଟନାୟକ ରେଡକ୍ରସ୍ ପାଣ୍ଠିରୁ ମୃତଦ୍ୱୟଙ୍କ ପରିବାରକୁ ୩୦ହଜାର ଟଙ୍କା ଲେଖାଏଁ ସହାୟତା ପ୍ରଦାନ କରିବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା। ପରେ ରାସ୍ତାରୋକ ହଟିଥିଲା।

### ଅଧାରୁ ପାଠ ଛାଡୁଛନ୍ତି...

ଜାତୀୟ ହାର ତୁଳନାରେ ଓଡ଼ିଶାରେ ଛାତ୍ର-ଶିକ୍ଷକ ଅନୁପାତ ଆଗରେ ରହିଛି। ରାଜ୍ୟରେ ମୋଟ୍ ୭୬ଲକ୍ଷ ୪୪ହଜାର ୫୨ ଜଣ ପିଲା ପାଠ ପଢୁଥିବାବେଳେ ୩ଲକ୍ଷ ୪୪ହଜାର ୧୧୬ ଜଣ ଶିକ୍ଷକ ପାଠ ପଢ଼ାଉଛନ୍ତି। ଅର୍ଥାତ୍ ପ୍ରତି ୨୨ ଜଣ ଛାତ୍ରଛାତ୍ରୀଙ୍କୁ ଜଣେ ଶିକ୍ଷକ ଶିକ୍ଷାଦାନ କରୁଛନ୍ତି। ଏହି ହାର ଜାତୀୟ ସ୍ତରରେ ଅଧିକ ଅର୍ଥାତ୍ ପ୍ରତି ୨୪ ଜଣ ପିଲାଙ୍କ ପାଇଁ ଜଣେ ଶିକ୍ଷକ ରହିଛନ୍ତି। ପଡୋଶୀ ରାଜ୍ୟମାନଙ୍କ ଠାରୁ ଓଡ଼ିଶା ଏହି କ୍ଷେତ୍ରରେ ଆଗରେ ରହିଛି।

### ସମତାଭିତ୍ତିକ ସମାଜ...

ଲାଭ ପାଇବେ, ସେଥିପ୍ରତି ସରକାର ଦାୟିତ୍ୱବାନ ଅଛନ୍ତି ବୋଲି କହିଛନ୍ତି। ବିଗତ କିଛି ବର୍ଷରେ ଶିକ୍ଷାର୍ଥୀଙ୍କ ସଂଖ୍ୟା ୪୬ ରୁ ୬୬ ଲକ୍ଷ ପର୍ଯ୍ୟନ୍ତ ବଢିଛି। ସମାଜରେ ବଂଚିତ ବର୍ଗ ଉପରକୁ ଆସିଲେ ଦେଶ ଓ ରାଜ୍ୟର ଉନ୍ନତି ହେବ। ଏହି କର୍ମଶାଳାରୁ ସମସ୍ତଙ୍କ ପରାମର୍ଶରୁ ଯେଉଁ ନିଷ୍କର୍ଷ ବାହାରିବ ସେଥିରେ ସମାଜର କଲ୍ୟାଣ ହେବ ବୋଲି ସେ ମତ ଦେଇଛନ୍ତି। ରାଜ୍ୟସଭା ଉପାଧ୍ୟକ୍ଷ ହରିବଂଶ ନାରାୟଣ ସିଂ ଓଡିଶା ଅନ୍ୟ ରାଜ୍ୟ ପାଇଁ ଉଦାହରଣ ବୋଲି କହିବା ସହ ଅନୁସୂଚିତ ଜାତି ଏବଂ ଅନୁସୂଚିତ ଜନଜାତି କଲ୍ୟାଣ ପାଇଁ ବିଗତ ୧୦ ବର୍ଷରେ ବଜେଟ ୪ ଗୁଣା ବଢିଛି ଏବଂ ଏଥିରେ ଆଦିବାସୀ ଅଧ୍ୟୁଷିତ ରାଜ୍ୟଗୁଡିକର ଉନ୍ନତି ହେବା ଫଳରେ ନକ୍ସଲବାଦ ଭଳି ସମସ୍ୟାକୁ ନିୟନ୍ତ୍ରଣ କରାଯାଇପାରିଛି ବୋଲି କହିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଲୋକସଭାର ଅନୁସୂଚିତ ଜାତି ଏବଂ ଜନଜାତି କଲ୍ୟାଣ କମିଟି ଅଧ୍ୟକ୍ଷ ଫଗନ ସିଂ କୁଲସ୍ତେ, ଓଡିଶା ବିଧାନସଭା ବାଚସ୍ପତି ସୁରମା ପାଢ଼ୀ ପ୍ରମୁଖ ନିଜର ଅଭିଭାଷଣ ରଖିଥିଲେ।


OFFICE OF THE PRINCIPAL

**PANCHAYAT SAMITI DEGREE COLLEGE,**

BANGOMUNDA, DIST. BALANGIR (ODISHA) PIN – 767040 (Estd.1999)

E-Mail : psdcbgm@gmail.com, Mob: 9078208298

**WALK-IN-INTERVIEW**

A walk-in-interview for appointment of lecturers on contractual basis is scheduled to be held in the Panchayat Samiti Degree College, Bangomunda on **Dt. 07.09.2025 (Sunday) at 10:30 A.M.** for the following Post.

| Sl No. | NAME OF THE POST | QUALIFICATION |
|---|---|---|
| 01 | Lect. in Sanskrit (No. of Post: 01) | Minimum 55% marks in P.G. Level |

Interested candidates are hereby informed to attend the interview on **Dt. 07.09.2025 at 10:30 A.M.** with complete Bio-data, Original and Photocopies of all certificates and two passport size photographs. Salary is negotiable and no T.A/D.A will be given for attending the interview.

Sd/- Prinicpal



**SALE**

1 Number of Tractor–ESCORTS KUBOTA FT 45 POWER MAXX/ 2024, Registration No.- OD-01-AX –3697,Model-2024, ENGINE NO –E2667912, CHASSIS NO -T052674827AN, For Details, contact – 9437055763,9437966073, SUNDARAM FINANCE LTD., First floor, Choudhury Nivas, SAHADEVKHUNTA, BALASORE,756001, PH. NO-06782-266658



**ସତ୍ୟପାଠ**

ମୁଁ, **ସୁପ୍ରିୟା ବିଶ୍ୱାଳ,** ବୟସ: ୪୨ ବର୍ଷ, ସ୍ୱାମୀ: ବିଭୁପ୍ରସାଦ ସ୍ୱାଇଁ, ସା: ଭଟଣା, ପୋ: ଅଙ୍ଗେଶ୍ୱରପଡା, ଥାନା: ନାଉଗାଁ, ଜିଲ୍ଲା: ଜଗତସିଂହପୁର, ଓଡିଶା, ପିନ୍-୭୫୪୧୧୩ ଏକଜିକ୍ୟୁଟିଭ ମାଜିଷ୍ଟ୍ରେଟ, ଭୁବନେଶ୍ୱରଙ୍କ ନିକଟରେ ଶପଥ ପାଠ କରି ଘୋଷଣା କରୁଛି କି, ମୋର ନାବାଳକ ପୁତ୍ର: ମନିତ କୁମାର ସ୍ୱାଇଁ (ପୁରୁଣା ନାମ)କୁ ନୂଆ ନାମ: ମନିତ ସ୍ୱାଇଁକୁ ପରିବର୍ତ୍ତନ କରୁଅଛି। ଏବେଠାରୁ ଭବିଷ୍ୟତରେ ସେ ମନିତ ସ୍ୱାଇଁ ନାମରେ ସମସ୍ତ କ୍ଷେତ୍ରରେ ପରିଚିତ ହେବ।



**କଟକ ମହାନଗର ନିଗମ**

ପବିତ୍ର ସାୟତ୍ତ ଶାସନ ଦିବସ-୨୦୨୫ ପାଳନ ଅବସରରେ ନଗରବାସୀଙ୍କୁ ହାର୍ଦ୍ଦିକ ଅଭିନନ୍ଦନ

**କଟକ ସହରର ସଚେତନ ନାଗରିକ ମାନଙ୍କୁ ନିବେଦନ**

- କଟକ ମହାନଗର ନିଗମ କଟକ ସହରର ସଚେତନ ନାଗରାଜ ମାନଙ୍କର ସକ୍ରିୟ ସହଯୋଗ ନେଇ ସ୍ୱଚ୍ଛତା ଓ କାର୍ଯ୍ୟ ଦକ୍ଷତା ମାଧ୍ୟମରେ ଏକ ବିକାଶମୁଖୀ ବୃହତର କଟକ ନିର୍ମାଣ କରିବା ପାଇଁ ସଙ୍କଳ୍ପ ବଦ୍ଧ । ଏଥିପାଇଁ ପ୍ରତ୍ୟେକ କ୍ଷେତ୍ରରେ ଜନସାଧାରଣଙ୍କର ସହଯୋଗ ଏକାନ୍ତ କାମ୍ୟ ।
- ନିଗମର ଗୃହ ଓ ବ୍ୟବସାୟ ପ୍ରତିଷ୍ଠାନ ପରିସର ପରିଷ୍କାର ରଖିବା ସହ ରାସ୍ତା କଡ଼ରେ କିମ୍ବା ଖାଲି ଜାଗାରେ କୌଣସି ବର୍ଯ୍ୟବସ୍ତୁ ପକାନ୍ତୁ ନାହିଁ ଏବଂ ଏଥିପାଇଁ ପାଖରେ ଥିବା ଡ଼ଷ୍ଟବିନ କିମ୍ବା ମଇଳା ପଡ଼ିବା ସ୍ଥାନ ବ୍ୟବହାର କରି ସ୍ୱାସ୍ଥ୍ୟ, ପରିମଳ ଓ ପରିବେଶ ବ୍ୟବସ୍ଥାକୁ ସୁରକ୍ଷା ପ୍ରଦାନ କରନ୍ତୁ ।
- ନିଗମ ଦ୍ୱାରା ସହର ମଧ୍ୟରେ ପଲିଥିନ ବ୍ୟବହାରକୁ ସମ୍ପୂର୍ଣ୍ଣ ଭାବେ ନିଷିଦ୍ଧ କରାଯାଇଥିବା ଦୃଷ୍ଟିରୁ, ଏହାର ବିକଳ୍ପକୁ ବ୍ୟବହାର କରିବା ପାଇଁ ବଦ୍ଧପରିକର ହୋଇ, ପଲିଥିନକୁ ସମ୍ପୂର୍ଣ୍ଣ ରୂପେ ବର୍ଜନ କରିବା ନିମନ୍ତେ ସମସ୍ତ ସହଯୋଗ ପ୍ରଦାନ କରନ୍ତୁ ।

DSPL-231 OIPR-13031/13/0214/2526

ସୁଶ୍ରୀ କିରନଦିପ୍ କୌର ସହୋତା, ଭା.ପ୍ର.ସେ. ଆୟୁକ୍ତ | ସୁଶ୍ରୀ ଦମୟନ୍ତୀ ମାଝୀ, ଡେପୁଟି ମେୟର | ଶ୍ରୀଯୁକ୍ତ ସୁବାସ ଚନ୍ଦ୍ର ସିଂହ ମେୟର



**AFFIDAVIT**

I, Manasa Kumar Jena, S/o- Late Laxmidhar Jena, resident of Plot No-20, Sector-1 Niladri Vihar, Sailashree Vihar, Bhubaneswar,Khorda, Odisha- 751021, declare by this affidavit No.248, Dated: 28.08.2025 that now onwards I shall be known as **Manas Kumar Jena** for all future purposes.



**କଟକ ମହାନଗର ନିଗମ**

ସାୟତ୍ତ ଶାସନ ପାଳନ ଅବସରରେ
କଟକ ମହାନଗର ନିଗମ ତରଫରୁ ହାର୍ଦ୍ଦିକ ଅଭିନନ୍ଦନ

**କାର୍ଯ୍ୟସୂଚୀ**

**ତା. ୩୦.୦୮.୨୦୨୫ ରିଖ**

ପ୍ରାତଃ ୦୯.୦୦ ଘଟିକା : ରକ୍ତଦାନ ଶିବିର, ଟାଉନହଲ, କଟକ

**ତା. ୩୧.୦୮.୨୦୨୫ ରିଖ**

ପୂର୍ବାହ୍ନ -୧୦.୩୦ ଘଟିକା : ନିଗମ ଅଂଚଳରେ ନୂତନ ପ୍ରକଳ୍ପ ନିମନ୍ତେ ଭିତିପ୍ରସ୍ତର ସ୍ଥାପନ ଓ ସମ୍ପୂର୍ଣ୍ଣ ହୋଇଥିବା ପ୍ରକଳ୍ପ ଗୁଡ଼ିକର ଶୁଭ ଉଦ୍‌ଘାଟନ ।

ସନ୍ଧ୍ୟା -୦୫.୦୦ ଘଟିକା : ସହିଦ ଭବନ, କଟକ ଠାରେ ସାଧାରଣ ସଭା

ମୁଖ୍ୟ ଅତିଥି :
ଶ୍ରୀଯୁକ୍ତ କୃଷ୍ଣଚନ୍ଦ୍ର ମହାପାତ୍ର, ମାନ୍ୟବର ମନ୍ତ୍ରୀ, ଗୃହ ନିର୍ମାଣ ଓ ନଗର ଉନ୍ନୟନ, ସାଧାରଣ ଉଦ୍ୟୋଗ ବିଭାଗ, ଓଡ଼ିଶା
ମୁଖ୍ୟବକ୍ତା :ଶ୍ରୀଯୁକ୍ତ ଭର୍ତ୍ତୃହରି ମହତାବ, ମାନ୍ୟବର ସାଂସଦ (ଲୋକସଭା), କଟକ
ସତନ୍ତ୍ର ଅତିଥି :ଶ୍ରୀଯୁକ୍ତ ଦେବାଶିଷ ସାମନ୍ତରାୟ, ମାନ୍ୟବର ସାଂସଦ (ରାଜ୍ୟସଭା) ତଥା ସଭାପତି କଟକ ମହାନଗର ନିଗମ କର୍ମଚାରୀ ସଂଘ

ସମ୍ମାନିତ ଅତିଥି ବୃନ୍ଦ
ଶ୍ରୀଯୁକ୍ତ ସୌଭିକ ବିଶ୍ୱାଳ, ମାନ୍ୟବର ବିଧାୟକ, ଚୌଦ୍ୱାର କଟକ
ଇଂ. ସୋଫିଆ ଫିର୍‌ଦୋସ, ମାନ୍ୟବର ବିଧାୟିକା, ବାରବାଟୀ କଟକ
ଇଂ. ପ୍ରକାଶ ଚନ୍ଦ୍ର ସେଠୀ, ମାନ୍ୟବର ବିଧାୟକ, କଟକ ସଦର
ଶ୍ରୀଯୁକ୍ତ ପ୍ରଭାତ ତ୍ରିପାଠୀ, ପୂର୍ବତନ ବିଧାୟକ ତଥା ସଭାପତି କଟକ ମହାନଗର ନିଗମ ମେହେନ୍ତର ସଂଘ
ଶ୍ରୀଯୁକ୍ତ ଦତାତ୍ରୟ ଭାଉସାହେବ ସିନ୍ଦେ, (ଭା.ପ୍ର.ସେ) ଜିଲ୍ଲାପାଳ, କଟକ
ଶ୍ରୀଯୁକ୍ତ ଖିଲାରି ଋଷିକେଷ ଦ୍ୟାନଦେଓ, (ଭା.ପୁ.ସେ) ଡ଼ିସିପି, କମିଶନରେଟ ପୋଲିସ, କଟକ

୧. ନିଗମ ଅଂଚଳରେ କୃତିତ୍ୱ ଅର୍ଜନ କରିଥିବା ବିଶିଷ୍ଟ ବ୍ୟକ୍ତି ବିଶେଷ ମାନଙ୍କୁ ସମ୍ବର୍ଦ୍ଧନା ଜ୍ଞାପନ ।
୨. ବିଭିନ୍ନ ପ୍ରତିଯୋଗିତାରେ ଅଂଶ ଗ୍ରହଣ କରିଥିବା କୃତି ଛାତ୍ର ଛାତ୍ରୀମାନଙ୍କୁ ପୁରସ୍କାର ବିତରଣ ।
୩. ନିଗମର କର୍ତ୍ତବ୍ୟନିଷ୍ଠ କର୍ମଚାରୀମାନଙ୍କୁ ତାଙ୍କର ଉଲ୍ଲେଖନୀୟ କାର୍ଯ୍ୟ ନିମନ୍ତେ ପୁରସ୍କାର ବିତରଣ ।

ସୁଶ୍ରୀ କିରନ୍‌ଦିପ କୌର ସହୋତା, (ଭା.ପ୍ର.ସେ) ଆୟୁକ୍ତ | ସୁଶ୍ରୀ ଦମୟନ୍ତୀ ମାଝୀ ଡେପୁଟି ମେୟର | ଶ୍ରୀଯୁକ୍ତ ସୁବାସ ଚନ୍ଦ୍ର ସିଂହ ମେୟର

ନିଗମର ସମସ୍ତ କର୍ପୋରେଟର, ସମସ୍ତ ଅଧିକାରୀ ଏବଂ କର୍ମଚାରୀ ବୃନ୍ଦ

DSPL-230 OIPR-13031/13/0212/2526



**AFFIDAVIT**

By virtue of an affidavit No-4954 sworn before the Executive Magistrate, Champua, date-31/07/2025. I, **Sadiya Khatun,** W/o- Md. Kaisar, Address: At/Po/Ps-Jhumpura, Dist- Keonjhar, Odisha, PIN-758031 I have changed my name from **Sadia Bano** (old name) to **Sadiya Khatun** (new name). Henceforth, I shall be known as **Sadiya Khatun** for all future purposes.

**Sadiya Khatun**



**ହଜିଯାଇଥିବା ସୂଚନା**

ମୁଁ ଅରୁପମା ବର୍ଦ୍ଧନ ,ସ୍ୱାମୀ - ପୂର୍ଣ୍ଣ ଚନ୍ଦ୍ର ବର୍ଦ୍ଧନ , ଗାଁ/ପୋଷ୍ଟ - ନୂଆପାଟଣା , ଥାନା- ତିଗିରିଆ , ଜିଲ୍ଲା- କଟକ ବାସିନ୍ଦା ଅଟେ। ମୁଁ ୨୪.୦୧.୨୦୨୫ ରିଖ ୧୦.୩୦ ସମୟରେ ତିଗିରିଆ ତହସିଲ କାର୍ଯ୍ୟାଳୟକୁ ଯାଉଥିବା ବେଳେ ଜମି କାଗଜପତ୍ରର ଖାତା ନମ୍ବର - ୪୨୯/୩୨୧ ଏବଂ ଡିଡ୍ ନମ୍ବର - ୪୩୫ ତାରିଖ-୧୮-୦୭- ୨୦୦୮ ହଜି ଯାଇଅଛି। ଯଦି କୌଣସି ସହୃଦୟ ବ୍ୟକ୍ତି ପାଇଥାନ୍ତି ତେବେ ଦୟାକରି ମୋବାଇଲ୍ ନମ୍ବର - ୯୯୩୮୦୫୫୦୩୨ କିମ୍ବା ତିଗିରିଆ ପୁଲିସ ନିକଟରେ ସୂଚନା ଦେବା ପାଇଁ ଅନୁରୋଧ କରୁଛି । ଏଥିରେ ଯଦି କେହି ଅପବ୍ୟବହାର କରନ୍ତି ଆମେ ଦାୟୀ ରହିବୁ ନାହିଁ। SD /- ଅରୁପମା ବର୍ଦ୍ଧନ

# ଟଙ୍କା ନ ଦେବାରୁ ଛୁରାମାଡ଼

**● ଜଣେ ଗୁରୁତର, ଭିମ୍‌ସାର ସ୍ଥାନାନ୍ତର**

ସମ୍ବଲପୁର,୨୯।୮ (ସମିସ): ପୂର୍ବ ଶତ୍ରୁତାରୁ ଜଣେ ଯୁବକକୁ ଛୁରାମାଡ଼ ହୋଇଥିବା ଅଭିଯୋଗ ହୋଇଛି । ଧନୁପାଲି ଥାନା ସୁନାପାଲି ଅଞ୍ଚଳରେ ଏଭଳି ଘଟଣା ଘଟିଯାଇଛି । ଛୁରା ମାଡ଼ରେ ମାୟାବଗିଚାର ମିର୍ଜା ଜାଫର ଗୁରୁତର ହୋଇଥିବା ସୂଚନା ମିଳିଛି । ବର୍ତ୍ତମାନ ସେ ବୁର୍ଲା ଡାକ୍ତରଖାନାରେ ଚିକିତ୍ସିତ ହେଉଥିବା ଧନୁପାଲି ପୁଲିସ ସୂଚନା ଦେଇଛି । ସୂଚନା ଯୋଗ୍ୟ ଯେ, ଶୁକ୍ରବାର ପୂର୍ବାହ୍ନରେ ମାୟାବଗିଚାର ମିର୍ଜା ଜାଫର ଓ ଅବଦ୍ଦୁଲ ସଲାମ ଏକାଠି ଅବଦ୍ଦୁଲ ମାଉସୀ ଘର ସୁନାପାଲିକୁ ଯାଇଥିଲେ । ସେଠି ପେନସନ୍ ପଡ଼ାର ୨ ଜଣ ଯୁବକ ମହମ୍ମଦ ଅରମାନ, ମହମ୍ମଦ ଇସଲାମ ତାଙ୍କୁ ବାଟରେ ଅଟକାଇଥିଲେ । ପୂର୍ବରୁ ଏମାନଙ୍କ ମଧ୍ୟରେ ଶତ୍ରୁତା ରହିଥିଲା । ମିର୍ଜା ଓ ଅବୁଦ୍ଦୁଲକୁ ସୁନାପାଲିରେ ଦେଖି ଉଭୟ ଦୁର୍ବୃତ୍ତ ଟଙ୍କା ମାଗିଥିଲେ । ଟଙ୍କା ମାଗିବାରୁ ଏମାନଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା । ମିର୍ଜା ଓ ଅବଦ୍ଦୁଲକୁ ମାଡ଼ ମାରିବା ସହ ଅଭିଯୁକ୍ତ ଦ୍ୱୟ ଛୁରା ମାଡ଼ କରିଥିଲେ । ଏହା ସହ ମିର୍ଜାର ଜଙ୍ଘରେ ଛୁରାମାଡ଼ କରିଥିଲେ । ଛୁରାମାଡ଼ କରିବା ପରେ ଦୁଇ ଅଭିଯୁକ୍ତ ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ । ତେବେ, ଛୁରାମାଡ଼ ହେବାରୁ ମିର୍ଜାର ଜଂଘରୁ ଅଧିକ ରକ୍ତସ୍ରାବ ହୋଇଥିଲା । ପ୍ରଥମେ ମିର୍ଜାକୁ ଜିଲ୍ଲା ମୁଖ୍ୟ ଡ଼ାକ୍ତରଖାନାକୁ ନିଆଯାଇଥିଲା । ସେଠାରେ ତାଙ୍କ ଅବସ୍ଥା ସଙ୍କଟାପନ୍ନ ହେବାରୁ ତାଙ୍କୁ ବୁର୍ଲା ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା । ଏହି ଘଟଣାକୁ ନେଇ ଧନୁପାଲି ଥାନାରେ ଏକ ଲିଖିତ ଅଭିଯୋଗ ହୋଇଛି । ଘଟଣାସ୍ଥଳରୁ ଫେରାର ମାରିଥିବା ଦୁଇ ଅଭିଯୁକ୍ତ ଅରମାନ ଓ ଇସମାଇଲକୁ ଖୋଜୁଥିବା ପୁଲିସ ପକ୍ଷରୁ କୁହାଯାଇଛି ।

## ପୋଖରୀରୁ ଅଚିହ୍ନା ଯୁବକଙ୍କ ମୃତଦେହ ଉଦ୍ଧାର

ସମ୍ବଲପୁର,୨୯।୮ (ସମିସ): ବୁର୍ଲା ଥାନା କଟାପାଲି ଅଞ୍ଚଳରୁ ପୁଲିସ ଏକ ଅଜଣା ମୃତଦେହ ଉଦ୍ଧାର କରିଛି । କଟାପାଲିସ୍ଥିତ ବାଲିବନ୍ଧରେ ଏକ ଶବ ଭାସୁଥିବା ପୁଲିସକୁ ଖବର ମିଳିଥିଲା । ତାଙ୍କ ବୟସ ପାଖାପାଖି ୩୦ ବର୍ଷ ହେବବୋଲି ସୂଚନା ମିଳିଛି । ମୃତକଙ୍କ ପରିଚୟ ମିଳିନଥିବା ବେଳେ ପୁଲିସ୍ ମୃତଦେହକୁ ଭିମ୍‌ସାର୍ ଶବଗୃହ ଫ୍ରିଜର୍‌ରେ ରଖିଛି । ପ୍ରାୟ ଦୁଇଦିନ ତଳେ ଯୁବକଙ୍କ ମୃତ୍ୟୁ ହୋଇଥିବା ପୁଲିସ୍ ଅନୁମାନ କରୁଛି । ଯୁବକ ଜଣକ କୌଣସି କାମରେ ପୋଖରୀକୁ ଯାଇଥିବା ବେଳେ ଗୋଡ଼ ଖସି ପାଣିରେ ବୁଡ଼ିଯାଇଥିବା ପୁଲିସ୍ ସନ୍ଦେହ କରୁଛି । ଦେହରେ ବିଭିନ୍ନ ଟାଟୁ ରହିଛି । ପୁଲିସ ଶବ ଉଦ୍ଧାର କରି ଅପମୃତ୍ୟୁ ମାମଲା ରୁଜୁକରି ତଦନ୍ତ ଜାରି ରଖିଛି । ତେବେ ଶବ ବ୍ୟବଚ୍ଛେଦ ରିପୋର୍ଟରୁ ମୃତ୍ୟୁର ପ୍ରକୃତ କାରଣ ଜଣାପଡ଼ିବ ।

## ଭିମସାରରେ ସ୍ଥାୟୀ ନିର୍ଦ୍ଦେଶକ ନିଯୁକ୍ତି ଦାବି

ସମ୍ବଲପୁର, ୨୯।୮ (ସମିସ) : ବୁର୍ଲାସ୍ଥିତ ବୀର ସୁରେନ୍ଦ୍ର ସାଏ ଆୟୁର୍ବିଜ୍ଞାନ ଓ ଗବେଷଣା ପ୍ରତିଷ୍ଠାନ (ଭିମସାର) ରେ ସ୍ଥାୟୀ ନିର୍ଦ୍ଦେଶକ ଦାବି କରିଛି ସମ୍ବଲପୁର ସିଟିଜେନ୍ ଫୋରମ୍ । ଗୁରୁବାର ସମଲେଶ୍ୱରୀ ମନ୍ଦିର ପରିସରରେ ଆୟୋଜିତ ନୂଆଁଖାଇ ଭେଟ୍‌ଘାଟ୍ କାର୍ଯ୍ୟକ୍ରମ ଅବସରରେ ସମ୍ବଲପୁର ସାଂସଦ ତଥା କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ସ୍ମାରକ ପତ୍ର ପ୍ରଦାନ କରାଯାଇଥିଲା । ସିଟିଜେନ ଫୋରମ୍ ସଭାପତି ପ୍ରଫେସର ଡ. ଆଦିତ୍ୟ ପ୍ରସାଦ ପାଢ଼ୀ ଓ ସମ୍ପାଦକ ଡାକ୍ତର ଗୁଣସାଗର ଦାଶଙ୍କ ପ୍ରଦତ୍ତ ଦାବିପତ୍ର ଅନୁଯାୟୀ, ଭିମସାରରେ ସ୍ଥାୟୀ ନିର୍ଦ୍ଦେଶକ ଓ ୨୦୨୩ ମସିହାରୁ ଖାଲିପଡ଼ିଥିବା କାର୍ଯ୍ୟକାରିଣୀ ସଦସ୍ୟ ପଦ ପୂରଣ, ସ୍ଥାୟୀ ନିର୍ଦ୍ଦେଶକ ନିଯୁକ୍ତି କରିବା ପର୍ଯ୍ୟନ୍ତ ବିଶ୍ୱବିଦ୍ୟାଳୟ ଗୁଡ଼ିକ ଭଳି ସ୍ଥାନୀୟ ପ୍ରଫେସନାଲ ମାନଙ୍କ ମଧ୍ୟରୁ ଜଣେ ମଧ୍ୟବର୍ତ୍ତୀକାଳୀନ ନିର୍ଦ୍ଦେଶକ ନିଯୁକ୍ତି, ଗଭର୍ଣ୍ଣିଙ୍ଗ ବଡିର ବୈଠକ ବୁର୍ଲାରେ କରିବା, ଖାଲିଥିବା ପଦ ଗୁଡ଼ିକରେ ଶିକ୍ଷକ, ବୈଷୟିକ ଓ ଅଣଶିକ୍ଷକ ସ୍ଥାୟୀ ନିଯୁକ୍ତି ଆଦି ରହିଛି । ଏହି ପତ୍ରରେ ଦର୍ଶାଯାଇଛି ଯେ, ଫାକଲଟି ସଭ୍ୟ ନିଯୁକ୍ତିରେ ସମସ୍ୟାର କାରଣ ହେଉଛି ଭିମସାରର ବିଭାଗ ଗୁଡ଼ିକର ସମ୍ପ୍ରସାରଣ ହେଉନଥିବାରୁ ପଦୋନ୍ନତି ହୋଇପାରୁନାହିଁ । ସେଥିପାଇଁ ଭିମସାର କ୍ୟାଡରଗୁଡ଼ିକ ଅଟକି ରହିଛି । ଭିମାରର ତୁରନ୍ତ ଆବଶ୍ୟକତାକୁ ପୂରଣ କରିବା ପାଇଁ ଓଡ଼ିଶା ସରକାର ୧ କୋଟି ଟଙ୍କା ପ୍ରଦାନ କରିବା ନେଇ ପଦକ୍ଷେପ ଗ୍ରହଣ କରିବାକୁ ସାଂସଦଙ୍କୁ ସ୍ମାରକ ପତ୍ରରେ ଅନୁରୋଧ କରାଯାଇଛି ।

## ପାଣିରେ ବୁଡ଼ି ମୃତ୍ୟୁ ସନ୍ଦେହ

ସମ୍ବଲପୁର, ୨୯।୮ (ସମିସ) : ସମ୍ବଲପୁର ସଦର ଥାନା ଅଧୀନ ଦେଦର ନୂଆପାଲିରେ ଗତକାଲି ଜଣେ ଯୁବକ ନିଖୋଜ ହୋଇଯାଇଥିଲେ । ଆଜି ଅଞ୍ଚଳବାସୀ ସୂଚନା ଦେବାପରେ ପୁଲିସ ମୃତଦେହକୁ ଗ୍ରାମ ନିକଟରେ ଥିବା ଏକ ପଥର ଖଣିରୁ ଉଦ୍ଧାର କରିଛି । ପୁଲିସର ସୂଚନା ଅନୁଯାୟୀ, ଗତକାଲି ରାତିରେ ଦେଦର ନୂଆଁପାଲି ଗ୍ରାମରେ ଭୋଜି ହେଉଥିଲା । ଏହି ସମୟରେ ସମ୍ପୃକ୍ତ ଯୁବକ ଜଣକ ଶୌଚ ପାଇଁ ଯାଇ ଆଉ ଫେରି ନ ଥିଲେ । ବହୁ ସମୟଧରି ନଫେରିବାରୁ ପରିବାର ଲୋକେ ରାତିରେ ଖୋଜାଖୋଜି କରି ପାଇନଥିଲେ । ଶୁକ୍ରବାର ସକାଳେ ଗ୍ରାମବାସୀ ପଥର ଖଣିରେ ଜମି ରହିଥିବା ପାଣିରେ ତାଙ୍କ ଶବ ଭାସୁଥିବା ଦେଖି ପୁଲିସକୁ ଖବର ଦେଇଥିଲେ । ଘଟଣାସ୍ଥଳରେ ପହଞ୍ଚି ପୁଲିସ ଓ ଅଗ୍ନିଶମ ବାହିନୀ ଶବକୁ ଉଦ୍ଧାର କରିଥିଲା । ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ ପାଇଁ ପଠାଇଥିଲା । ବ୍ୟବଚ୍ଛେଦ ପରେ ପୁଲିସ ପରିବାରବର୍ଗଙ୍କୁ ତାଙ୍କ ଶବ ହସ୍ତାନ୍ତର କଲାପରେ ଗ୍ରାମ୍ୟ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି ।

## ଡ୍ରାଇଭର ମହାସଂଘର ନୂଆଁଖାଇ ଭେଟ୍‌ଘାଟ୍



ଜମନକିରା,୨୯ ।୮ (ସମିସ):ଜମନକିରା ବ୍ଲକ ବଡ଼ରମା ପଞ୍ଚାୟତ କୁରେଇବାହାଲଠାରେ ଜମନକିରା ଓଡ଼ିଶା ଡ୍ରାଇଭର ମହାସଂଘ ପକ୍ଷରୁ ନୂଆଁଖାଇ ଭେଟ୍‌ଘାଟ ପାଳିତ ହୋଇଯାଇଛି । ଜମନକିରା ଓଡ଼ିଶା ଡ୍ରାଇଭର ମହାସଂଘ ବ୍ଲକ୍ ସଭାପତି ଜଟିଆ କିସାନଙ୍କ ସଭାପତିତ୍ୱ କରିଥିଲେ । ଜୟକୃଷ୍ଣ ପାତ୍ର, ପ୍ରମୋଦ ମହାପାତ୍ର, ଦୂର୍ବାଦଳ ସାହୁ, ପ୍ରଶାନ୍ତ ରକ୍ସା, ପପୁ ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ । ୨୧ ପଞ୍ଚାୟତର ସଭାପତିଙ୍କ ସହ ସମସ୍ତ ଡ୍ରାଇଭର ଭାଇମାନେ ଯୋଗଦେଇ ଥିଲେ ।

# ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ନୂଆଁଖାଇ ଭେଟ୍‌ଘାଟ୍

ସମ୍ବଲପୁର,୨୯।୮ (ସମିସ)




ପଣ୍ଡିତ ଲକ୍ଷ୍ମୀ ନାରାୟଣ ସାଂସ୍କୃତିକ ସଂସଦ ଓ ଚିତ୍ରୋତ୍ପଳା ଯୁବକ ସଂଘ, ନନ୍ଦପଡ଼ା ପକ୍ଷରୁ ନୂଆଁଖାଇ ଭେଟଘାଟ କାର୍ଯ୍ୟକ୍ରମ ଆୟୋଜିତ ହୋଇଛି । ଏହି ଉତ୍ସବରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ମୁଖ୍ୟଅତିଥି, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ମୁଖ୍ୟବକ୍ତା ଏବଂ ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟ ଜଳଯୋଗାଣ ମନ୍ତ୍ରୀ ରବି ନାରାୟଣ ନାଏକ, ସମ୍ବଲପୁର ବିଧାୟକ ଜୟନାରାୟଣ ମିଶ୍ର ଓ ପୂର୍ବତନ ବିଧାୟକ ନାଉରୀ ନାଏକ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ । ସୁରେଶ୍ୱର ମିଶ୍ର, ଫଣିଭୂଷଣ ମିଶ୍ର ପ୍ରମୁଖ ମଞ୍ଚାସୀନ ଥିଲେ । ଏହି ଅବସରରେ ନୂଆଁଖାଇ ଉପଲକ୍ଷେ ଦିଆଯାଉଥିବା ଅସ୍ଥାୟୀ ଛୁଟି ବଦଳରେ ସରକାରୀ ଭାବେ ଦୁଇଦିନ ଛୁଟି ଘୋଷଣା କରିବାକୁ ଦାବି କରାଯାଇଥିବାବେଳେ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ଏନେଇ ଆଗାମୀ ଦିନରେ ସରକାର ବିଚାରକରି ପଦକ୍ଷେପ ନେବେ ବୋଲି କହିଥିଲେ । ସେହିଭଳି ନନ୍ଦପଡ଼ାସ୍ଥିତ ବାଲୁଙ୍କେଶ୍ୱର କଲ୍ୟାଣ ମଣ୍ଡପର ପୁନରୁଦ୍ଧାର କାର୍ଯ୍ୟ ଖୁବଶୀଘ୍ର କରାଯିବ ବୋଲି ବିଧାୟକ ଶ୍ରୀ ମିଶ୍ର ଘୋଷଣା କରିଥିଲେ । ନୂଆଁଖାଇ ଉପଲକ୍ଷେ ପୂର୍ବରୁ ଆୟୋଜିତ ହୋଇଥିବା ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା । ସମୀର ରଞ୍ଜନ ବାବୁଙ୍କ ସଭାପତିତ୍ୱରେ ଆୟୋଜିତ ଉତ୍ସବରେ ପ୍ରଭୁଦତ୍ତ ପଣ୍ଡା ବାର୍ଷିକ ବିବରଣୀ ପାଠ କରିଥିଲେ । ପୁରସ୍କାର ବିତରଣରେ ସୁଶ୍ରିତ ମିଶ୍ର ସଂଯୋଜନା କରିଥିବା ବେଳେ ଶେଷରେ ବାଲଗୋପାଳ ନନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ । ସ୍ୱର୍ଗତ ମୁରାରୀ ପ୍ରସାଦ ମିଶ୍ରଙ୍କ ପୁଅ ସନ୍ତୋଷ କୁମାର ମିଶ୍ରଙ୍କ ରଚିତ "ସମ୍ବଲପୁର ନାଟକ ଗୁଛା' ପୁସ୍ତକକୁ ଅତିଥି ମାନେ ଉନ୍ମୋଚନ କରିଥିଲେ । ଏହି ଅବସରରେ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା । ନୂଆଁଖାଇ ଭେଟଘାଟ କାର୍ଯ୍ୟକ୍ରମକୁ ଶିବ ମିଶ୍ର, ଅଂଶୁମାନ ମିଶ୍ର, କେଶବ ମିଶ୍ର, ଜିତେନ୍ଦ୍ର ନନ୍ଦ, ସଂକଳ୍ପ ମହାପାତ, ମନୋଜ ମହାପାତ୍ର, ବିଚିତ୍ରାନନ୍ଦ ମିଶ୍ର, ଫାଲଗୁନି ବାରିକ, ଅବିନାଶ ମିଶ୍ର, ଆଭାଶିଷ ମିଶ୍ର, ରାମାଶିଷ ତ୍ରିପାଠୀ, ପ୍ଲାବନ ମିଶ୍ର, ଅନୀଲ ପଣ୍ଡା, ଗଣମାଧ୍ୟମ ସଂଯୋଜକ ବିରାଜ ମିଶ୍ର ତଥା ଚିତ୍ରୋତ୍ପଳା ଯୁବକ ସଂଘ ଓ ପଣ୍ଡିତ ଲକ୍ଷ୍ମୀ ନାରାୟଣ ସାଂସ୍କୃତିକ ସଂସଦ ସଦସ୍ୟ ମାନେ ପରିଚାଳନା କରିଥିଲେ ।

## ସମଲେଶ୍ୱରୀ ଯୁବକ ସଂଘ




ସମଲେଶ୍ୱରୀ ମନ୍ଦିର ପରିସରରେ ସମଲେଶ୍ୱରୀ ଯୁବକ ସଂଘ ପକ୍ଷରୁ ନୂଆଁଖାଇ ଭେଟ୍‌ଘାଟ୍ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି । ବ୍ରହ୍ମପୁର ବିଶ୍ୱବିଦ୍ୟାଳୟର ପ୍ରାକ୍ତନ କୁଳପତି ପ୍ରଫେସର ଆଦିତ୍ୟ ପ୍ରସାଦ ପାଢ଼ୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବାବେଳେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ, ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟ ଜଳଯୋଗାଣ ମନ୍ତ୍ରୀ ରବି ନାରାୟଣ ନାଏକ, ସମ୍ବଲପୁର ବିଧାୟକ ଜୟନାରାୟଣ ମିଶ୍ର ଓ ପୂର୍ବତନ ବିଧାୟକ ନାଉରୀ ନାଏକ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ । ସଂସ୍କୃତି ଗବେଷକ ଡଃ ଶ୍ୟାମ ସୁନ୍ଦର ଧର, ସମଲେଶ୍ୱରୀ ଯୁବକ ସଂଘ ସଭାପତି ସଗନ ରାୟ, ସମ୍ପାଦକ ରାମଦାସ ପଣ୍ଡା, ଆଖଡ଼ା ଉସ୍ତାଦ ସୁରେନ୍ଦ୍ର ରାୟ ପ୍ରମୁଖ ଉପସ୍ଥିତ ଥିଲେ । ଏହି ଅବସରରେ ସମ୍ବଲପୁରୀ ନୃତ୍ୟଗୀତର ଆସର ବେଶ୍ ଜମିଥିଲା ।

## ଓଡ଼ିଶା ସାଂସ୍କୃତିକ ସମାଜ



ଜିଲ୍ଲା ପ୍ରେକ୍ଷାଳୟ 'ତପସ୍ୱିନୀ'ଠାରେ ଓଡ଼ିଶା ସାଂସ୍କୃତିକ ସମାଜ ପକ୍ଷରୁ ନୂଆଁଖାଇ ଭେଟଘାଟ୍ କାର୍ଯ୍ୟକ୍ରମ ସଭାପତି ଡଃ ପରେଶ ଚନ୍ଦ୍ର ଦାନୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଯୋଗ ଦେଇଥିବାବେଳେ ସମ୍ମାନିତ ଅତିଥି ଭାବେ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ, ପଞ୍ଚାୟତିରାଜ ମନ୍ତ୍ରୀ ରବି ନାରାୟଣ ନାଏକ, ଓଡ଼ିଶା ବିଧାନସଭାରେ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ, ସମ୍ବଲପୁର ବିଧାୟକ ଜୟନାରାୟଣ ମିଶ୍ର, ପୂର୍ବତନ ବିଧାୟକ ନାଉରୀ ନାଏକ ପ୍ରମୁଖ ଯୋଗ ଦେଇଥିଲେ । ସମ୍ପାଦକ ଦୀନବନ୍ଧୁ ପଣ୍ଡା ବାର୍ଷିକ ବିବରଣୀ ପାଠ କରିଥିଲେ । ଏହି ଅବସରରେ ପର୍ବତାରୋହୀ କଳାହାଣ୍ଡିର ଯୋଗାବ୍ୟାସ ଭୋଇ, ଚାଷୀ ହେମନ୍ତ ନାଏକ ଏବଂ ନାଟ୍ୟ ଅନୁଷ୍ଠାନ ଶ୍ରୀ କଲଚରାଲ୍ ଆସୋସିଏସନକୁ 'ନୂଆଁଖାଇ ସମ୍ମାନ' ପ୍ରଦାନ କରାଯାଇଥିଲା । ସମ୍ବଲପୁରୀ ନୃତ୍ୟଗୀତ କାର୍ଯ୍ୟକ୍ରମକୁ ଡଃ ସତ୍ୟନାରାୟଣ ଠାକୁର, ସୂର୍ଯ୍ୟ ପାଣିଗ୍ରାହୀ ଓ ମମତା ପଣ୍ଡା ପରିଚାଳନା କରିଥିଲେ । ଶେଷରେ ଯୁଗ୍ମ ସମ୍ପାଦକ ସୁରେଖା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

## ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପାଇଁ ସାଂସଦଙ୍କୁ ଦାବିପତ୍ର



ରେଢ଼ାଖୋଲ,୨୯।୮ (ସମିସ): ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ଉପଖଣ୍ଡ ନାକଟିଦେଉଳ ବ୍ଲକ୍ ଅଧୀନ ୪ ଟି ପଞ୍ଚାୟତର ଗ୍ରାମବାସୀ ଏକ ସରକାରୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ମଞ୍ଜୁରୀ ପାଇଁ ଏକ ଲିଖିତ ଦାବିପତ୍ର ସମ୍ବଲପୁର ସାଂସଦ ତଥା କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ପ୍ରଦାନ କରିଛନ୍ତି । ଏହି ଦାବିରେ ଉଲ୍ଲେଖ କରାଯାଇଛି ଯେ ଉଇଁଚା, ଶିମିଳିପାଳ ଘୁଷୁରାମାଳ, ଗୋଗୁଆ ପଞ୍ଚାୟତର ପ୍ରାୟ ୨୦ ହଜାରରୁ ଊର୍ଦ୍ଧ୍ୱ ଜନସାଧାରଣ ବସବାସ କରୁଛନ୍ତି । ଏହି ୪ଟି ପଞ୍ଚାୟତର ରୋଗୀମାନେ ଚିକିତ୍ସା ପାଇଁ ପ୍ରାୟ ୨୦ କିଲୋମିଟର ଯିବାକୁ ପଡୁଛି । ଯାହା ଦ୍ୱାରା ବହୁରୋଗୀ ଚିକିତ୍ସା ଅଭାବରୁ ପ୍ରାଣ ହରାଇଛନ୍ତି । ଯାହା ଫଳରେ ଏକ ନୂତନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଖୋଲିବା ପାଇଁ ଚାରଟି ପଞ୍ଚାୟତରବାସୀ ସରକାରଙ୍କୁ ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ କୌଣସି ସୁଫଳ ମିଳି ପାରିନାହିଁ । ଏହି ଦାବିପତ୍ର ପ୍ରଦାନ ବେଳେ ଚାରି ପଞ୍ଚାୟତ ଗ୍ରାମବାସୀ ଏବଂ ଜନ ପ୍ରତିନିଧି ସରପଞ୍ଚ ଓ ସମିତି ସଭ୍ୟମାନେ ଉପସ୍ଥିତ ରହିଥିଲେ ।

**● ରାଜସ୍ୱମନ୍ତ୍ରୀଙ୍କ ଫେସ୍ ବୁକ୍ ପୋଷ୍ଟରେ ନୂତନ ତଥ୍ୟ**

## ଜୟନାରାୟଣ-କେନ୍ଦ୍ରମନ୍ତ୍ରୀ, ଧର୍ମେନ୍ଦ୍ର-ବିଧାୟକ !




ସମ୍ବଲପୁର,୨୯।୮ (ସମିସ): କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ବର୍ତ୍ତମାନ ବିଧାୟକ ଓ ସମ୍ବଲପୁର ବିଧାୟକ ଜୟନାରାୟଣ ମିଶ୍ର କେନ୍ଦ୍ରମନ୍ତ୍ରୀ ଭାବେ ପରିବର୍ତ୍ତନ ହୋଇଛନ୍ତି । ଏହାର ସୂଚନା ରାଜସ୍ୱମନ୍ତ୍ରୀ ସୁରେଶ ପୂଜାରୀଙ୍କ ଫେସବୁକ୍ ପୋଷ୍ଟରୁ ଜଣାପଡ଼ିଛି । ଗୁରୁବାର ନୂଆଁଖାଇ ଅବସରରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ସମ୍ବଲପୁରରେ ନବାନ୍ନ ଖାଇଥିଲେ । ମା' ସମଲେଇଙ୍କ ପୀଠରେ କେନ୍ଦ୍ରମନ୍ତ୍ରୀଙ୍କ ସହ ରାଜସ୍ୱ ମନ୍ତ୍ରୀ, ସମ୍ବଲପୁର ବିଧାୟକ, ଜାତୀୟସ୍ତରର ସାମ୍ବାଦିକ ଓ ବିଶିଷ୍ଟ ଅତିଥିମାନେ ଯୋଗ ଦେଇଥିଲେ । ଭୋଗମଣ୍ଡପରେ ସମସ୍ତେ ପ୍ରସାଦ ସେବନ କରିଥିଲେ । ଏହି ମୁହୂର୍ତ୍ତର ବିଭିନ୍ନ ଫଟୋ ସୋସିଆଲ ମିଡିଆରେ ପୋଷ୍ଟ କରିଥିଲେ । ରାଜସ୍ୱମନ୍ତ୍ରୀ ମଧ୍ୟ ନିଜ ଫେସବୁକ୍ ପେଜରେ ଜୟନାରାୟଣ ମିଶ୍ରଙ୍କୁ କେନ୍ଦ୍ରମନ୍ତ୍ରୀ ଓ ଧର୍ମେନ୍ଦ୍ର ପ୍ରଧାନଙ୍କୁ ବିଧାୟକ ଭାବେ ପୋଷ୍ଟ କରିଛନ୍ତି । ବର୍ତ୍ତମାନ ଏହି ପୋଷ୍ଟ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି । ଯାହାକୁ ନେଇ ସମ୍ବଲପୁରରେ ଚର୍ଚ୍ଚାର ବିଷୟ ସାଜିଛି ।



କାଳୀବାଡ଼ିରେ ବଙ୍ଗୀୟ ସମାଜର ନୂଆଁଖାଇ ଭେଟ୍ କାର୍ଯ୍ୟକ୍ରମ

## ହୀରାକୁଦ ଜଳସ୍ତର ୬୨୩.୪୧ ଫୁଟ୍

ସମ୍ବଲପୁର, ୨୯।୮ (ସମିସ) : ହୀରାକୁଦ ନଦୀବନ୍ଧ ଉପରମୁଣ୍ଡରେ ବର୍ଷା କମିବା ଫଳରେ ନଦୀବନ୍ଧକୁ ଜଳ ପ୍ରବେଶ ହ୍ରାସ ପାଇବାରୁ ଗତକାଲି ସମସ୍ତ ଗେଟ୍ ବନ୍ଦ କରିଦିଆଯାଇଛି । ଶୁକ୍ରବାର ସନ୍ଧ୍ୟା ୬ଟା ସମୟରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୩.୪୧ ଫୁଟ୍ ରହିଛି । ନଦୀବନ୍ଧର ସମସ୍ତ ଗେଟ୍ ବନ୍ଦ ରହିଛି । ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୯୦,୯୬୩ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୩୫,୭୩୧ ଘନଫୁଟ ଜଳ ନିଷ୍କାସିତ ହେଉଛି । ସ୍ପିଲୱେ ଦେଇ କୌଣସି ଜଳ ପ୍ରବାହିତ ହେଉନଥିବାବେଳେ ପାୱାର ଚେନାଲ ଦେଇ ୩୨,୧୧୩ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୧୪ ଘନଫୁଟ, କେନାଲ ପାଇଁ ୩,୪୦୪ ଘନଫୁଟ ଜଳ ନିଷ୍କାସିତ ହେଉଛି । ଅନ୍ୟପକ୍ଷରେ ତଳମୁଣ୍ଡରେ ବେଲଗାଁଠାରେ ୧୪,୮୦୦ ଘନଫୁଟ୍ ଜଳ ପ୍ରବାହିତ ହେଉଥିବାବେଳେ ପଥର୍ଲାଠାରେ ୨୮,୧୬୯ ଘନଫୁଟ୍, ଖଇରମାଲଠାରେ ୯୦,୦୦୦ ଘନଫୁଟ୍, ବାରମୁଲଠାରେ ୧,୦୨,୦୦୦ ଘନଫୁଟ୍ ଏବଂ ମୁଣ୍ଡଲୀଠାରେ ୧,୫୮,୦୬୦ ଘନଫୁଟ୍ ଜଳ ପ୍ରବାହିତ ହେଉଥିବା ହୀରାକୁଦ ମୁଖ୍ୟ ନଦୀବନ୍ଧ ସୂତ୍ରରୁ ପ୍ରକାଶ । ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ଗତ ୨୪ ଘଣ୍ଟାରେ ୧.୮୦ ମିମି ବର୍ଷା ହୋଇଥିବାବେଳେ ତଳମୁଣ୍ଡରେ ୨.୫୧ ମିମି ବର୍ଷା ହୋଇଥିବା ସୂଚନା ମିଳିଛି । ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୧.୮୩ ଫୁଟ୍ ରହିଥିଲା ।

## ଦୁଇ ସ୍କୁଟି ଧକ୍କା, ଆରୋହୀ ଗୁରୁତର

ସମ୍ବଲପୁର,୨୯।୮ (ସମିସ): ସମ୍ବଲପୁର ସଦର ଥାନା ମାନେଶ୍ୱରଠାରେ ଦୁଇଟି ସ୍କୁଟି ମଧ୍ୟରେ ଧକ୍କା ହେବାରୁ ଉଭୟ ସ୍କୁଟିର ଆରୋହୀ ଗୁରୁତର ହୋଇଥିବା ସୂଚନା ମିଳିଛି । ମାତ୍ର ସେମାନଙ୍କ ପରିଚୟ ମିଳି ପାରିନାହିଁ । ସଦରଥାନା ପୁଲିସ ଉଭୟ ଦୁର୍ଘଟଣାଗ୍ରସ୍ତ ସ୍କୁଟିକୁ ଜବତ କରିଛି । ଜାତୀୟ ରାଜପଥ ନଂ.୫୫ରେ ମାନେଶ୍ୱର ପଟେ ଯାଉଥିବା ଏକ ସ୍କୁଟିକୁ ଅନ୍ୟ ଏକ ସ୍କୁଟି ଦ୍ରୁତ ଗତିରେ ଆସି ପଛରୁ ଧକ୍କା ଦେଇଥିଲା । ଫଳରେ ଉଭୟ ସ୍କୁଟି ଆରୋହୀ ଆହତ ହୋଇଛନ୍ତି ।

# ସବ୍-ଜୁନିୟର ଓ ଜୁନିୟର ଜିଲ୍ଲାସ୍ତରୀୟ ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତା ଉଦ୍‌ଘାଟିତ

ସମ୍ବଲପୁର, ୨୯।୮ (ସମିସ)



ସମ୍ବଲପୁର ମୋତିଝରଣସ୍ଥିତ ବୀର ସୁରେନ୍ଦ୍ର ସାଏ ଇନ୍‌ଡୋର ହଲ୍‌ରେ ଜିଲ୍ଲାସ୍ତରୀୟ ସବ-ଜୁନିୟର ଓ ଜୁନିୟର ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତା ଶୁକ୍ରବାର ରାଷ୍ଟ୍ରୀୟ କ୍ରୀଡ଼ା ଦିବସ ଅବସରରେ ଉଦ୍‌ଘାଟିତ ହୋଇଯାଇଛି । ବୀର ସୁରେନ୍ଦ୍ର ସାଏ ବ୍ୟାଡମିଣ୍ଟନ ହଲ୍‌ରେ ୯, ୧୧, ୧୩, ୧୫, ୧୯ ବର୍ଷରୁ କମ୍ ବର୍ଗର ବାଳକ ଓ ବାଳିକା ମାନଙ୍କ ମଧ୍ୟରେ ପ୍ରତିଯୋଗିତା ଆରମ୍ଭ ହୋଇଛି । ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିବାବେଳେ ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ଅଶୋକ ଭୋଇ, ବରିଷ୍ଠ ସାମ୍ବାଦିକ ହେମନ୍ତ ମହାପାତ୍ର, ଜିଲ୍ଲା କ୍ରୀଡ଼ା ଅଧିକାରୀ ଅମୃତଲାଲ ବେହେରା, ସୁବ୍ରତ ପାଢ଼ୀ, ବ୍ୟାଡମିଣ୍ଟନ ପ୍ରଶିକ୍ଷକ ଲିଲିନ କୁମାର, ବିକ୍ରମ ପ୍ରଧାନ, ଜିଲ୍ଲା ବ୍ୟାଡମିଣ୍ଟନ ସଂଘର କାର୍ଯ୍ୟକାରୀ ସଭାପତି ପ୍ରମୁଖ ଉପସ୍ଥିତ ଥିଲେ । ଟିକେଶ୍ୱର ସାହୁଙ୍କ ସଂଯୋଜନାରେ ଆୟୋଜିତ ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ମେଜର ଧ୍ୟାନଚାନ୍ଦଙ୍କୁ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ । ଜିଲ୍ଲା ବ୍ୟାଡମିଣ୍ଟନ ସଂଘର ସାଙ୍ଗଠନିକ ସମ୍ପାଦକ ଅଭିଷେକ ବିଶ୍ୱାସ, ମ୍ୟାଚ୍ ରେଫରୀ ଲକ୍ଷପତି ନନ୍ଦ ପ୍ରମୁଖ ପ୍ରତିଯୋଗିତାକୁ ସଂଚାଳନ କରୁଛନ୍ତି । ଏହି ପ୍ରତିଯୋଗିତା ଆସନ୍ତା ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ । ପ୍ରତିଯୋଗିତାରେ ବିଭିନ୍ନ ବର୍ଗରେ ଜିଲ୍ଲାର ୨୨୦ ଜଣ ଖେଳାଳି ଅଂଶଗ୍ରହଣ କରଛନ୍ତି । ରାଜ୍ୟ ବ୍ୟାଡମିଣ୍ଟନ ସଂଘର ଅମ୍ପାୟାର ସୂର୍ଯ୍ୟ ପାଣିଗ୍ରାହୀ, ବବଲୁ ସାହୁ, ନୀଳାଞ୍ଚଳ ସେଠି, ଟିକେଶ୍ୱର ସାହୁ, ମଣି ବେଜି, ହେମନନ୍ଦ ଥପା ପ୍ରମୁଖ ପ୍ରତିଯୋଗିତା ପରିଚାଳନାରେ ସହଯୋଗ କରୁଛନ୍ତି ।

# ସମ୍ବଲପୁରରେ ରାଷ୍ଟ୍ରୀୟ କ୍ରୀଡ଼ା ଦିବସ




ସମ୍ବଲପୁର, ୨୯।୮ (ସମିସ) : ସମ୍ବଲପୁର କ୍ରୀଡ଼ା ହଷ୍ଟେଲରେ ରାଷ୍ଟ୍ରୀୟ କ୍ରୀଡ଼ା ଦିବସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏଥିରେ ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର, ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ଅଶୋକ ଭୋଇ ଏବଂ ଜିଲ୍ଲା କ୍ରୀଡ଼ା ଅଧିକାରୀ ଅମୃତଲାଲ ବେହେରା ଉପସ୍ଥିତ ଥିଲେ । କାର୍ଯ୍ୟକ୍ରମର ଆରମ୍ଭରେ 'ହକି ଯାଦୁଗର' ମେଜର ଧ୍ୟାନଚାନ୍ଦଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଥିଲା । ସମ୍ବଲପୁରକୁ ଏକ କ୍ରୀଡ଼ା କେନ୍ଦ୍ରଭୂମି ଭାବେ ପରିଚିତ କରିବାପାଇଁ ସମସ୍ତେ ମିଳିତ ପ୍ରୟାସ କରିବା ଉଚିତ ବୋଲି ଜିଲ୍ଲାପାଳ କହିଥିଲେ । ଏହି ଅବସରରେ ସମ୍ବଲପୁର ଜିଲ୍ଲାର ସ୍ପୋର୍ଟସ ପର୍ସନମାନେ ଭବିଷ୍ୟତରେ ଆନ୍ତର୍ଜାତୀୟସ୍ତରରେ ଉପଲବ୍ଧି ହାସଲ କରିବେ ବୋଲି ଆଶାପ୍ରକାଶ କରାଯାଇଥିଲା । ଉଲ୍ଲେଖଯୋଗ୍ୟ ଯେ, ସମ୍ବଲପୁର ଜିଲ୍ଲାର ବିଭିନ୍ନ କ୍ରୀଡ଼ା କେନ୍ଦ୍ର ଓ ପ୍ରଶିକ୍ଷଣ ପ୍ରତିଷ୍ଠାନରେ ମଧ୍ୟ ରାଷ୍ଟ୍ରୀୟ କ୍ରୀଡ଼ା ଦିବସ ଗୌରବ ଓ ସମ୍ମାନର ସହିତ ପାଳିତ ହୋଇଯାଇଛି ।

## କ୍ରୀଡ଼ା ବିଭାଗ ଫେରାଉନି ଜିଲ୍ଲାସ୍କୁଲ ଛାତ୍ରାବାସ

ଜିଲ୍ଲା କ୍ରୀଡ଼ା ବିଭାଗକୁ ସାମୟିକ ସହଯୋଗ କରିବାକୁ ଯାଇ ହରଡ଼ଘଣାରେ ପଡ଼ିଛି ଚନ୍ଦ୍ରଶେଖର ବେହେରା ଜିଲ୍ଲା ସ୍କୁଲ । ଗତ ୬ ବର୍ଷ ହେଲା ସ୍କୁଲ ପରିସରରେ ଥିବା ଛାତ୍ରାବାସକୁ ମାଡ଼ିବସିଛି ଜିଲ୍ଲା କ୍ରୀଡ଼ାବିଭାଗ । ୨୦୧୯ ରେ ବୀର ସୁରେନ୍ଦ୍ର ସାଏ ଷ୍ଟାଡିୟମ ପରିସରସ୍ଥ କ୍ରୀଡ଼ା ଛାତ୍ରାବାସର ଜରାଜୀର୍ଣ୍ଣ ଅବସ୍ଥାକୁ ଦେଖି ସାମୟିକ ଭାବେ ଅନ୍ତେବାସୀଙ୍କୁ ଜିଲ୍ଲାସ୍କୁଲ ଛାତ୍ରବାସ ବ୍ୟବହାର କରିବାକୁ ଅନୁମତି ଦିଆଯାଇଥିଲା । ତାହାପରେ ସେମାନେ ଛାତ୍ରାବାସ ଛାଡ଼ିବାର ନାମ ନେଉନାହାଁନ୍ତି । ଫଳସ୍ୱରୂପ ଜିଲ୍ଲାର ଦୂରଦୂରାନ୍ତ କିମ୍ବା ଅନ୍ୟ ଜିଲ୍ଲାରୁ ଆସୁଥିବା ଛାତ୍ରମାନେ ଛାତ୍ରାବାସ ନପାଇ ଅନ୍ୟ ବିଦ୍ୟାଳୟକୁ ଯିବା ପସନ୍ଦ କରୁଛନ୍ତି । ଏନେଇ ବିଭିନ୍ନ ମହଲରେ ଅଭିଯୋଗ ପରେ ଜିଲ୍ଲା ସ୍କୁଲ ପୁରାତନ ଛାତ୍ର ସଂଘ ସଭାପତି ଇଂ. ସୁରଜିତ ମିଶ୍ର ଏବଂ ସମ୍ପାଦକ ଇଂ. ପ୍ରଦୀପ୍ତ ନାଥ ଗତ ଏପ୍ରିଲ ୨୧ ତାରିଖ ସମ୍ବଲପୁରରେ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗେ ଶୁଣାଣିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଏନେଇ ଅବଗତ କରିବାରୁ ମୁଖ୍ୟମନ୍ତ୍ରୀ ୭ ଦିନ ମଧ୍ୟରେ ସମାଧାନ ହେବ ବୋଲି ପ୍ରତିଶ୍ରୁତି ଦେଇଥିଲେ । ମୁଖ୍ୟମନ୍ତ୍ରୀଙ୍କୁ ଅଭିଯୋଗ କରିବାର ୪ ମାସ ବିତିଯାଇଥିଲେ ହେଁ ଚନ୍ଦ୍ରଶେଖର ବେହେରା ଜିଲ୍ଲା ସ୍କୁଲ ଫେରିପାଇନି ତା'ର ଛାତ୍ରାବାସ ।

# ଆତ୍ମୀୟତାର ଭାବ ଦେଇଛି ନୂଆଁଖାଇ ଭେଟ୍‌ଘାଟ୍








## ● ବଲରାମ ଦେବ କ୍ଲବ୍

ବରଗଡ଼,୨୯।୮ (ସମିସ): ବରଗଡ଼ ବଲରାମ ଦେବ କ୍ଲବ୍ ପକ୍ଷରୁ କ୍ଲବ୍ ସଭାପତି ଆଇନଜୀବୀ ସରୋଜ ଷଡଙ୍ଗୀଙ୍କ ସଭାପତିତ୍ୱରେ ନୂଆଁଖାଇ ଭେଟଘାଟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ମୁଖ୍ୟ ଅତିଥି ଭାବେ ବରଗଡ଼ ବିଧାୟକ ଅଶ୍ୱିନୀ ଷଡଙ୍ଗୀ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ବରଗଡ଼ ପୌରାଧକ୍ଷା କଳ୍ପନା ମାଝୀ, ଶିଳ୍ପପତି ତଥା ସମାଜସେବୀ ଚନ୍ଦ୍ରଶେଖର ବାଗ, କାଉନସିଲର ରୀନା ମହାପାତ୍ର ଯୋଗ ଦେଇଥିଲେ। ଏହି ଅବସରରେ ଲେଖକ ସୁମନ୍ତ ଭୋଇ, ନିର୍ଦ୍ଦେଶକ ଅଶୋକ ବେହେରା ଓ ସହନିର୍ଦ୍ଦେଶଙ୍କ 'ମହାପୁରୁ ଅଛ କାଏଁ' କ୍ଷୁଦ୍ର ନାଟକ ପରିବେଷଣ ହୋଇଥିଲା। ଉପସଭାପତି ସୁଧିର ଦାଶ, ସମ୍ପାଦକ କ୍ଷେତ୍ରପାଳ ସାହୁ, ସହସମ୍ପାଦକ ଚିନ୍ତାମଣି ପରିଡା, କୋଷାଧକ୍ଷ ସୁରେଶ ଗନ୍ତାୟତଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। ଆଇନଜୀବୀ ପୂର୍ଣ୍ଣଚନ୍ଦ୍ର ଦାଶ, ଶଙ୍କର ପ୍ରସାଦ ପଟ୍ଟନାୟକ, ଗୋପାଳ ଚନ୍ଦ୍ର ଦାଶ, ଜିତେନ ଟନ୍ଦ୍ରା, ଆଇନଜୀବୀ ବୈକୁଣ୍ଠ ଷଡଙ୍ଗୀ, ଅନୀଲ ବିଶି, ଜିତୁ ରାଉତ, ଅମରେଶ ତ୍ରିପାଠୀ, ଟୁନା ରାଉତ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ। ନୂଆଁଖାଇ ଅବସରରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରତିଯୋଗୀ ମାନଙ୍କୁ ମୁଖ୍ୟ ଅତିଥି ମାନପତ୍ର ଦେଇ ସମ୍ମାନିତ କରିଥିଲେ। କାର୍ଯ୍ୟକ୍ରମ ପୂର୍ବରୁ ଖଜୁରଟିକ୍ରା ବାସୀ ସମସ୍ତେ ନିଜ ନିଜ ଭିତରେ ବଡ ମାନଙ୍କୁ ନୂଆଁଖାଇ ଜୁହାର ଓ ସାନ ମାନଙ୍କୁ ଆଶୀର୍ବାଦ ଦେଉଥିବା ଦେଖା ଯାଇଥିଲା।

## ● ମାଣ୍ଡୋସିଲ ପୁରାତନ ଛାତ୍ର ସଂସଦ

ପାଇକମାଳ: ପାଇକମାଳ ବ୍ଲକ୍ ମାଣ୍ଡୋସିଲ ହାଇସ୍କୁଲର ପୁରାତନ ଛାତ୍ର ସଂସଦ ପକ୍ଷରୁ ଗୋକୁଳାନନ୍ଦ ଡନସନାଙ୍କ ସଭାପତିତ୍ୱରେ ନୂଆଁଖାଇ ଭେଟ୍‌ଘାଟ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଶରତ ମହାନ୍ତି, ଅବସରପ୍ରାପ୍ତ ଶିକ୍ଷକ ଧୋବା ପ୍ରଧାନ ଓ ପୂର୍ବତନ ବିଧାୟକ ସତ୍ୟଭୂଷଣ ସାହୁ ମଞ୍ଚାସୀନ ଥିଲେ। ଏହି ଅବସରରେ ପୁରାତନ ଛାତ୍ର ସଞ୍ଜୀବ ମହାନ୍ତି, ଧନପତି ସାହୁ, ନିର୍ମଳ ପୁରୋହିତ, ଭୁବନାନନ୍ଦ ସାହୁ, ବିବେକ ଭୋଇ, ଗୋକୁଳରାମ ଡନସନା ନିଜ ନିଜ ବକ୍ତବ୍ୟ ରଖିଥିଲେ। ସଭାରେ ତପନ ବହିଦାର, ଅନିରୁଦ୍ଧ ପଣ୍ଡା, ଗୋପୀନାଥ ସାହୁ, ଆକାଶ ସାହୁ ସମେତ ପୁରାତନ ଛାତ୍ରମାନେ ପରିଚାଳନାରେ ସହଯୋଗ କରିଥିଲେ। ଶେଷରେ ମହେନ୍ଦ୍ର ଖୁଣ୍ଟିଆ ଧନ୍ୟବାଦ ଦେଇଥିଲେ।

## ● ଏବିସିଡିର ନୂଆଁଖାଇ ଭେଟ୍‌ଘାଟ୍

ପଦ୍ମପୁର: ପଶ୍ଚିମାଞ୍ଚଳର ମୁଖ୍ୟ ପର୍ବ ନୂଆଁଖାଇ ଭେଟଘାଟ ପଦ୍ମପୁରର ଅଗ୍ରଣୀ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଏବିସିଡି ତରଫରୁ ସ୍ଥାନୀୟ ରାଜବୋଡା ସମ୍ବର ହାଇସ୍କୁଲ ପ୍ରାଙ୍ଗଣରେ ପାଳନ ହୋଇଯାଇଛି। ସଭାପତି ଅନୀଲ ବେହେରା ପ୍ରଥମେ ଗାଁ ଝାଙ୍କର ସୁରେଶ ଡୁଡୁକାଙ୍କୁ ଉତ୍ତରୀୟ ଦେଇ ମଞ୍ଚକୁ ସ୍ୱାଗତ କରିଥିଲେ। ଝାଙ୍କର ସମଲେଇ ମାଁଙ୍କର ପୂଜା କରି ଶୁଭାରମ୍ଭ କରିଥିଲେ। ପ୍ରାରମ୍ଭିକ ସଂଗୀତ ପ୍ରତ୍ୟୁଷ ମିଶ୍ର ପରିବେଷଣ କରିଥିଲେ। ଏବିସିଡି ସମ୍ପାଦକ ରଘୁନାଥ ପୁରୀ ସମ୍ପାଦକୀୟ ବିବରଣୀ ପଠନ କରିଥିଲେ। କାର୍ଯ୍ୟକ୍ରମରେ ନାଟ୍ୟକାର କେଶରଞ୍ଜନ ପ୍ରଧାନ, ନାଟ୍ୟକାର ଅଶୋକ ବହିଦାର, ମନିସ ରଥ ଓ ସାଗରୀକା ଶବର ମଞ୍ଚ ପରିଚାଳନା କରିଥିଲେ। ରମେଶ ଗୁର୍ଲାଙ୍କ ମଞ୍ଚ ସାଜସଜ୍ଜା ଦାୟିତ୍ୱ ତୁଲାଇଥିଲେ। ମୁଖ୍ୟ ବକ୍ତା ଭାବେ ଅଞ୍ଚଳ କଲେଜ ଅଧ୍ୟକ୍ଷ ଖଗେଶ୍ୱର ଦାଶ ଯୋଗ ଦେଇଥିଲେ। ମଞ୍ଚ ଉପରକୁ ସବୁ ସମ୍ପ୍ରଦାୟର ପ୍ରତିନିଧି ଆସି ନୂଆଁଖାଇ ଜୁହାର ଜଣାଇଥିଲେ। ସଫଳ ଚାଷୀ ଯୁଗୀବନ୍ଦଳୀ (ଗନିଆପାଲି)ର ଚାଷୀ ରାହାସ ବାଙ୍କଙ୍କୁ ସମ୍ମାନିତ କରାଗଲା। ପ୍ରଜ୍ଞାପ୍ରାପ୍ତି ନାଥଙ୍କ ସମଲେଇ ଭଜନ, ଲମ୍ବରଜୁନାର ମମତା ବରିହାଙ୍କ ଓଡ଼ିଶୀ ନୃତ୍ୟ ସହ ଡୋଲମହୁରୀ କଳା ପରିଷଦ ବଲାଙ୍ଗିର, ଉତ୍କଳିକା ଓଡ଼ିଶୀ ଭୁବନେଶ୍ୱର, ମୁହୁରିଆ କଳା ପରିଷଦ ହାତିସରା ଦଳ ନୃତ୍ୟ ପରିବେଷଣ କରିଥିଲେ। ହାପ୍ପୀ ଡ୍ୟାନ୍ସ ଏକାଡେମୀ ପଦ୍ମପୁରର ଛୋଟ ଛୋଟ ଛୁଆ ମାନଙ୍କର ନାଚ ଦେଖିକରି ଦର୍ଶକ ମାନେ ମନ୍ତ୍ରମୁଗ୍ଧ ହୋଇଥିଲେ। ନୂଆଁଖାଇ ଭେଟ୍‌ଘାଟରେ ବିଭିନ୍ନ ପ୍ରତିଯୋଗିତା ହୋଇଥିଲା। ପ୍ରଥମ କରି ଚଳିତ ବର୍ଷ ଚେସ ପ୍ରତିଯୋଗିତା ହୋଇଥିଲା। ଏବିସିଡି ସଦସ୍ୟ ସହସମ୍ପାଦକ ପ୍ରତାପ ନାଥ, ଲିଙ୍ଗରାଜ ସାହୁ (ସମ୍ପଦ), ରବୀନ୍ଦ୍ର ଦାଶ, ଅମୀୟ ପୁରୋହିତ, ଶାନ୍ତସଂଗ୍ରାମ ଭୋଇ, ଅଂଶୁମାନ ମେହେର, ସୁମନ୍ତ ସାହୁ, ସରୋଜ ଦାନି, ସୁନୀଲ ଭୋଇ(କୁନୁ), ସରୋଜ ଯୋଶୀ, ସୁରେଶ ମିଶ୍ର, ସହଦେବ ମେହେର, ତୁଷାରକାନ୍ତ ପଧାନ, ଇନ୍ଦ୍ରମଣି ପୁରୋହିତ, ସୁରେନ୍ଦ୍ର ସାହୁ, ଟୁନା ବାରିକ, ଗୋପବନ୍ଧୁ ଶିକ୍ଷା, ବିକ୍ରମ ପଧାନ, ଦୀପକ ଦାଶ ପ୍ରମୁଖ ସହଯୋଗ କରିଥିଲେ। ଶେଷରେ ସହ ସମ୍ପାଦକ ଧନ୍ୟବାଦ ଅର୍ପଣ କରିଥିଲେ।

## ● ସଂଯୁକ୍ତ କୃଷକ ସଂଗଠନ ପକ୍ଷରୁ ଜଳଖିଆ ବଣ୍ଟନ

ବରଗଡ଼: ମହାନ କୃଷି ଭିତ୍ତିକ ଗଣପର୍ବ ଉପଲକ୍ଷେ ଶୁକ୍ରବାର ମାଁ ଏକ୍ ଟକିଆ ଜଳଖିଆ ଅନୁଷ୍ଠାନ, ସଂଯୁକ୍ତ କୃଷକ ସଂଗଠନ ଏବଂ କୋଶଳ ସେନା ତରଫରୁ ରାନ୍ଧଖାଦ୍ୟ ବଣ୍ଟନ କରାଯାଇଛି। ଜିଲ୍ଲା ଡାକ୍ତରଖାନା ଖେଦାପାଲି ଠାରେ ରୋଗୀ ଏବଂ ରୋଗୀ ପରିଜନ ପ୍ରାୟ ୩୦୦ରୁ ୪୦୦ ଜଣଙ୍କୁ ରନ୍ଧା ଖାଦ୍ୟ ବଣ୍ଟନ ହୋଇଥିଲା। ନୂଆଁଖାଇ ଦିନରେ ସମସ୍ତ ହୋଟେଲ ଦୋକାନ ବନ୍ଦ ଥିବା ବେଳେ ରୋଗୀ ତଥା ସେମାନଙ୍କ ପରିଜନ ମାନଙ୍କୁ ଅନେକ ଅସୁବିଧାର ସମ୍ମୁଖୀନ ହେବାକୁ ପଡ଼ିଥାଏ। ନୂଆଁଖାଇ ପର୍ବରେ ବିଶ୍ୱରେ କୌଣସି ପ୍ରାଣୀ ଭୋକ ଉପାସରେ ନରହୁ ବୋଲି ଦେବଦେବୀଙ୍କୁ ପ୍ରାର୍ଥନା କରାଯାଏ। ତେଣୁ ଏହିଭଳି ପବିତ୍ର ଦିନରେ ହସ୍ପିଟାଲରରେ ରୋଗୀ ପରିଜନ ଭୋକ ଉପାସରେ ନ ରହିବା ପାଇଁ ଦୁଇବର୍ଷ ହେବ ହସ୍ପିଟାଲରେ ନୂଆଁଖାଇ ଦିନ ରନ୍ଧା ଖାଦ୍ୟ ବଣ୍ଟନ କରାଯାଉଛି। କାର୍ଯ୍ୟକ୍ରମକୁ ଉମେଶ ପଧାନ, ଉତ୍ପନ୍ନ ଭୋଇ, ସୁଦାମ ପାତ୍ର, ବୀରବଳ ମହାକୁଡ, ସୁରେଶ ନିକେଣ୍ଟି, ରମେଶ ମହାପାତ୍ର, ଅଭିନାଶ ବାଗ, ମାନସ ଭାଇ, ଧ୍ରୁବ ପଧାନ, ମଣ୍ଟୁ ପଧାନ ପ୍ରମୁଖ ପରିଚାଳନା କରିଥିଲେ।

## ● ବେନିଆଁପାଲି ଗାଁ

ଅମ୍ବାଭୋନା: ବରଗଡ଼ ଜିଲ୍ଲାର ଅମ୍ବାଭୋନା ବ୍ଲକ୍ ଅଧୀନ ଭେଁନାତୋରା ପଞ୍ଚାୟତ ଅଧୀନରେ ଥିବା ବେନିଆଁପାଲି ଗାଁରେ ସ୍ଥାନୀୟ ଗଣପତି କ୍ଲବ୍ ଆନୁକୂଲ୍ୟରେ ୨୩ ତମ 'ନୂଆଁଖାଇ ଜୁହାର' ଉତ୍ସବ ମହାସମାରୋହରେ ପାଳିତ ହୋଇଛି। କ୍ଲବ୍‌ର ସଭାପତି ଡ.ସୁମନ୍ତ ଦେହେରୀଙ୍କ ସଭାପତିତ୍ୱରେ ଆୟୋଜିତ ବୈଠକରେ ମୁଖ୍ୟ ଅତିଥି ଭାବେ ଚିତ୍ରଶିଳ୍ପୀ ଉମେଶ ଚନ୍ଦ୍ର ପଟେଲ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଉମାକାନ୍ତ ଦେହେରୀ, ଗୌତମ ଦେହେରୀ, ଉତ୍ତର ଦେହେରୀ ଓ ସାନନ୍ଦ ଦେହେରୀ ଯୋଗ ଦେଇଥିଲେ। ଏହି ଅବସରରେ ଗାଁର ବୟସ୍କମାନଙ୍କୁ ବିଭିନ୍ନ ପ୍ରଜାତିର ଚାରା ଉପହାର ଦେଇ ସମ୍ମାନିତ କରାଯାଇଥିଲା। ଗୁଣସାଗର ଦେହେରୀଙ୍କୁ 'ବୈଦରାଜ ରଥ ବରିହା ସ୍ମୃତି ସମ୍ମାନ ୨୦୨୫' ପ୍ରଦାନ କରାଯାଇଥିଲା। ମହେନ୍ଦ୍ର ଦେହେରୀଙ୍କୁ 'ହର୍ଷରାମ ଦେହେରୀ ସ୍ମୃତି ସମ୍ମାନ ୨୦୨୫' ମାନପତ୍ର ସହ ଏକ ଚାରା ଉପହାର ଦେଇ ସମ୍ମାନିତ କରାଯାଇଥିଲା। କୁନି ପିଲାମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ସହିତ ମନୋରଞ୍ଜନ ପାଇଁ ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ ହୋଇଥିଲା। କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଗଣପତି କ୍ଲବ୍‌ର ସଦସ୍ୟ ଓ ଗ୍ରାମବାସୀ ଉତ୍ସବକୁ ସଫଳ କରିବା ନିମନ୍ତେ ସହଯୋଗ କରିଥିଲେ। ଶେଷରେ ଦୁଃଖନାଶନ ଦେହେରୀ ଧନ୍ୟବାଦ ଅର୍ପଣ କରିଥିଲେ।

## ● ନୂଆଁଖାଇ ପାଇଁ ଚାରା ବଣ୍ଟନ

ବରଗଡ଼: ବରଗଡ଼ ବ୍ଲକ୍ ସରସରା ପଞ୍ଚାୟତ ଅଧୀନରେ ଥିବା ରେଙ୍ଗାଲ ପାଲି ଗାଁରେ ନୂଆଁଖାଇ ଉପଲକ୍ଷେ ମାଗଣା ଚାରା ବଣ୍ଟନ କରାଯାଇଛି। ଗିରିଧାରୀ ଡନସନାଙ୍କ ସଂଯୋଜନା କ୍ରମେ ରେଙ୍ଗାଲ ପାଲି ଝାଡେଶ୍ୱର ବାବା ଯୁବାମଞ୍ଚ ସହଯୋଗରେ ଆୟୋଜିତ କାର୍ଯ୍ୟକ୍ରମରେ ଅଞ୍ଚଳର ଶତାଧିକ ପରିବେଶ ପ୍ରେମୀ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଉପସ୍ଥିତ ସମସ୍ତ ଅତିଥିଙ୍କ ଦ୍ୱାରା ବୃକ୍ଷପୂଜନ କରାଯାଇଥିଲା। ଅତିଥି ଭାବେ ଦିବାକର ମାଝୀ, ସାମ୍ବାଦିକ ସୁରେନ୍ଦ୍ର ହୋତା, ଆଠ ମଲ୍ଲିକ ମହାବିଦ୍ୟାଳୟର ଅଧକ୍ଷ ତ୍ରିଲୋଚନ ପଧାନ, ସ୍ଥାନୀୟ ସରପଞ୍ଚ ପ୍ରତିନିଧି ଧର୍ମରାଜ ଭୋଇ, ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟର ଶିକ୍ଷକ କିଶୋର ଚନ୍ଦ୍ର ସାହୁ ଓ ମେଘନାଦ ସାହୁ, ପରିବେଶ କର୍ମୀ ଜେଠୁ ଭୋଇ, ତ୍ରିନାଥ ମହାପାତ୍ର, ଲଳିତ ମେହେର, ଖୁଣ୍ଟପାଲିର ପୂର୍ବତନ ସରପଞ୍ଚ ଦୁର୍ବାଦଳ ମେହେର ଯୋଗ ଦେଇ ଚାରାରୋପଣ ଓ ବଣ୍ଟନ କରିଥିଲେ। ଗିରିଧାରୀ ଡନସନାଙ୍କ ନିଜସ୍ୱ ଉଦ୍ୟମରେ ପ୍ରସ୍ତୁତ ଓ ସଂଗୃହୀତ ଏତାଦୃଶ ଉଦ୍ୟମକୁ ବିଭିନ୍ନ ମହଲରେ ପ୍ରଶଂସା କରାଯାଉଛି। ଏହି ଅବସରରେ ଔଷଧୀୟ ବୃକ୍ଷଲତା, ଫଳଚାରା ଆଦି ସର୍ବମୋଟ ୧୦୦୦ ଚାରା ବଣ୍ଟନ କରାଯାଇଥିଲା। ଚାରାରୋପଣ ଓ ବଣ୍ଟନରେ ଶିକ୍ଷକ ଟଙ୍କଧର ପ୍ରଧାନ, ଶରତ ସାହୁ, ଡିଲେଶ୍ୱର ଡନସନା, ବିଜୟ ମହାନ୍ତି, ଯାଦବ ଭୋଇ, ହିମାଂଶୁ ବଞ୍ଚୋର୍, ସତ୍ୟବନ୍ତ ଭୋଇ, ବିନୋଦ ବାଗ, ଅଂଶୁମାନ ଭୋଇ, ଦୟାସାଗର ଡନସନା, ସୌକିଲାଲ ଡନସନା, ଶୁଭମ୍ ମେହେର, ଝାଡେଶ୍ୱର ବାବା ଯୁବାସଂଘର ସମସ୍ତ ସଦସ୍ୟ ସହଯୋଗ କରିଥିଲେ। କାର୍ଯ୍ୟକ୍ରମ ଅବସରରେ ଆୟୋଜିତ ବୈଠକକୁ ପଙ୍କଜ ଗଡତିୟା ପରିଚାଳନା କରିଥିବା ବେଳେ ଶିକ୍ଷକ ଟଙ୍କଧର ପଧାନ ଧନ୍ୟବାଦ ଅର୍ପଣ କରିଥିଲେ।

# ନବୀନଙ୍କୁ ଭେଟିଲେ ବରଗଡ଼ ପୂର୍ବତନ ବିଧାୟକ ଦେବେଶ ଆଚାର୍ଯ୍ୟ

ବରଗଡ଼,୨୯।୮ (ସମିସ): ବରଗଡ଼ର ପୂର୍ବତନ ବିଧାୟକ ତଥା ବିଜୁ ଜନତା ଦଳ ବରିଷ୍ଠ ସାଧାରଣ ସମ୍ପାଦକ ଦେବେଶ ଆଚାର୍ଯ୍ୟଙ୍କୁ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ ବିଜୁ ଛାତ୍ର ଜନତା ଦଳର ଆଭ୍ୟନ୍ତରୀଣ କମିଟିର ବରିଷ୍ଠ ସାଧାରଣ ସମ୍ପାଦକ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରିଛନ୍ତି। ତେବେ ଅଚାନକ ନବୀନ ନିବାସରୁ ଶ୍ରୀ ଆଚାର୍ଯ୍ୟ ଡାକରା ପାଇ ନବୀନ ପଟ୍ଟନାୟକଙ୍କୁ ଭେଟିଛନ୍ତି। ଏହି ସାକ୍ଷାତ ସମୟରେ ନବ ନିଯୁକ୍ତ ବିଜୁ ଛାତ୍ର ଜନତା ଦଳର ସଭାପତିଙ୍କ ସମେତ ସମସ୍ତ ସଦସ୍ୟ ନବୀନ ପଟ୍ଟନାୟକଙ୍କୁ କୃତଜ୍ଞତା ଜ୍ଞାପନ କରିଥିଲେ। ଏହି ଅବସରରେ ନବ ନିଯୁକ୍ତ ନେତୃ ମଣ୍ଡଳୀ ନବୀନ ପଟ୍ଟନାୟକଙ୍କ ଆଶୀର୍ବାଦ କାମନା କରି ତାଙ୍କର ଦୀର୍ଘ, ନିରାମୟ ଜୀବନ କାମନା କରିଥିଲେ।



# ଗୁଡ଼େଶିରାରେ ଶୁଭସ୍ତମ୍ଭ ସ୍ଥାପନ

ଦୁର୍ଗାପୂଜା ପ୍ରସ୍ତୁତି

ବରଗଡ଼,୨୯।୮ (ସମିସ): ବରଗଡ଼ ଉପକଣ୍ଠ ଗୁଡେଶିରା ଗାଁରେ ସାର୍ବଜନୀନ ଦୁର୍ଗାପୂଜା ପାଇଁ ପ୍ରସ୍ତୁତି ପର୍ବ ଆରମ୍ଭ ହୋଇଛି। ୫୯ତମ



ଦୁର୍ଗାପୂଜା ପାଇଁ ପ୍ରାଥମିକ ପର୍ଯ୍ୟାୟରେ କର୍ମକର୍ତ୍ତା ଚୟନ ପରେ ଆଜି ପରମ୍ପରା ଅନୁସାରେ ପଞ୍ଚମୀ ତିଥିରେ ଶୁଭସ୍ତମ୍ଭ ସ୍ଥାପନ କରାଯାଇଛି। ପଣ୍ଡିତ ପରମାନନ୍ଦ ଦାଶ ପୂଜା କାର୍ଯ୍ୟ ତୁଲାଇଥିବା ବେଳେ କର୍ତ୍ତା ଭାବେ ମନୋରଞ୍ଜନ ଦାଶ ଦାୟିତ୍ୱ ନିର୍ବାହ କରିଥିଲେ। ଗୁଡେଶିରା ଦୁର୍ଗାପୂଜାର ଅନେକ ସ୍ୱତନ୍ତ୍ରତା ରହିଛି। ପୂଜା ବିଧିବିଧାନ ପାଳନ ହେବା ସହ ପ୍ରତ୍ୟେକ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହେବ। ଆଜିର ଶୁଭସ୍ତମ୍ଭ ସ୍ଥାପନ ସମୟରେ ସଭାପତି ଲଳିତ ଆଚାର୍ଯ୍ୟ ଗଗନ ବିହାରୀ ଦାଶ, ସମ୍ପାଦକ ଦେବାଶିଷ ଦାଶ, ସହସମ୍ପାଦକ ଟିଟୁନ ଦାଶ, କୋଷାଧକ୍ଷ ଦୁର୍ଗା ପ୍ରସାଦ ଦେବତା, ସୁନୀଲ ଦାଶ, ମନବୋଧ ଆଚାର୍ଯ୍ୟ, ସୁମିତ ଦାଶ, ଜୌତିଷ ଦାଶ, ଧୀରଜ ଦାଶ, ଅଭିମନ୍ୟୁ ସାହୁଙ୍କ ସହିତ ଅନେକ ଗ୍ରାମବାସୀ ଉପସ୍ଥିତ ଥିଲେ।

## ● ଜଗନ୍ନାଥ ନଗରରେ ସୁବର୍ଣ୍ଣ ଜୟନ୍ତୀ

ବରପାଲି: ବରପାଲି ଜଗନ୍ନାଥ ନଗର ଦୁର୍ଗାପୂଜା ପାଇଁ ପ୍ରସ୍ତୁତି ବୈଠକ ସଭାପତି ପ୍ରଦ୍ୟୁମ୍ନ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଛି। ପ୍ରଥମେ ଦିବଂଗତ ଆତ୍ମାର ସଦ୍‌ଗତି ନିମନ୍ତେ ଦୁଇ ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା। ସହସମ୍ପାଦକ ସୁଜିତ ଥଇତ ସ୍ୱାଗତ କରିଥିଲେ। ଆଗାମୀ ସୁବର୍ଣ୍ଣ ଜୟନ୍ତୀ କାର୍ଯ୍ୟକ୍ରମକୁ ସୁନ୍ଦର ଓ ଅଧିକ ଆକର୍ଷଣୀୟ କରିବାପାଇଁ ସାଧାରଣ ବୈଠକରେ ମତ ଦେଇଥିଲେ ଏବଂ ମୂର୍ତ୍ତି, ପୂଜା ପ୍ରୋସେସନ ଡେକୋରେସନ, ଇଲେକ୍ଟ୍ରି, ମନୋରଞ୍ଜନ ତଥା ବିଭିନ୍ନ ଦାୟିତ୍ୱ ବିଷୟରେ ଆଲୋଚନା ହୋଇଥିଲା। ଶେଷରେ ସାଧାରଣ ସମ୍ପାଦକ ଯଦୁମଣି ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ।



# ବୈଜ୍ଞାନିକଙ୍କ ଗାଁ ବିଦ୍ୟାଳୟ ପରିଦର୍ଶନ



ପାଇକମାଳ,୨୯।୮ (ସମିସ): ଦିନେ ଗାଁ ସ୍କୁଲର ମାଟିରେ ପାଠ ପଢ଼ି ଆଜି ସୁଦୁର ଆମେରିକାରେ ବୈଜ୍ଞାନିକ ଭାବେ କ୍ୟାନସର ପରି ମାରାତ୍ମକ ରୋଗ ଉପରେ ମାସାଚୁସେଟ ସହରରେ ଔଷଧ ତିଆରି କରୁଛନ୍ତି। ସେ ହେଲେ ଜାମସେଠ ଗାଁ ଯୁବକ ଭୁବନାନନ୍ଦ ସାହୁ। ନୂଆଁଖାଇ ପର୍ବ ପାଳିବା ପାଇଁ ଗାଁକୁ ଆସିଛନ୍ତି। ଗାଁର ତାଙ୍କ ସାଙ୍ଗ, ଗୁରୁଜନ ତଥା ଆତ୍ମୀୟ ସ୍ୱଜନଙ୍କୁ ଭେଟିଛନ୍ତି। ସୋମବାର ନିଜ ଗାଁରେ ଥିବା ପଞ୍ଚାୟତ ହାଇସ୍କୁଲକୁ ପରିଦର୍ଶନ କରି ଛାତ୍ରଛାତ୍ରୀଙ୍କ ସହ ଭାବ ବିନିମୟ କରିଛନ୍ତି। ଛାତ୍ରଛାତ୍ରୀଙ୍କୁ ଭଲ ପାଠ ପଢ଼ି ଭଲ ମଣିଷ ହେବା ପାଇଁ ମାର୍ଗଦର୍ଶନ ଦେଇଛନ୍ତି। କଠିନ ପରିଶ୍ରମ କଲେ କେବେ ବ୍ୟର୍ଥ ଯିବ ନାହିଁ ବୋଲି ଛାତ୍ରଛାତ୍ରୀଙ୍କୁ କହିଥିଲେ। ଶ୍ରୀ ସାହୁ ତାଙ୍କ ସମୟରେ ଗାଁ ସ୍କୁଲରେ ପାଠ ପଢୁଥିଲେ। ପରିବାର ଆର୍ଥିକ ଅନଟନରେ ଗତି କରୁଥିଲେ ମଧ୍ୟ ତାଙ୍କ ବାପା ତାଙ୍କ ପାଠ ପଢ଼ାରେ ଅବହେଳା କରୁ ନଥିଲେ। ପିଲାବେଳୁ ସେ ମେଧାବୀ ଛାତ୍ର ଥିଲେ। ସେ ବର୍ତ୍ତମାନ ଆମେରିକାରେ କ୍ୟାନସର, ହୃଦୟ ରୋଗ, କରୋନା ରୋଗ ଭଳି ରୋଗର ଔଷଧ ତିଆରି କରୁଛନ୍ତି। ଖୁବ୍‌ଶୀଘ୍ର ଭାରତକୁ ଆସି ଏହି ରୋଗ ଗୁଡ଼ିକ ଉପରେ ଗୁରୁତ୍ୱ ଦେବେ ବୋଲି ଶ୍ରୀ ସାହୁ କହିଛନ୍ତି।

# ନୂଆଁଖାଇ ବାସି ବ୍ୟାଙ୍କ ବନ୍ଦ କଲା ପଶ୍ଚିମ ଓଡ଼ିଶା ଯୁବା ମଞ୍ଚ

ଅତାବିରା,୨୯।୮ (ସମିସ): ନୂଆଁଖାଇ ବାସି ଛାଡ଼ଖାଇ ଦିନ ସରକାରଙ୍କ ଛୁଟି ଦେଇଥିବା ସତ୍ତ୍ୱେ ବ୍ୟାଙ୍କ ଗୁଡ଼ିକ ଖୋଲିଥିବାରୁ ପଶ୍ଚିମ ଓଡ଼ିଶା ଯୁବା ମଞ୍ଚ ପ୍ରତିବାଦ କରି ସମସ୍ତ ବ୍ୟାଙ୍କ ଗୁଡ଼ିକ ବନ୍ଦ କରାଇଛି। ଶୁକ୍ରବାର ବ୍ୟାଙ୍କଗୁଡ଼ିକ ଖୋଲି କାରବାର କରୁଥିବାରୁ କୋଶଳ ଆନ୍ଦୋଳନ କର୍ମୀ ଯାଇ ଅତାବିରା ଅଞ୍ଚଳର ସମସ୍ତ ୧୮ ଟି ବ୍ୟାଙ୍କ ଗୁଡ଼ିକୁ ବନ୍ଦ କରିଥିଲେ। ଏଥିରେ ଯୁବାମଞ୍ଚର କେନ୍ଦ୍ରୀୟ ସଭାପତି ଅଜିତ ପତି, ଜିଲ୍ଲା ସଭାପତି ଆଲୋକ ପଧାନ, ଜିଲ୍ଲା ସମ୍ପାଦକ ଜତିନ ନାୟକ, ଶ୍ରୀକାନ୍ତ ପ୍ରଧାନ, କୁବେର ମହାକୁର ପିକେଟିଂ କରି ବନ୍ଦ କରାଇଥିଲେ।

# ଲେଣ୍ଡା ପଞ୍ଚମ ନକ୍‌ଆଉଟ୍ ଫୁଟବଲ୍: କଦଳୀପାଲୀ ଚାମ୍ପିଅନ

ବରପାଲି,୨୯।୮ (ସମିସ): ବରପାଲି ବ୍ଲକ୍ ଲେଣ୍ଡା ପଞ୍ଚାୟତ ହାଇସ୍କୁଲ ଖେଳ ପଡିଆ ପରିସରରେ ଆୟୋଜିତ ଲେଣ୍ଡା କ୍ରୀଡା ସଂସଦ ପକ୍ଷରୁ ପଞ୍ଚମ ନକ୍‌ଆଉଟ୍ ଫୁଟବଲ୍ ପ୍ରତିଯୋଗିତା ଉଦ୍‌ଯାପିତ ହୋଇଛି। ଓଡ଼ିଶାର ଗଣପର୍ବ ନୂଆଁଖାଇ ଅବସରରେ ଆୟୋଜିତ ଉଦ୍‌ଯାପନୀ ଫାଇନାଲ ମ୍ୟାଚ୍ ସିକିର୍ଡି ଓ କଦଳୀପାଲି ଦଳ ମଧ୍ୟରେ ହୋଇଥିଲା। ଏଥିରେ କଦଳୀପାଲି ଦଳ ୨-୦ ଗୋଲରେ ସର୍ବଶ୍ରେଷ୍ଠ ଦଳ ଭାବେ ଘୋଷିତ ହୋଇଥିଲା।




ଏହି ଅବସରରେ ସିକିର୍ଡି ଗାଁର ଅନ୍ତର୍ଜାତୀୟ କ୍ରୀଡାବିତ ହାରାଧନ ଭୋଇଙ୍କୁ ଲେଣ୍ଡା ଗ୍ରାମବାସୀ ତଥା କ୍ରୀଡା ସଂସଦ ତରଫରୁ ସମ୍ମାନିତ କରାଯାଇଥିଲା। ମୁଖ୍ୟ ଅତିଥି ଭାବେ ବରଗଡ଼ ଜିଲ୍ଲା ଜଣାଶୁଣା ସମାଜସେବୀ ଡ.ବିକ୍ରମ କେଶରୀ ବାରିକ ଓ ସମ୍ମାନିତ ଅତିଥି ଭାବେ ଲେଣ୍ଡା ପଞ୍ଚାୟତ ସରପଞ୍ଚ ସୁଜାତା ବେହେରା, ପଞ୍ଚାୟତ ହାଇସ୍କୁଲ ପ୍ରଧାନଶିକ୍ଷୟିତ୍ରୀ ନିବେଦିତା ସ୍ୱାଇଁ, ଅବସରପ୍ରାପ୍ତ କ୍ରୀଡା ଶିକ୍ଷକ ମୁରଲୀ ସାହୁ ଓ ଗାଁର ଭଦ୍ର ବ୍ୟକ୍ତି ଗଣ ଯୋଗ ଦେଇଥିଲେ। ସୌଭାଗ୍ୟ ରଞ୍ଜନ ବିଶ୍ୱାଳ ଓ ମନବୋଧ ପଧାନଙ୍କ ସଂଯୋଜନାରେ ସଭାକାର୍ଯ୍ୟ ପରିଚାଳିତ ହୋଇଥିବା ବେଳେ ପ୍ରଶାନ୍ତ ଭୋଇ ଧନ୍ୟବାଦ ଅର୍ପଣ ଦେଇଥିଲେ।

ସପ୍ତ ଦିବସୀୟ ନକ୍‌ଆଉଟ୍ ଫୁଟବଲ୍ ପ୍ରତିଯୋଗିତାରେ ସମସ୍ତ ଖେଳକୁ ଅଫିସିଆଲ୍ ଭାବେ ଶ୍ରୀନିବାସ ରାଓ, ଅନୁରୋଧ ପଧାନ, ଚିକୁ ବଡପଣ୍ଡା, ପ୍ରଶାନ୍ତ ବେହେରା, ସୁଦାମ ପଧାନ, ନରେଶ ପଧାନ ପ୍ରମୋଦ ପଧାନ, ସୁରେଶ ବେହେରା, ରାଜେନ୍ଦ୍ର ଭୋଇ, ଜିତେନ୍ଦ୍ରିୟ ବିଦ୍ୟାଧର, ମନୋଜ ସାହୁ, କୃଷ୍ଣ ଚନ୍ଦ୍ର ବିଶ୍ୱାଳ ଓ ରାଧାକାନ୍ତ ନାଏକ ପ୍ରମୁଖ ଖେଳ ପରିଚାଳନା କରିଥିଲେ।

# ଡିସେମ୍ବରରୁ ସର୍ବଭାରତୀୟ ଛିନ୍ଦେଇକେଲା କ୍ରିକେଟ୍ କପ୍



ପାଇକମାଳ,୨୯।୮ (ସମିସ): ପାଇକମାଳ ବ୍ଲକ୍ ଛିନ୍ଦେଇକେଲା ରାଇଜିଂ ଷ୍ଟାର କ୍ରିକେଟ କ୍ଲବ୍‌ର ସମସ୍ତ କର୍ମକର୍ତ୍ତାମାନଙ୍କୁ ନେଇ ଜତିନ ସାହୁଙ୍କ ସଭାପତିତ୍ୱରେ ୨୯ତମ ଛିନ୍ଦେଇକେଲା ସର୍ବଭାରତୀୟ କ୍ରିକେଟ କପ୍ ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ଟୁର୍ଣ୍ଣାମେଣ୍ଟ ଆୟୋଜନନ ନେଇ ଆଲୋଚନା ହୋଇଥିଲା। ଡିସେମ୍ବର ମାସରେ ଟୁର୍ଣ୍ଣାମେଣ୍ଟ ହେବାକୁ ସ୍ଥିର ହୋଇଥିଲା। ସର୍ବସମ୍ମତି କ୍ରମେ ସଭାପତି ଭାବେ ଯତିନ ସାହୁ, ଉପସଭାପତି ଆଦର୍ଶ ସାହୁ, ସମ୍ପାଦକ କାହ୍ନୁଚରଣ ସାହୁ ଓ କୋଷାଧକ୍ଷ ଭାବେ ଆକାଶ ସାହୁଙ୍କୁ ଚୟନ କରାଯାଇଛି। ସଭାରେ ରାଇଜିଂ ଷ୍ଟାର କ୍ରିକେଟ କ୍ଲବ୍‌ର ସମସ୍ତ ସଦସ୍ୟ ରୋହିତ ସାହୁ, ପ୍ରଶାନ୍ତ ସାହୁ, ସ୍ୱତନ୍ତ୍ର ସାହୁ, ପ୍ରମୋଦ ସାହୁ, ନିରାକାର ରଣା, ଚିନ୍ମୟ ଭୋଇ, ଟୁନା ସୁନା, ଅନିଲ ସାହୁ, ଆନନ୍ଦ ସାହୁ, ବିନନ୍ଦ ସାହୁ, ରାକେଶ ସାହୁ, ଆଶିଷ ସାହୁ, ଆକାଶ ସାହୁ, ସତ୍ୟ ସାହୁ, ଦୀପକ ସାହୁ, ବୁନିଲ ସାହୁ, ସୁପିନ ସାହୁ ଉପସ୍ଥିତ ଥିବା ବେଳେ ହେମସାଗର ସାହୁ ଧନ୍ୟବାଦ ଦେଇଥିଲେ।





# ଜୁଲୁଣ୍ଡା ରାସ୍ତା ନିର୍ମାଣ ପାଇଁ ଉପମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର



ବିନିକା,୨୯ ।୮ (ସମିସ): ବିନିକା ବ୍ଲକ ଜୁଲୁଣ୍ଡା ଗ୍ରାମ୍ୟ ରାସ୍ତାର ଉନ୍ନତିକରଣ ଦାବିରେ ଶୁକ୍ରବାର ଜୁଲୁଣ୍ଡା ମଣ୍ଡଳ ପକ୍ଷରୁ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓଙ୍କୁ ପାଟଣାଗଡ ସ୍ଥିତ ତାଙ୍କ ବାସଭବନରେ ସାକ୍ଷାତ କରି ଦାବିପତ୍ର ପ୍ରଦାନ କରାଯାଇଛି । ସୂଚନାଯୋଗ୍ୟ, ଜୁଲୁଣ୍ଡା ଗ୍ରାମ ଭିତର ଦେଇ ଗ୍ରାମ୍ୟ ଉନ୍ନୟନ ବିଭାଗ (ଆରଡି) ର ରାସ୍ତା ଯାଇଛି । ଉକ୍ତ ରାସ୍ତାରେ ଦୈନନ୍ଦିନ ଶତାଧିକ ଯାନବାହନ ଯାତାୟାତ କରୁଛି । ଫଳରେ ଗ୍ରାମବାସୀ ତଥା ସ୍କୁଲ ଛାତ୍ରଛାତ୍ରୀମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ତେଣୁ ଏହି ରାସ୍ତାକୁ ପାଓ୍ୱାର୍ ରାସ୍ତା କଲେ ଜୁଲୁଣ୍ଡା ମଣ୍ଡଳର ସମସ୍ତ ଗ୍ରାମବାସୀ ଉପକୃତ ହୋଇପାରିବେ । ଏଣୁ ଗ୍ରାମରେ ଥିବା ସମସ୍ତ ସରକାରୀ ଜମିରୁ ଜବରଦଖଲ ଉଚ୍ଛେଦ କରିବା ଉପରେ ପଦକ୍ଷେପ ନେବାକୁ ଦାବିପତ୍ରରେ ଉଲ୍ଲେଖ କରାଯାଇଛି । ଦାବିପତ୍ର ପ୍ରଦାନ ବେଳେ ଉପେନ୍ଦ୍ର ପ୍ରସାଦ ନାଏକ, ଶାନ୍ତନୁ କୁମାର ମେଲ୍ଲୀ, ଶ୍ୟାମ ସୁନ୍ଦର ସାହୁ, ବୁଲୁ ପୁରୋହିତ, ଘଡି ଗୋପାଳ ପୁରୋହିତ, ଆହ୍ଲାଦ ପଟେଲ, ପ୍ରଶାନ୍ତ ବାରିକ, ଭକୁଆ ପଧାନ, ବୁଲୁ ମହାକୁର, ବାସୁ ବାଘ, ଗୁରୁଚରଣ ଭୋଇ, ଗୋବିନ୍ଦ ରାଏ, ସନ୍ତୋଷ ଖଣ୍ଡଗିରି ପ୍ରମୁଖ ଉପସ୍ଥିତ ଥିଲେ ।

# ଟିକିରାପଡାରେ ନୂଆଁଖାଇ ଭେଟ୍‌ଭାଟ୍

ବୀରମହାରାଜପୁର/ସୁବଳୟା,୨୯।୮ (ସମିସ): ବୀରମହାରାଜପୁର ବ୍ଲକ୍ ଅନ୍ତର୍ଗତ ସୁବଳୟା ଟିକିରାପଡାରେନୁଆଁଖାଇ ଭେଟ୍‌ଘାଟ୍ ପାଳିତ ହୋଇଯାଇଛି । ଗ୍ରାମଦେବୀଙ୍କ ଦେମୂଳ ପୀଠରେ ପୂଜକ ଗଣେଶ ପଧାନ, ଜଗନ୍ନାଥ ମନ୍ଦିରରେ ଆନନ୍ଦ ଷଡଙ୍ଗୀ ଓ ପାହାଡ ଉପରେ



ଥିବା ସିଦ୍ଧେଶ୍ୱର ବାବାଙ୍କ ମନ୍ଦିରରେ ଘାସିରାମ ବିଶି ନବାନ୍ନ ଅର୍ପଣ କରିଥିଲେ । ପରେ ଘରେ ଘରେ ନିଜ ନିଜର ଇଷ୍ଟ ଦେବାଦେବୀଙ୍କୁ ନବାନ୍ନ ଅର୍ପଣ କରି ସପରିବାର ନୂଆଁ ଖାଇଥିଲେ । ଅପରାହ୍ଣରେ ଆବାଳ ବୃଦ୍ଧ ବନିତା ଘର ଘର ବୁଲି ବଡମାନଙ୍କୁ ମୁଣ୍ଡିଆ ମାରି ଆଶୀର୍ବାଦ ନେଇଥିଲେ । ସନ୍ଧ୍ୟାରେ ଦଧିବାମନ ଯୁବକ ମହାସଂଘ ଓ ଗଣେଶ ପୂଜା କମିଟି ତରଫରୁ ନୂତନ ଜଗନ୍ନାଥ ମନ୍ଦିର ପ୍ରାଙ୍ଗଣରେ ନୂଆଁଖାଇ ଭେଟ୍‌ଘାଟ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏହି ଅବସରରେ ଗିରିଧାରୀ ମେହେରଙ୍କ ସଭାପତିତ୍ୱରେ ଆୟୋଜିତ ଏକ ସଭାରେ ବ୍ଲକ୍ ସରପଞ୍ଚ ସଂଘର ଉପସଭାପତି ତଥା କମିରା ପଞ୍ଚାୟତର ସରପଞ୍ଚ ଅନୁସୟା ପଧାନ ମୁଖ୍ୟଅତିଥି, ସମାଜସେବୀ ସପନ ପଧାନ ମୁଖ୍ୟବକ୍ତା ଓ ଧ୍ରୁବ ମେହେର ମଞ୍ଚାସୀନ ଥିଲେ । ଏହି ଅବସରରେ ଗ୍ରାମର ବରିଷ୍ଠ ବ୍ୟକ୍ତି ରମାକାନ୍ତ ମେହେର, ଶୁକ୍ରୁ ମେହେର, ବିନାୟକ ମେହେର, ରସାନନ୍ଦ ମେହେର, ଡୋଳାମଣୀ ମେହେରଙ୍କୁ ସମ୍ମାନୀତ କରାଯାଇଥିଲା । ସେହିପରି ଦଶମ ଶ୍ରେଣୀରେ ସର୍ବୋଚ୍ଚ ନମ୍ବର ରଖିଥିବା କୁଳମଣି ମେହେର ଓ ଦ୍ୱାଦଶ ଶ୍ରେଣୀରେ ସର୍ବୋଚ୍ଚ ନମ୍ବର ରଖିଥିବା କୈଳାସ ମେହେରଙ୍କୁ ଏକ ହଜାର ଟଙ୍କାର ଅର୍ଥରାଶି ସହ ମାନପତ୍ର ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା । ପରେ ଗ୍ରାମର କଳାକାରଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷିତ ହୋଇଥିଲା । ସଭାକୁ ଅଧ୍ୟାପକ ଡ. ଲିଙ୍ଗରାଜ ମେହେର ଓ ସାଂସ୍କୃତିକ କାର୍ଯ୍ୟକ୍ରମକୁ ଈଶ୍ୱର ମେହେର ସଂଯୋଜନା କରିଥିଲେ । ଆୟୋଜନ କମିଟିର ସଭାପତି ସମିତ କୁମାର ମେହେର, ଉପସଭାପତି ମନୋରଞ୍ଜନ ମେହେର, ସଂପାଦକ ପୂର୍ଣ୍ଣଚନ୍ଦ୍ର ମେହେର, ସହ ସଂପାଦକ ହୃଷିକେଶ ମେହେରଙ୍କ ସମେତ ସମସ୍ତ ସଦସ୍ୟ ସହଯୋଗ କରିଥିଲେ ।

# କଣ୍ଟାମାଳ ବ୍ଲକ୍‌ରେ ନୂଆଁଖାଇ ଜୁହାର ଭେଟ କାର୍ଯ୍ୟକ୍ରମ


ପଲଶାଗୋରା,୨୯ ।୮ (ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକରେ ନୂଆଁଖାଇ ପରେ ପରେ ପ୍ରତି ଗ୍ରାମରେ ଲୋକମାନଙ୍କ ମଧ୍ୟରେ ଜୁହାର ଭେଟ କାର୍ଯ୍ୟକ୍ରମ ଦେଖିବାକୁ ମିଳିଛି । ଗ୍ରାମର ଯୁବକମାନେ ଦଳ ଦଳ ହୋଇ ବଡ଼ମାନଙ୍କୁ ଜୁହାର କରୁଥିବା ବେଳେ ଯୁବତୀମାନେ ମଧ୍ୟ ଦଳ ଦଳ ହୋଇ ଗ୍ରାମରେ ବୁଲି ବୁଲି ଜୁହାର କରୁଥିବା ଦେଖାଯାଇଥିଲା ।






# ଜାତୀୟ କ୍ରୀଡା ଦିବସ

ପଲଶାଗୋରା,୨୯ ।୮ (ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ପଲଶାଗୋରା ମିଳିତ ଗ୍ରାମ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟରେ ଜାତୀୟ କ୍ରୀଡା ଦିବସ ପାଳିତ ହୋଇଯାଇଛି । ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକ ଅରୁଣ ଖଟୁଆଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ପ୍ରଧାନ ଶିକ୍ଷକ ସଂଜୀବ ପ୍ରହରାଜ ଯୋଗଦେଇ କ୍ରୀଡ଼ା ପତାକା ଉତ୍ତୋଳନ କରିବା ସହ କ୍ରୀଡା ଦିବସର ମହତ୍ତ୍ୱ ବିଷୟରେ ଆଲୋକପାତ କରିଥିଲେ । ଶ୍ରେଷ୍ଠ ଖେଳାଳି ଧ୍ୟାନଚାନ୍ଦଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା । ବିଜ୍ଞାନ ଶିକ୍ଷକ ରାଜେନ୍ଦ୍ର ମାଝୀ ଓ ଅନ୍ୟ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ ।













## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ। ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ, ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ।

**ମୀନ:** ମାନସିକ ଶାନ୍ତି ପାଇବେ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

## ଆଜିର ଐତିହ୍ୟ

- ୧୫୬୯-ମୋଗଲ ସମ୍ରାଟ୍ ଜାହାଙ୍ଗୀରଙ୍କ ଜନ୍ମ।
- ୧୮୩୫- ଅଷ୍ଟ୍ରେଲିଆର ମେଲବର୍ଣ୍ଣ ସହରର ସ୍ଥାପନା।
- ୧୯୪୭- ଭାରତୀୟ ସମ୍ବିଧାନର ସ୍ୱରୂପ ତିଆରି କରିବା ପାଇଁ ଡା.ଭୀମରାଓ ଆମ୍ବେଦକରଙ୍କ ନେତୃତ୍ୱରେ ଏକ ସମିତି ଗଠନ କରାଗଲା।
- ୧୯୮୪- ମହାକାଶ ଯାନ 'ଡିସ୍‌କଭରି'ର ପ୍ରଥମ ଉଡ଼ାଣ।
- ୨୦୦୩- ମୁଲାୟମ ସିଂହ ଯାଦବ ତୃତୀୟ ଥର ଉତ୍ତରପ୍ରଦେଶର ମୁଖ୍ୟମନ୍ତ୍ରୀ ହେଲେ।
- ୨୦୧୪- ମହାନ୍ ଐତିହାସିକ ବିପିନ୍ ଚନ୍ଦ୍ରଙ୍କ ପରଲୋକ।

# 'ଆଲ୍‌ଫା'ରେ ହ୍ରିତିକ୍‌ଙ୍କ ଏଣ୍ଟ୍ରି



ବଲିଉଡ୍ ଅଭିନେତ୍ରୀ ଆଲିଆ ଭଟ୍ଟ ତାଙ୍କ ଆଗାମୀ ଚଳଚ୍ଚିତ୍ର 'ଆଲ୍‌ଫା'ର ସୁଟିଂରେ ଏବେ ବ୍ୟସ୍ତ ଅଛନ୍ତି। ପ୍ରଥମ ଥର ପାଇଁ ଆଲିଆ ଏକ ସ୍ପାଇ ଥ୍ରିଲର୍ ଫିଲ୍ମରେ କାମ କରୁଛନ୍ତି। 'ୱାର୍ ୨' ଫିଲ୍ମର ଶେଷରେ 'ଆଲ୍‌ଫା'ର ପ୍ରଥମ ଝଲକ୍ ଦେଖିବାକୁ ମିଳିଥିଲା। ଏଥିରେ ବବି ଦେଓଲ ନଜର ଆସିଥିଲେ। ଏବେ 'ଆଲ୍‌ଫା'ରେ ଆଉ ଜଣେ ବଲିଉଡ୍ ସୁପରଷ୍ଟାର୍‌ଙ୍କ ଏଣ୍ଟ୍ରି ହୋଇଛି। ହ୍ରିତିକ୍ ରୋଶନ ଏଥିରେ ଅତିଥି କଳାକାର ଭାବେ ନଜର ଆସିବେ ବୋଲି ଜଣାପଡ଼ିଛି। 'ଏକ୍ ଥା ଟାଇଗର', 'ପଠାନ୍', 'ୱାର୍' ଫିଲ୍ମର ନିର୍ମାତା ଆଦିତ୍ୟ ଚୋପ୍ରା ମହିଳା କୈନ୍ଦ୍ରିକ ଗୁଇନ୍ଦା ଫିଲ୍ମ 'ଆଲ୍‌ଫା'ର ନିର୍ମାଣ କରୁଛନ୍ତି। ତେବେ ଏହି ଫିଲ୍ମ ଯଶରାଜ ବ୍ୟାନର୍‌ର ସ୍ପାଏ ୟୁନିଭର୍ସର ଅଂଶ ହୋଇଥିବାରୁ ଏଥିରେ ଏହାର ଅନ୍ୟ ଫିଲ୍ମର ହିରୋମାନେ ଅତିଥି କଳାକାର ଭାବେ ଦେଖାଯାଇ ପାରନ୍ତି ବୋଲି ଆଶା କରାଯାଉଥିଲା। ହ୍ରିତିକ୍‌ଙ୍କ ସହ ଅନ୍ୟ ଜଣେ ବଲିଉଡ୍ ଅଭିନେତାଙ୍କର ଏଣ୍ଟ୍ରି ହେବା କଥା ଶୁଣାଯାଉଥିଲେ ବି ତାଙ୍କ ନାମ ସାମ୍ନାକୁ ଆସି ନାହିଁ। ହ୍ରିତିକ୍ 'ଆଲ୍‌ଫା'ରେ ତାଙ୍କ ଅଂଶର ସୁଟିଂ ମଧ୍ୟ ସାରି ଦେଇଛନ୍ତି। ସେହିଭଳି ଫିଲ୍ମର ଦୁଇ ନାୟିକା ଆଲିଆ ଓ ଶରବରି ୱାଘ୍ ଏକ ଡ୍ୟାନ୍ସ ନମ୍ବରର ସୁଟିଂ କରିଛନ୍ତି। ଏହା ଆସନ୍ତା ୨୫ ଡିସେମ୍ବରରେ ରିଲିଜ୍ ହେବ।

# ଅଳସୁଆଙ୍କ ଉତ୍ସବ

କଲମ୍ବିଆର ଇଟାଗୁଇ ସହରରେ ପ୍ରତିବର୍ଷ ଅଗଷ୍ଟ ମାସରେ ବିଶ୍ୱ ଆଳସ୍ୟ ଦିବସ ପାଳନ କରାଯାଏ। ଏହି ଉତ୍ସବ ଲୋକଙ୍କୁ ଆରାମ କରିବା ଦିଗରେ ପ୍ରୋତ୍ସାହିତ କରିବା ସହ କଳା, ସଙ୍ଗୀତ ଓ ସୃଜନଶୀଳତା ମାଧ୍ୟମରେ ଜୀବନକୁ ପୂର୍ଣ୍ଣ ଭାବେ ଉପଭୋଗ କରିବାର ସୁଯୋଗ ପ୍ରଦାନ କରିଥାଏ। ଏହାର ଆରମ୍ଭ ୧୯୮୦ ମସିହାରେ ହୋଇଥିଲା। ସେସମୟରେ ସହରର ଲୋକଙ୍କ ପାଇଁ ସାଂସ୍କୃତିକ ଏବଂ ମନୋରଞ୍ଜନର ଅବସର ବହୁତ କମ୍ ଥିଲା। ତେଣୁ ୧୯୮୫ ମସିହାରେ ସ୍ଥାନୀୟ ନେତା କାର୍ଲୋର୍ସ ମାରିୟୋ ମୋଣ୍ଟୋୟା ଏବଂ ଲିବାର୍ଡୋ ରେଷ୍ଟ୍ରେପୋ ଏଭଳି ଏକ ଦିବସର ପରିକଳ୍ପନା କରିଥିଲେ। ଧୀରେ ଧୀରେ ଏହି ଉତ୍ସବ ସହରର ସାଂସ୍କୃତିକ ପରିଚୟ ପାଲଟିଗଲା। ଲୋକେ ଏହିଦିନ ତକିଆ, ଝୁଲି, ଖଟ ଓ ପାଇଜାମା ଆଦି ନେଇ ରାଜରାସ୍ତାକୁ ଓହ୍ଲାଇଥାନ୍ତି। ପୂରା ସହର ଏକ ବଡ଼ ମଞ୍ଚରେ ପରିଣତ ହୋଇଥାଏ। ଏହାସହ ସହରର ପ୍ରତିଟି ସ୍ଥାନରେ ସଙ୍ଗୀତ, ନୃତ୍ୟଭିତ୍ତିକ ମନୋରଞ୍ଜନ କାର୍ଯ୍ୟକ୍ରମ ଚାଲିଥାଏ। ଲୋକେ ରାସ୍ତା ଉପରେ ଖଟ ଓ ବିଛଣା ପକାଇ ଶୋଇଥାନ୍ତି। କେହି କେହି ରାସ୍ତା ଉପରେ ତମ୍ବୁ ପକାଇ ତାକୁ ଘର ଭଳି ସଜାଇ ଶୋଇଥିବାର ମଧ୍ୟ ଦେଖାଯାଏ। ସକାଳ ୯ଟାରୁ ବିଳମ୍ବିତ ରାତ୍ରି ପର୍ଯ୍ୟନ୍ତ ଏହି ଉତ୍ସବ ଚାଲେ। ଏହି ଉତ୍ସବରେ ଲାଇଭ୍ କନସର୍ଟ, କଳା ପ୍ରଦର୍ଶନୀ, ବିୟର୍ ଫେଷ୍ଟିଭାଲ, କ୍ଲାସିକ୍ କାର୍ ପରେଡ୍ ଏବଂ ଲେଜିନେସ୍ ବା ଅଳସୁଆ ପ୍ୟାରେଡ୍ ମଧ୍ୟ ହୋଇଥାଏ। ପ୍ରାୟ ଦୁଇ କିଲୋମିଟର ଲମ୍ବା ରାସ୍ତାରେ ହଜାର ହଜାର ଲୋକ ସାମିଲ ହୋଇଥାନ୍ତି। ସମୟ ସହିତ ଏହି ଆୟୋଜନ କେବଳ ଆଉ ଏକ ଉତ୍ସବ ହୋଇ ରହି ନାହିଁ, ଏହା ଏକ ଅମୂଲ୍ୟ ସାଂସ୍କୃତିକ ଐତିହ୍ୟରେ ପରିଣତ ହୋଇଛି। ଏହି ଉତ୍ସବ ପ୍ରତିବର୍ଷ ଅଗଷ୍ଟ ୯ରୁ ୧୭ ତାରିଖ ପର୍ଯ୍ୟନ୍ତ ପାଳନ କରାଯାଏ। ୨୦୧୨ ମସିହାରେ ଏହାକୁ ଅନ୍ତର୍ଜାତୀୟ ସ୍ତରରେ ମାନ୍ୟତା ମିଳିଥିଲା।




# ରେଷ୍ଟୋରାଁର ନିଆରା ଅଫର୍
## ୫୦ ପଇସାରେ ମଧ୍ୟାହ୍ନ ଭୋଜନ




ସାଧାରଣତଃ ରେଷ୍ଟୋରାଁରେ ବିଭିନ୍ନ ଖାଦ୍ୟପଦାର୍ଥର ଦାମ୍ ଖୁବ୍ ମହଙ୍ଗା ହୋଇଥାଏ। ଏହି କ୍ରମରେ ମୁମ୍ବାଇର ଗୋରେଗାଓଁରେ ଥିବା ଉଡିପି ବିହାର ରେଷ୍ଟୋରାଁ ଏକ ନିଆରା ଅଫର୍ ଲାଗି ଚର୍ଚ୍ଚା ସାଉଁଟୁଛି। ଲୋକଙ୍କୁ ବହୁତ କମ୍ ଦାମ୍‌ରେ ମିଲ୍ ଯୋଗାଇ ଏହା ସଭିଙ୍କ ଦୃଷ୍ଟିଆକର୍ଷଣ କରିଛି। ଏହି ରେଷ୍ଟୋରାଁଟି ଭଙ୍ଗା ହେବା ପୂର୍ବରୁ ସେ ଲୋକଙ୍କୁ ୧୯୭୨ ମସିହାରେ ଖାଦ୍ୟର ଦାମ୍ ଯାହା ଥିଲା, ସେହି ମୂଲ୍ୟରେ ପରଷିଛି। ଏହି ଅଫର୍ ଦିନକ (ଅଗଷ୍ଟ ୧୮) ପାଇଁ ଉଦ୍ଦିଷ୍ଟ ଥିଲା। ଏହାର ଲାଭ ଉଠାଇବା ପାଇଁ ରେଷ୍ଟୋରାଁ ବାହାରେ ପ୍ରବଳ ଭିଡ଼ ଜମିଥିଲା। ତେବେ ଏକ ନୂଆ ବିଲ୍ଡିଂ ଲାଗି ଏହି ରେଷ୍ଟୋରାଁକୁ ଭଙ୍ଗା ଯାଉଛି। ରେଷ୍ଟୋରାଁଟି ଶେଷ ଦିନରେ ଗ୍ରାହକଙ୍କୁ ଏହି ଉପାୟରେ ଖାଦ୍ୟର ସ୍ୱାଦ ଚଖାଇବାକୁ ଚାହିଁଛି। ବିଦାୟକାଳୀନ ସ୍ମୃତିରେ ଉକ୍ତ ରେଷ୍ଟୋରାଁ ତା'ର ସମସ୍ତ ସ୍ୱାଦିଷ୍ଟ ତଥା ଲୋକପ୍ରିୟ ଖାଦ୍ୟକୁ ୧୯୭୨ ମସିହାରେ ବିକ୍ରି ହେଉଥିବା ଖାଦ୍ୟ ମୂଲ୍ୟରେ ପରଷିଥିଲା। ପଚାଶ ପଇସାରେ ଲୋକେ ପେଟ ପୂରା ମଧ୍ୟାହ୍ନ ଭୋଜନ କରିଛନ୍ତି। କେବଳ ସେତିକି ନୁହେଁ, ଜିଲାପି, ବରା, ଇଡ୍‌ଲି ୧୨ ପଇସାରେ ଗ୍ରାହକଙ୍କୁ ପରଷା ଯାଇଥିଲା। ସେହିଭଳି ରେଷ୍ଟୋରାଁର ଶେଷଦିନରେ ଗ୍ରାହକମାନେ ଏହି ଅଫର୍‌ର ସୁଯୋଗ ନେବା ପାଇଁ ବେଶ୍ ଉତ୍ସାହିତ ଥିବାର ଦେଖାଯାଇଥିଲା। ଅନ୍ୟପଟେ ସାମାଜିକ ଗଣମାଧ୍ୟମରେ ଏହାର ଭିଡିଓ ସେୟାର୍ ହେବା ପରେ ସମସ୍ତଙ୍କ ନଜରକୁ ଆସିଛି।

# ଗୁରୁ



ପ୍ରଣାମ ଘେନ ହେ ଗୁରୁବର
ତୁମ ବିନା ନାହିଁ ମୁକତି ମୋର।
ଜୀବନ ଆକାଶେ ଧ୍ରୁବ ତାରା ତୁମେ
ଆଲୋକ ଶିଖାଟେ ଅନ୍ଧାରର।
କୋଟିଏ ସୂରୁଯ ତୁମ ପାଶେ
ମଥା ଅବନତ କରି ବସେ
ତୁମଠୁ ଓଜନ କିଏ ହେବ ଆଉ
ମୋର ଭାବନାରେ ନ ଆସେ।
ତୁମର ଆଶିଷ ମୋର କାମ୍ୟ
ତୁଣ୍ଡେ ମୋର ଥାଉ ତୁମ ନାମ
ଚଲାପଥେ ମୋର ଆସ ବାରମ୍ବାର
ତୁମ ଚରଣରେ ଚାରିଧାମ।■



**ପ୍ରଶାନ୍ତ କୁମାର ସାହୁ**
ଚନ୍ଦନ ମଣ୍ଡପ ସାହି, ଇନ୍ଦିପୁର, ଢେଙ୍କାନାଳ
ମୋ- ୯୭୭୭୦୯୦୦୫୬

# ଗୁରୁ ତୁମେ ଚିର ବନ୍ଦନୀୟ



**ନଳିନୀ ଦାଶ**

ଜୟ ଗୁରୁଦେବ ତୁମେ ନିତ୍ୟ ପୂଜନୀୟ
ଜ୍ଞାନରସାଗର କ୍ଷମାଶୀଳ ତ୍ୟାଗମୟ
ନରରୁପୀ ନାରାୟଣ ଚିର ବନ୍ଦନୀୟ
ମହୀମଣ୍ଡଳରେ ଗୁରୁ ଚିର ମହନୀୟ ।
ଶିଷ୍ୟଙ୍କ ପାଇଁ ତୁମେତ ଅଗତିର ଗତି
ସ୍ନେହ ଶ୍ରଦ୍ଧା ଭରି ଜ୍ଞାନ ବାଣ୍ଟି ଦିଅ ଶାନ୍ତି
ଉନ୍ନତି ପଥରେ ସାଜିଥାଅ ମହାଶକ୍ତି
ଆକାଶ ଛୁଅନ୍ତି ଶିଷ୍ୟ କରି ପାଦେ ଭକ୍ତି ।
ଗୁରୁ ବାକ୍ୟ ଶିଷ୍ୟ ପାଇଁ ହୁଏ ବେଦଗାର
ଜ୍ୟୋତିଦେଇ ସେ ହଟାନ୍ତି ଅଜ୍ଞାନ ତିମିର
ଶୁଭଚିନ୍ତକ ଶିକ୍ଷା ଦୀକ୍ଷାର କର୍ଣ୍ଣଧାର
ଗୁରୁ ସର୍ବଶ୍ରେଷ୍ଠ ପୂଜ୍ୟ ଜୀବନ୍ତ ଠାକୁର ।
ଗୁରୁଭକ୍ତି ବଳେ କେତେ ବିଶ୍ୱରେ ସନ୍ତାନ
ଶିକ୍ଷାଲାଭ କରି ହୋଇଛନ୍ତି ମହୀୟାନ
ଯୁଗେଯୁଗେ ଗୁରୁ ହେ ତୁମେ ଚିର ବନ୍ଦନ
ଜିତେ ଶିଷ୍ୟ ପାଦଧୂଳି କରିଲେ ଚନ୍ଦନ ।
ଅକୁଣ୍ଠରେ ଦାନ କର ଜ୍ଞାନର ଭଣ୍ଡାର
ତୁମେତ ମଙ୍ଗଳମୟ କ୍ଷମାର ସାଗର
ତୁମେ ତୀର୍ଥ ପୂଣ୍ୟ ବ୍ରତ ହେ ପରମେଶ୍ୱର
ବିଶ୍ୱରେ ପୂଜିତ ହେ ଗୁରୁ ଚିରଅମର ।■

ଭିକାରିପଡ଼ା, ଶରଣକୁଳ, ନୟାଗଡ଼
ମୋ- ୯୨୩୮୯୯୭୬୪୯



## ସକାଳ ଶିଶୁ କୁଇଜ୍-୧୭୪

(୧) ଦଣ୍ଡ ନୃତ୍ୟ ପାଇଁ ଓଡ଼ିଶାର କେଉଁ ଜିଲ୍ଲା ପ୍ରସିଦ୍ଧ?
ଉତ୍ତର : ____________

(୨) 'ବୃହତ୍ ସଂହିତା' ପୁସ୍ତକର ରଚୟିତାଙ୍କ ନାମ କ'ଣ?
ଉତ୍ତର : ____________

(୩) କାଞ୍ଚନଜଙ୍ଘା ଜାତୀୟ ଉଦ୍ୟାନ ଭାରତର କେଉଁ ରାଜ୍ୟରେ ଅବସ୍ଥିତ?
ଉତ୍ତର : ____________

(୪) ରାଜ୍ୟସଭାରେ କିଏ ଅଧ୍ୟକ୍ଷତା କରନ୍ତି?
ଉତ୍ତର : ____________

(୫) କମ୍ପ୍ୟୁଟରରେ ଡାଟା ପ୍ରୋସେସ୍ କଲାବେଳେ କେଉଁ ଭାଷା ବ୍ୟବହାର କରାଯାଏ?
ଉତ୍ତର : ____________

**ଗତ ସପ୍ତାହର କୁଇଜ୍ ବିଜେତା**
- ରେୟାଂଶୀ କାନୁନ୍‌ଗୋ, ଭୁବନେଶ୍ୱର
- ଦୀପୁ ନାୟକ, ଟାଙ୍ଗି, ଖୋର୍ଦ୍ଧା
- ସୁଜିତ୍ କୁମାର ରାଉତ, ସୋର, ବାଲେଶ୍ୱର

ସକାଳ ଶିଶୁ କୁଇଜ୍‌ରେ ଅଂଶଗ୍ରହଣ କରୁଥିବା ଛାତ୍ରଛାତ୍ରୀମାନେ ଏବେ ସେମାନଙ୍କ ଉତ୍ତରକୁ sakalasishu@gmail.comରେ ପଠାଇବାକୁ ଅନୁରୋଧ। ତିନିଜଣ ସଠିକ୍ ଉତ୍ତରଦାତାଙ୍କ ନାମ ଏହି ପୃଷ୍ଠାରେ ପ୍ରକାଶ ପାଇବ।

**ଆମର ଯୋଗାଯୋଗ ଠିକଣା**
ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଇଡ୍‌କୋ ପ୍ଲଟ୍ ନଂ- ୯୦-୯୧, ଭଗବାନପୁର, ଭୁବନେଶ୍ୱର-୭୫୧୦୧୯

# ସୁମନ

# ଚୁପ୍ ! ସେଇଠି ରହ



**ଶିବ ପ୍ରସାଦ ରାଉତ**

ଥରେ ଦଳେ ବିଲୁଆ ତୁଳସୀ ବଣ ଜଙ୍ଗଲରୁ କେଉଁ ଏକ ନିରାପଦ ଜଙ୍ଗଲକୁ ଚାଲିଯିବାର ଯୋଜନା କରୁଥାନ୍ତି। କାରଣ ତୁଳସୀ ବଣ ଜଙ୍ଗଲରେ କୋଦାଳକ ନାମକ ଏକ ଭୟଙ୍କର ସିଂହ ଥିଲା। କୋଦାଳକ ଅତ୍ୟନ୍ତ ରାଗୀ ଓ ଜିଦ୍‌ଖୋର ଥିଲା। ଦିନରାତି ଜଙ୍ଗଲ ସାରା ବୁଲିବୁଲି ଅନେକ ଜୀବଜନ୍ତୁଙ୍କୁ ମାରି ଖାଉଥିଲା। ସେ ଜଙ୍ଗଲରେ ଦୁଇଶହ ବିଲୁଆ ଥିଲେ। ଏହି ଆଠଟାଙ୍କୁ ଛାଡ଼ି ଆଉ ସମସ୍ତଙ୍କୁ କୋଦାଳକ ମାରି ଖାଇ ସାରିଥିଲା। ତେଣୁ ଏଠାରୁ ଚାଲିଗଲେ ବିଲୁଆମାନେ ବଞ୍ଚି ରହିପାରିବେ ବୋଲି ଭାବୁଥାନ୍ତି। ଏକଦା ବିଲୁଆମାନେ ତୁଳସୀ ବଣର ଦକ୍ଷିଣକୁ ଥିବା ସୁଉଚ୍ଚ ପାହାଡ଼ଟା ଡେଇଁ ଅନ୍ୟପଟକୁ ପାରି ହୋଇ ଯିବାକୁ ବସିଥିବାବେଳେ ହଠାତ୍ କୋଦାଳକ ନଜରକୁ ଆସିଗଲେ। ବିଲୁଆମାନେ ଭାବିଲେ ଆଜି ସମସ୍ତଙ୍କର କାଳ ପୂରିଗଲା ସେହି ଆଠ ଜଣିଆ ବିଲୁଆ ଦଳର ଦଳପତି ଚିରାଳ ସମସ୍ତଙ୍କୁ ଚୁପ୍ ଚୁପ୍ କହିଲା -"ଭାଇମାନେ କୋଦାଳକ ତ ଆସୁଛି। ଆମର ଆଉ ବଞ୍ଚିବାର ଉପାୟ ନାହିଁ। ତଥାପି ମୁଁ ଯାହା କହୁଛି, ତୁମେ ତାହା କର। ବର୍ତ୍ତମାନ ସମସ୍ତେ ଧାଡ଼ିରେ ଛିଡ଼ା ହୋଇଯାଅ ଓ ପ୍ରଥମେ ମରିବାକୁ ସମସ୍ତେ ମିଥ୍ୟାରେ କଳି କର।" ସିଂହ କୋଦାଳକ ଭୟଙ୍କର ଗର୍ଜନ କରି ତାଙ୍କ ଆଗକୁ ଦୌଡ଼ି ଆସି ବାଟ ଓଗାଳି ଛିଡ଼ା ହେଲା। ହେଲେ ସିଂହ ଆଶ୍ଚର୍ଯ୍ୟ ହେଲା ଯେ ତା'ର ଗର୍ଜନ ଶୁଣି, ତାକୁ ଦେଖି ବିଲୁଆମାନେ ପଳେଇ ଯାଉନାହାନ୍ତି କି ଡରୁନାହାନ୍ତି। ଓଲଟି ପରସ୍ପର ମଧ୍ୟରେ କଳି କରୁଛନ୍ତି। କୋଦାଳକ ତାଙ୍କୁ ମାରିବା ପରିବର୍ତ୍ତେ ଘଟଣା କ'ଣ ଜାଣିବାକୁ ଚେଷ୍ଟାକଲା। ବିଲୁଆଙ୍କ ଦଳପତି ଚିରାଳ କହିଲା, "ମହାରାଜ ମୁଁ ଏମାନଙ୍କର ଦଳପତି। ଏମାନେ ମୋ କଥା ମାନୁ ନାହାନ୍ତି। ଏଇ କିଛି ସମୟ ପର୍ବରୁ ଆକାଶବାଣୀ ହେଲା ଯେ, ଯିଏ ଏହି ତୁଳସୀ ବଣରେ ପ୍ରଥମେ ମରିବ ସେ ସଙ୍ଗେସଙ୍ଗେ ମଣିଷ ଜନ୍ମ ହୋଇ ବିରାଟ ଦେଶର ରାଜା ହେବ। ଏଣୁ ମୁଁ ଏମାନଙ୍କର ଦଳପତି ଭାବରେ ପ୍ରଥମେ ମରିବାକୁ ଚାହିଁଲି ଯେ ଏମାନେ ମୋତେ ପ୍ରଥମେ ମରିବାକୁ ନ ଦେଇ ନିଜେ ମରିବାକୁ ଚାହୁଁଛନ୍ତି। ଆପଣ ତ ଆମ ପଶୁରାଜ କୁହନ୍ତୁ ତ ମୁଁ ମଣିଷ ହୋଇ ଏ ବିରାଟ ଦେଶର ରାଜା ହେବାର ସୌଭାଗ୍ୟ ପ୍ରାପ୍ତହେବା ଉଚିତ୍ କି ନୁହେଁ!" ଚିରାଳ ପୁଣି କହିଲା, "ମହାରାଜ, ମୁଁ ଏମାନଙ୍କୁ ବୁଝାଇଲା ପରେ ବି ସେମାନେ କହୁଛନ୍ତି, ଆମେ ସମସ୍ତେ ଧାଡ଼ିରେ ଛିଡ଼ା ହେବୁ ଏବଂ ଏକସଙ୍ଗରେ ଦୌଡ଼ ଆରମ୍ଭ କରିବୁ। ଆମ ଆଗରେ ଏ ପାହାଡ଼ରୁ ଯେଉଁ ଝରଣା ବହିଯାଉଛି, ତା'ର ଠିକ୍ ତଳେ ଗୋଟିଏ ଭୟଙ୍କର ପ୍ରପାତ ଅଛି। ଯିଏ ଦୌଡ଼ରେ ଆଗୁଆ ହେବ ସେ ସେହି ପ୍ରପାତକୁ ଡେଇଁ ମଣିଷ ରାଜା ହୋଇ ଦେଶ ପାଳନ କରିବ।" ଚିରାଳ ପୁଣି କୋଦାଳକକୁ ଅନୁରୋଧ କଲା ଯେ, "ହେ! ମହାରାଜ ଆପଣ ମୋତେ ପ୍ରଥମେ ଏଇଠି ମାରିଦିଅନ୍ତୁ, ମୁଁ ଟିକେ ଶୂନ୍ୟବାଣୀ ଅନୁଯାୟୀ ରାଜା ହେବି।" ଚିରାଳ ମୁହଁରୁ କଥା ଛଡ଼ାଇ କୋଦାଳକ କହିଲା,' ଚୁପ୍! ତୋର ତ ଭାରି ସାହାସ। ତୁ ହେବୁ ମଣିଷ ରାଜା। ଆଉ ମୁଁ ସବୁବେଳେ ଏଇ ପଶୁରାଜ ହେଇ ରହିଥିବି। ତେଣୁ ତୁମେମାନେ ସେଇଠି ସେମିତି ଧାଡ଼ିରେ ଛିଡ଼ା ହୁଅ। ମୁଁ ପ୍ରପାତକୁ ଡେଇଁ ଏ ଦେଶର ରାଜା ହେଉଛି। ବାସ୍। ଅପରିଣାମଦର୍ଶୀ କୋଦାଳକ, ଚିରାଳର ଚତୁରତା ଠଉରେଇ ପାରିଲା ନାହିଁ। ତା'ର ମୃତ୍ୟୁରେ ତୁଳସୀବଣ ଅରଣ୍ୟ ଶାନ୍ତିରେ ନିଃଶ୍ୱାସ ମାରିଲା।■




ବଛଦା, ବାସୁଦେବପୁର, ଭଦ୍ରକ
ମୋ- ୯୪୩୭୭୯୭୬୭୨୧




**ସନ୍ଦୀପ୍ତା ଦିବ୍ୟାରାଣୀ**
ଚତୁର୍ଥ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ
ଭୁବନେଶ୍ୱର



**ସାଇ ସମୀକ୍ଷା ସ୍ୱାଇଁ**
ସପ୍ତମ ଶ୍ରେଣୀ
ନାରାୟଣ ସ୍କୁଲ
କଟକ



**ଅଂଶୁମାନ ସାହୁ**
ଅଷ୍ଟମ ଶ୍ରେଣୀ
ଓଡିଶା ଆଦର୍ଶ ବିଦ୍ୟାଳୟ
ଅଙ୍କରାନ୍ତିପୁର, ଢେଙ୍କାନାଳ



**ଅନ୍ୱେଷା ବଳ**
ତୃତୀୟ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ, ଭୁବନେଶ୍ୱର



**ସ୍ୱୟଂଶ୍ରୀ ମହାନ୍ତି**
ଚତୁର୍ଥ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ନିମାପଡ଼ା

ଦୁଲୀପ୍ ଟ୍ରଫିରେ ଦାରଙ୍କ ହ୍ୟାଟ୍ରିକ୍

# ଉତ୍ତରାଞ୍ଚଳ ଇନିଂସ ଅଗ୍ରଣୀ



ବେଙ୍ଗାଲୁରୁ,୨୯।୮ (ଏଜେନ୍ସି): ଜମ୍ମୁ-କଶ୍ମୀର ମିଡିୟମ୍ ପେସ୍ ବୋଲର ଆକ୍ବିବ ନବି ଦାରଙ୍କ ବୋଲିଂର ଉଚିତ ମୁକାବିଲା କରି ନ ପାରି ଏଠାରେ ପୂର୍ବାଞ୍ଚଳ ସହ ଚାଲିଥିବା ଦୁଲୀପ୍ ଟ୍ରଫି କ୍ୱାର୍ଟର ଫାଇନାଲରେ ଉତ୍ତରାଞ୍ଚଳ ପ୍ରଥମ ଇନିଂସ ଅଗ୍ରଣୀ ନେବାରେ ସମର୍ଥ ହୋଇଛି। ଏହି ମ୍ୟାଚ୍‌ରେ ୱିକେଟରକ୍ଷକ କହ୍ନେୟା ୱାଧାୱାନ୍‌ଙ୍କ ୭୬ ଓ ଆୟୁଷ ବଦୋନିଙ୍କ ୬୩ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରିଥିବା ଉତ୍ତରାଞ୍ଚଳ ପ୍ରଥମ ଇନିଂସରେ ୪୦୫ ରନ୍ କରିଥିଲା। ପୂର୍ବାଞ୍ଚଳ ପକ୍ଷରୁ ଖେଳୁଥିବା ଝାଡଖଣ୍ଡ ବାମହାତୀ ସ୍ପିନର ମନିଷ ସର୍ବାଧିକ ୬ଟି ୱିକେଟ ଅକ୍ତିଆର କରିଥିଲେ। ଜବାବରେ ନବିଙ୍କ ଘାତକ ବୋଲିଂ ବଳରେ ଦ୍ୱିତୀୟ ଦିନ ଖେଳ ଶେଷସୁଦ୍ଧା ପୂର୍ବାଞ୍ଚଳ ମାତ୍ର ୨୩୦ ରନ୍ କରି ଅଲଆଉଟ ହୋଇଯାଇଥିଲା। ଦଳ ପକ୍ଷରୁ ବିରାଟ ସିଂ ସର୍ବାଧିକ ୬୯, କାମଚଳା ଅଧିନାୟକ ରିୟାନ ପରାଗ ୩୯, ଉତ୍କର୍ଷ ସିଂ ୩୮ ଓ ୱିକେଟରକ୍ଷକ କୁମାର କୁଶାଗ୍ର ୨୯ ରନ୍ କରିଥିଲେ। ଉତ୍ତରାଞ୍ଚଳ ପକ୍ଷରୁ ଦାର ମାତ୍ର ୧୦.୧ ଓଭର ବୋଲିଂ କରି ୨୮ ରନ୍‌ରେ ସର୍ବାଧିକ ୫ଟି ୱିକେଟ ପାଇଥିଲେ। ଦୁଲୀପ୍ ଟ୍ରଫିରେ ୩ୟ ବୋଲର ଭାବେ ଦାର୍ ହ୍ୟାଟ୍ରିକ ଅର୍ଜନ କରିଛନ୍ତି।

## ଡାନିସ ମାଲେୱାରଙ୍କ ଦ୍ୱିଶତକ

ଏଠାରେ ଚାଲିଥିବା ଉତ୍ତର-ପୂର୍ବାଞ୍ଚଳ ବିପକ୍ଷ ଅନ୍ୟ ଏକ କ୍ୱାର୍ଟର ଫାଇନାଲରେ କେନ୍ଦ୍ରାଞ୍ଚଳର ଡାନିସ ମାଲେୱାର ଦ୍ୱିଶତକ ହାସଲ କରିଛନ୍ତି। ସେ ୨୦୩, ଅଧିନାୟକ ରଜତ ପାଟିଦାର ୧୨୫ ଓ ୟଶ୍ ରାଠୋଡଙ୍କ ଅପରାଜିତ ୮୭ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରିଥିବା କେନ୍ଦ୍ରାଞ୍ଚଳ ୪ ୱିକେଟରେ ୫୩୨ ରନ୍ କରି ପ୍ରଥମ ଇନିଂସ ଘୋଷଣା କରିଥିଲା। ଜବାବରେ ଦ୍ୱିତୀୟ ଦିନ ଖେଳ ଶେଷସୁଦ୍ଧା ଉତ୍ତର-ପୂର୍ବାଞ୍ଚଳ ପ୍ରଥମ ଇନିଂସରେ ୭ ୱିକେଟ ହରାଇ ୧୬୮ ରନ୍ କରିନେଇଛି। ଷ୍ଟମ୍ପ ଅପସାରଣ ବେଳକୁ ଅଙ୍କୁର ମଲିକ ୩୧ ଓ ପାଲଜୋର ତାମଙ୍ଗ ୩ ରନ୍‌ରେ ବ୍ୟାଟିଂ କରୁଥିଲେ। ଓପନର କାମାଜିତ୍ ୟୁମନାମ ସର୍ବାଧିକ ୪୮, ଆଶିଷ ଥାପ୍ପା ୩୫ ରନ୍‌ର ଉଲ୍ଲେଖନୀୟ ସ୍କୋର କରିଥିଲେ। କେନ୍ଦ୍ରାଞ୍ଚଳ ପକ୍ଷରୁ ଆଦିତ୍ୟ ଠାକ୍‌ରେ ୩ଟି ଓ ହର୍ଷ ଦୁବେ ୨ଟି ୱିକେଟ ଅକ୍ତିଆର କରିଥିଲେ।

# ୧୩ରେ ରୋହିତଙ୍କ ଫିଟ୍‌ନେସ୍ ପରୀକ୍ଷା

ମୁମ୍ବାଇ,୨୯।୮ (ଏଜେନ୍ସି): ପୂର୍ବତନ ଭାରତୀୟ କ୍ରିକେଟ ଅଧିନାୟକ ରୋହିତ ଶର୍ମାଙ୍କର ଫିଟନେସ୍ ଟେଷ୍ଟ ବେଙ୍ଗାଲୁରୁର ସେଣ୍ଟର ଅଫ୍ ଏକ୍ସିଲେନ୍ସରେ ସେପ୍ଟେମ୍ବର ୧୩ରେ ହେବ। ଅଷ୍ଟ୍ରେଲିଆ ବିପକ୍ଷ ୩ ମ୍ୟାଚ୍ ବିଶିଷ୍ଟ ଦିନକିଆ ସିରିଜ୍ ପୂର୍ବରୁ ସେ ଓ ବିରାଟ କୋହଲି ଦଳକୁ ଫେରିବେ ବୋଲି ଆଶା କରାଯାଉଛି। ଏଣୁ ୧୩ରେ ତାଙ୍କର ନିୟମିତ ହେଉଥିବା ୟୋ ୟୋ ଏବଂ ଏବେ ବ୍ରୋଙ୍କୋ ଟେଷ୍ଟ ଦେବେ ବୋଲି ଜଣାଯାଇଛି। ଉଭୟ ଖେଳାଳି ଅଷ୍ଟ୍ରେଲିଆ-ଏ' ସହ କାନପୁରର ଗ୍ରୀନ୍ ପାର୍କ ଷ୍ଟାଡିୟମ୍‌ରେ ସେପ୍ଟେମ୍ବର ୩୦, ଅକ୍ଟୋବର ୩ ଓ ୫ରେ ଖେଳାଯିବାକୁ ଥିବା ଦିନକିଆ ମ୍ୟାଚ୍‌ରେ ଖେଳିବେ। ଏହା ପରେ ଅଷ୍ଟ୍ରେଲିଆ ସିନିୟର ଦଳ ସହ ଭାରତ ସୀମିତ ଓଭର ସିରିଜ୍ ଖେଳିବାକୁ ଯିବ। ଏହା ପୂର୍ବରୁ ଦୁଇ ବରିଷ୍ଠ ଖେଳାଳିଙ୍କୁ ଫିଟ୍ କରାଇବା ଏବଂ ଅଭ୍ୟାସ କରିବାକୁ ପର୍ଯ୍ୟାପ୍ତ ସୁଯୋଗ ଦେବାକୁ ଏଭଳି ନିଷ୍ପତ୍ତି ହୋଇଛି। ଅକ୍ଟୋବରରେ ଭାରତ-ଅଷ୍ଟ୍ରେଲିଆ ମଧ୍ୟରେ ୩ ମ୍ୟାଚ୍ ବିଶିଷ୍ଟ ଦିନକିଆ ଓ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଖେଳିବାର କାର୍ଯ୍ୟକ୍ରମ ରହିଛି।

# ଶୁକ୍ଲା ବିସିସିଆଇର କାମଚଳା ସଭାପତି

ମୁମ୍ବାଇ,୨୯।୮ (ଏଜେନ୍ସି): ବରିଷ୍ଠ ଉପସଭାପତି ରାଜୀବ ଶୁକ୍ଲାଙ୍କୁ ବିସିସିଆଇର କାମଚଳା ସଭାପତି ଭାବେ ନିଯୁକ୍ତ କରାଯାଇଛି। ବର୍ତ୍ତମାନର କ୍ରୀଡ଼ା ନିୟମ ଅନୁଯାୟୀ ସଭାପତି ଥିବା ରୋଜର ବିନ୍ନିଙ୍କୁ ୭୦ ବର୍ଷ ପୁରିଯିବାରୁ ସଭାପତି ପଦ ଛାଡ଼ିବାକୁ ବାଧ ହୋଇଛନ୍ତି। ଶୁକ୍ଲା ଏହି ପଦରେ ବିସିସିଆଇର ପରବର୍ତ୍ତୀ ନିର୍ବାଚନ ଯାଏ ବା ଆସନ୍ତା ସେପ୍ଟେମ୍ବର ମାସଯାଏ ରହିପାରିବେ। ଏବେ ସରକାର ଆଣିଥିବା କ୍ରୀଡ଼ାନୀତି ଅନୁଯାୟୀ ବିନ୍ନିଙ୍କୁ ୭୦ ବର୍ଷ ପୁରିଯାଇଥିଲେ ମଧ୍ୟ ସଭାପତି ହୋଇପାରିବେ। କିନ୍ତୁ ନିର୍ବାଚନ ବେଳକୁ ନୂଆ କ୍ରୀଡ଼ାନୀତି ପ୍ରଣୟନ ହୋଇଥିବା ଆବଶ୍ୟକ।

ଏସିଆ କପ୍ ପୁରୁଷ ହକି

# ଚୀନ୍‌କୁ ହରାଇ ଭାରତ ବିଜୟୀ

ରାଜଗିର,୨୯।୮ (ଏଜେନ୍ସି)

ଅଧିନାୟକ ତଥା ଡ୍ରାଗ୍ ଫ୍ଲିକର ହରମନପ୍ରୀତ୍ ସିଂହଙ୍କ ହ୍ୟାଟ୍ରିକ ଗୋଲ ବଳରେ ଜାତୀୟ କ୍ରୀଡ଼ା ଦିବସରେ ଆରମ୍ଭ ହୋଇଥିବା ଏସିଆ କପ୍ ହକିରେ ଚୀନ୍‌କୁ ୪-୩ ଗୋଲରେ ପରାସ୍ତ କରି ଭାରତ ବିଜୟ ଅଭିଯାନ ଆରମ୍ଭ କରିଛି। ବିହାର ସ୍ପୋର୍ଟ୍ସ ୟୁନିଭର୍ସିଟି ହକି ଷ୍ଟାଡିୟମ୍‌ରେ ଶୁକ୍ରବାର ଆରମ୍ଭ ହୋଇଥିବା ଏହି ଟୁର୍ଣ୍ଣାମେଣ୍ଟରେ ହରମନପ୍ରୀତ୍ ୩ଟି ଗୋଲ ଦେଇଥିଲେ। ଅନ୍ୟ ଗୋଲଟି ଜୁଗରାଜ ସିଂହଙ୍କ ଷ୍ଟିକ୍‌ରୁ ଆସିଥିଲା। ଚୀନ୍ ପକ୍ଷରୁ ଶେଷ ମୁହୂର୍ତ୍ତରେ ଲଢୁଆ ପ୍ରତ୍ୟାବର୍ତ୍ତନ ହୋଇଥିଲେ ମଧ୍ୟ ଭାରତର ରକ୍ଷଣଭାଗ ଶେଷ ପର୍ଯ୍ୟନ୍ତ ଆଉ ଗୋଲ ହେବାକୁ ଦେଇ ନ ଥିଲେ। ଭାରତ ତାହାର ଦ୍ୱିତୀୟ ମ୍ୟାଚ୍ ଆସନ୍ତାକାଲି ଅପରାହ୍ଣରେ ଜାପାନ ସହ ଖେଳିବ। ଶୁକ୍ରବାର ଖେଳାଯାଇଥିବା ଅନ୍ୟ ୩ଟି ମ୍ୟାଚ୍‌ରେ ଜାପାନ ୭-୦ ଗୋଲରେ କାଜାଖସ୍ଥାନକୁ, ମାଲେସିଆ ୪-୧ ଗୋଲରେ ବାଂଲାଦେଶକୁ ଓ ଦକ୍ଷିଣ କୋରିଆ ୭-୦ ଗୋଲରେ ଚାଇନିଜ୍ ତାଇପେଇକୁ ପରାସ୍ତ କରି ପୂରା ପଏଣ୍ଟ ହାସଲ କରିଛି। ଦକ୍ଷିଣ କୋରିଆର ସନ ଡା-ଇନ୍ ହ୍ୟାଟ୍ରିକ ଗୋଲ ସ୍କୋର କରିଛନ୍ତି।

ଅନ୍ତର୍ଜାତୀୟସ୍ତରରେ ପ୍ରଭାବ ବିସ୍ତାର କରି ନ ଥିଲେ ମଧ୍ୟ ଭାରତ ବିପକ୍ଷରେ ସର୍ବଦା ଲଢୁଆ ଖେଳିଛି ଚୀନ୍। ତାହାର ଏକ ଉଦାହରଣ ଏଠାରେ ଆଜି ଆରମ୍ଭ ହୋଇଥିବା ଏସିଆ କପ୍‌ରେ ଦେଖିବାକୁ ମିଳିଛି। ଭାରତର ରକ୍ଷଣଭାଗ ଦୁର୍ବଳତାର ସୁଯୋଗ ନେଇ ଚୀନ୍‌ର ଅଗ୍ରଭାଗ ଖେଳାଳିମାନେ ବାରମ୍ବାର ଆକ୍ରମଣ କରି ଘରୋଇ ଦଳକୁ



ଅସ୍ତବ୍ୟସ୍ତ କରିପକାଇଥିଲେ। ଯାହା ଫଳରେ ଖେଳର ୧୨ତମ ମିନିଟ୍‌ରେ ଡୁ ସିଆଓ ପେନାଲ୍ଟି କର୍ଣ୍ଣରରୁ ପ୍ରଥମ ଗୋଲଟି ସ୍କୋର କରିଥିଲେ। ଏହି ଗୋଲ ଖାଇବା ପରେ ଭାରତୀୟ ଶିବିରରେ ଛନକା ପଶିଥିଲା ଓ ୧୮ତମ ମିନିଟ୍‌ରେ ଭାରତ ପାଇଥିବା ପେନାଲ୍ଟି କର୍ଣ୍ଣରରୁ ଗୋଲ ଦେଇ ଖେଳକୁ ୧-୧ରେ ସମାନ ସ୍ଥିତିକୁ ନେଇଯାଇଥିଲେ। ଏହା ପରେ ଦୁଇଟି ପେନାଲଟି କର୍ଣ୍ଣରରୁ ହରମନପ୍ରୀତ୍ ସିଂହ ଦୁଇଟି ଗୋଲ ଦେବା ପରେ ଭାରତ ୩-୧ରେ ଆଗୁଆ ରହିଥିଲା। ପ୍ରଥମାର୍ଦ୍ଧ ଖେଳ ଶେଷବେଳକୁ ଚୀନ ପାଇଥିବା ପେନାଲ୍ଟି କର୍ଣ୍ଣରରୁ ଚେନ୍ ବି ଗୋଲ ଦେଇ ଗୋଲ ବ୍ୟବଧାନକୁ ୩-୨କୁ କମାଇ ଦେଇଥିଲେ। ଦ୍ୱିତୀୟାର୍ଦ୍ଧରେ ଚୀନ୍ ଦଳ ଅଧିକ ଆକ୍ରମଣାତ୍ମକ ହୋଇ ଖେଳିଥିଲା। ଯାହା ଫଳରେ ପୁଣି ଏକ ପେନାଲ୍ଟି କର୍ଣ୍ଣରରୁ ଗାଓ ଜିଶେଙ୍ଗ ଗୋଲ ଦେଇ ଖେଳକୁ ୩-୩ରେ ସମାନ ସ୍ତରକୁ ନେଇଆସିଥିଲେ। ଏହି ସମୟରେ ଭାରତ ମଧ୍ୟ ଗୋଲ ଶୁଝାଇବାକୁ ପ୍ରବଳ ଉଦ୍ୟମ କରିଥିଲେ ମଧ୍ୟ ତୃତୀୟ କ୍ୱାର୍ଟରରେ ସମର୍ଥ ହୋଇ ନ ଥିଲା। ଚତୁର୍ଥ ତଥା ଶେଷ କ୍ୱାର୍ଟରରେ ଚୀନ୍ ରକ୍ଷଣଭାଗର ଏକ ଫାଉଲକୁ ଭାରତକୁ ମିଳିଥିଲା ପେନାଲ୍ଟି କର୍ଣ୍ଣର। ଅଧିନାୟକ ହରମନପ୍ରୀତ୍ ଏହାକୁ ଗୋଲରେ ପରିଣତ କରି ଭାରତକୁ ୪-୩ରେ ଆଗୁଆ କରିଥିଲେ। ଚୀନ୍‌ର ପ୍ରବଳ ଆକ୍ରମଣ ଓ ପେନାଲ୍‌ଟି କର୍ଣ୍ଣରକୁ ପ୍ରତିହତ କରିଥିଲେ ଭାରତୀୟ ଖେଳାଳି। ଏହି ସମୟରେ ବିପଜ୍ଜନକ ଖେଳ ଲାଗି ଜରମନପ୍ରୀତ୍ ସିଂହଙ୍କୁ ହଳଦିଆ କାର୍ଡ ମିଳିଥିଲା। ଏସବୁକୁ ମୁକାବିଲା କରି ଭାରତ ଏହି ମ୍ୟାଚ୍‌କୁ ୪-୩ ଗୋଲରେ ଜିତିନେଇଥିଲା। ଏହି ମ୍ୟାଚ୍‌ରେ ସମସ୍ତ ଗୋଲ ପେନାଲ୍ଟି କର୍ଣ୍ଣରରୁ ସ୍କୋର ହୋଇଥିଲା। ଏହି ଗ୍ରୁପ୍‌ର ଅନ୍ୟ ଏକ ମ୍ୟାଚରେ ଜାପାନ ୭-୦ ଗୋଲରେ କାଜାଖସ୍ଥାନକୁ ସହଜରେ ହରାଇଥିଲା।

### ସନ୍‌ଙ୍କ ହ୍ୟାଟ୍ରିକ, କୋରିଆର ଜିତ୍

ସକାଳେ ଖେଳାଯାଇଥିବା ଗ୍ରୁପ୍-ବି'ର ପ୍ରଥମ ମ୍ୟାଚ୍‌ରେ ମାଲେସିଆ ୪-୧ ଗୋଲରେ ବାଂଲାଦେଶକୁ ପରାସ୍ତ କରିଥିଲା। ମାଲେସିଆ ଆଗରେ ପ୍ରତିଦ୍ୱନ୍ଦ୍ୱୀ ଦଳ ତିଷ୍ଠି ପାରି ନ ଥିଲା। ଦ୍ୱିତୀୟ ମ୍ୟାଚ୍‌ରେ ସନ୍‌ଙ୍କ ହ୍ୟାଟ୍ରିକ ଯୋଗୁ ଦକ୍ଷିଣ କୋରିଆ ୭-୦ ଗୋଲରେ ଚାଇନିଜ୍ ତାଇପେକୁ ହରାଇଥିଲା। ଦଳ ପକ୍ଷରୁ ୟାଙ୍ଗ୍ ମଧ୍ୟ ୨ଟି ଗୋଲ ସ୍କୋର କରିଥିଲେ।

ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନ

# ହୃଦାନନ୍ଦଙ୍କୁ ରୌପ୍ୟ ପଦକ

ଭୁବନେଶ୍ୱର,୨୯।୮ (ସମିସ): ଅହମ୍ମଦାବାଦ୍‌ରେ ଚାଲିଥିବା ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନରେ ଭାଗନେଇଥିବା ଏକମାତ୍ର ପୁରୁଷ ଓଡ଼ିଆ ପ୍ରତିଯୋଗୀ ହୃଦାନନ୍ଦ ଦାସ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ଆଜି ଅନୁଷ୍ଠିତ କନିଷ୍ଠ ୮୮ କେଜି କାଟାଗୋରୀର ସ୍ନାଚ୍‌ରେ ୧୩୯, କ୍ଲିନ୍ ଆଣ୍ଡ ଜର୍କରେ ୧୭୮ ଓ ମୋଟରେ ୩୧୭ କେଜି ଓଜନ ଉଠାଇ ଦ୍ୱିତୀୟ ସ୍ଥାନରେ ରହିଥିଲେ। ଏହା ଫଳରେ ଭାରତକୁ ପ୍ରତିନିଧିତ୍ୱ କରୁଥିବା ୬ଜଣ ଓଡ଼ିଆଙ୍କ ମଧ୍ୟରୁ ୫ଜଣ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ଢେଙ୍କାନାଳର ଦୁଇ ଭଉଣୀ ପ୍ରୀତିସ୍ମିତା ଓ ବିଦୁସ୍ମିତା ଭୋଇ ସ୍ୱର୍ଣ୍ଣପଦକ, ମିନା ସାନ୍ତା-ଏ' ସ୍ୱର୍ଣ୍ଣପଦକ ଓ ସ୍ନେହା ସୋରେନ୍ ରୌପ୍ୟ ପଦକ ବିଜୟୀ ହୋଇଥିଲେ। ଏହା ଫଳରେ ଓଡ଼ିଆ ଭାରୋତ୍ତୋଳକମାନେ ବିଭିନ୍ନ କାଟାଗୋରୀରେ ୩ ସ୍ୱର୍ଣ୍ଣ ଓ ୨ ରୌପ୍ୟ ପଦକ ଭାରତ ଖାତାରେ ଯୋଡିବାରେ ସମର୍ଥ ହୋଇଛନ୍ତି। ଏମାନେ ସମସ୍ତେ ଭାରୋତ୍ତୋଳନ ହାଇ ପରଫର୍ମାନ୍ସ ସେଣ୍ଟରରେ କୋଚ୍ ଗୋପାଳକୃଷ୍ଣ ଦାସଙ୍କ ଠାରୁ ପ୍ରଶିକ୍ଷଣ ନେଇଥିଲେ। କୃତୀ ପ୍ରତିଯୋଗୀମାନଙ୍କୁ ଭାରୋତ୍ତୋଳନ ସଂଘର ସଭାପତି ଇଂ ଚିତ୍ତରଞ୍ଜନ ସ୍ୱାଇଁ ଓ ଅନ୍ୟ କର୍ମକର୍ତ୍ତାମାନେ ଅଭିନନ୍ଦନ ଜଣାଇଛନ୍ତି।



ୟୁଏସ୍ ଓପନ ଗ୍ରାଣ୍ଡସ୍ଲାମ୍

# ତୃତୀୟ ରାଉଣ୍ଡରେ ସିନ୍ନର, ସ୍ୱିଆଟେକ୍

ନ୍ୟୁୟର୍କ,୨୯।୮ (ଏଜେନ୍ସି): ଏଠାରେ ଚାଲିଥିବା ୟୁଏସ୍ ଓପନ ଟେନିସ ପ୍ରତିଯୋଗିତାର ୫ମ ଦିନ ସୁଦ୍ଧା ସମସ୍ତ ଦ୍ୱିତୀୟ ରାଉଣ୍ଡ ଖେଳ ଶେଷ ହୋଇଛି। ଏହା ପରେ ତୃତୀୟ ରାଉଣ୍ଡରେ ଟପ୍ ସିଡ୍ ଜାନିକ ସିନ୍ନରଙ୍କ ସହ ୨୭ ନମ୍ବର ସିଡ ଡିନିଲ ସାପୋଭାଲୋଭଙ୍କର ମୁକାବିଲା ହେବ। ଗୁରୁବାର ଖେଳାଯାଇଥିବା ଦ୍ୱିତୀୟ ରାଉଣ୍ଡ ମ୍ୟାଚ୍‌ରେ ଇଟାଲୀର ସିନ୍ନର ୬-୩, ୬-୨, ୬-୨ରେ ଅଷ୍ଟ୍ରେଲିଆର ଆଲେକ୍ସେଇ ପପିରିନ୍‌ଙ୍କୁ ପରାସ୍ତ କରିଥିଲେ। ଚଳିତବର୍ଷ ଶେଷ ହୋଇଥିବା ସମସ୍ତ ୩ଟି ଯାକ ଗ୍ରାଣ୍ଡସ୍ଲାମ୍ ଫାଇନାଲରେ ପ୍ରବେଶ କରିଥିବା ସିନ୍ନର ଏହାକୁ ମିଶାଇ ୨୩ତମ ବିଜୟ ହାସଲ କରିଛନ୍ତି। ଅଷ୍ଟ୍ରେଲିଆନ ଓପନ ଓ ୱିମ୍ବଲଡନରେ ଚାମ୍ପିଅନ ହୋଇଥିବା ସିନ୍ନର ଫ୍ରେଞ୍ଚ ଓପନ ଫାଇନାଲରେ କାର୍ଲୋସ ଆଲକାରାଜଙ୍କଠାରୁ ପରାଜିତ ହୋଇଥିଲେ। ଏବେ ତୃତୀୟ ରାଉଣ୍ଡରେ ସେ କାନାଡାର ସାପୋଭାଲୋଭଙ୍କୁ ଭେଟିବେ। ସେହିପରି ଦ୍ୱିତୀୟ ରାଉଣ୍ଡରେ ବିଜୟୀ ହୋଇଥିବା ଖେଳାଳିଙ୍କ ମଧ୍ୟରେ ତୃତୀୟ ସିଡ୍ ଆଲେକଜାଣ୍ଡର ଜ୍ୱେରେଭ୍, ଷଷ୍ଠ ସିଡ୍ ବେନ୍ ଶେଲଟନ, ୮ମ ସିଡ୍ ଆଲେକ୍ସ ଡି ମିନାଉର, ୧୦ମ ସିଡ୍ ଲୋରେଞ୍ଜୋ ମୁସେଟୀ, ୧୪ତମ ସିଡ୍ ଟମି ପଲ ଓ ୧୫ତମ ସିଡ୍ ଆନ୍ଦ୍ରେ ରୁବ୍‌ଲେଭ୍ ପ୍ରମୁଖ ବିଜୟ ହାସଲ କରି ତୃତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। କିନ୍ତୁ ୯ମ ସିଡ୍ କାରେନ ଖାଚାନୋଭ୍ ଓ ୫ମ ସିଡ୍ ଜେକ୍ ଡ୍ରେପର ଦ୍ୱିତୀୟ ରାଉଣ୍ଡରୁ ବିଦାୟ ନେଇଛନ୍ତି। ତୃତୀୟ ରାଉଣ୍ଡରେ ରୁବଲେଭଙ୍କ ସହ ୨୫ତମ ସିଡ୍ ଫେଲିକ୍ସ ଅଗର-ଆଲିସିଆମେ, ନୋଭାକ ଜୋକୋଭିଚ୍‌ଙ୍କ ସହ କାମେରନ ନୋରୀ, ଫ୍ରିଜ୍‌ଙ୍କ ସହ ଜେରୋମ କିମ୍, ଡି ମିନାଉରଙ୍କ ସହ ଡାନିଏଲ ଅଲଟମାଏର ପ୍ରି-କ୍ୱାର୍ଟର ଫାଇନାଲ ଲାଗି ମୁକାବିଲା କରିବେ।



ଜାନିକ ସିନ୍ନର

## ■ ପେଗୁଲା, ପାଓଲିନ୍ ତୃତୀୟ ରାଉଣ୍ଡରେ

ମହିଳା ବିଭାଗ ଏକକରେ ଦୁଇ ଟପ୍ ସିଡ ଆରିନା ସାବାଲେଙ୍କା ଓ ଇଗା ସ୍ୱିଆଟେକ୍ କିଛିଟା ସଂଘର୍ଷ କରି ତୃତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ତୃତୀୟ ରାଉଣ୍ଡରେ ସାବାଲେଙ୍କାଙ୍କ ସହ ଲିଲା ଫର୍ଣ୍ଣାଣ୍ଡିଜ୍, ଦ୍ୱିତୀୟ ସିଡ ଇଗା ସ୍ୱିଆଟେକଙ୍କ ସହ ଆନ୍ନା କଲିନସ୍କାୟା, ତୃତୀୟ ସିଡ କୋକୋ ଗଫ୍‌ଙ୍କ ସହ ୨୮ ନମ୍ବର ସିଡ୍ ମାଗଡାଲେନା ଫ୍ରେକ୍, ଚତୁର୍ଥ ସିଡ୍ ଜେସିକା ପେଗୁଲାଙ୍କ ସହ ଭେଟେରାନ ଭିକ୍ଟୋରିଆ ଆଜରେଙ୍କାଙ୍କର ମୁକାବିଲା ହେବ। ଅନ୍ୟ ପ୍ରମୁଖ ସିଡେଡ ଖେଳାଳିଙ୍କ ମଧ୍ୟରେ ନାଓମି ଓସାକା, କାରୋଲିନା ମୁଚୋଭା, ୮ମ ସିଡ ଆମାଣ୍ଡେ ଆନିସିମୋଭା, ୧୫ତମ ସିଡ୍ ଡାରିଆ କାସତକିନା, ୭ମ ସିଡ୍ ଜଷ୍ଟିନ୍ ପାଓଲିନ୍, ୯ମ ସିଡ୍ ଏଲେନା ରିବାକିନା ମଧ୍ୟ ତୃତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।



ଇଗା ସ୍ୱିଆଟେକ୍

ଗତକାଲିଠାରୁ ମହିଳା ଯୁଗଳ ବିଭାଗରେ ଖେଳ ଆରମ୍ଭ ହୋଇଛି। ପ୍ରଥମ ରାଉଣ୍ଡ ଖେଳରେ ଟପ୍ ସିଡ୍ କାଟେରିନା ସିନିଆକୋଭା ଓ ଟେଲର ଟାଉନସେଣ୍ଡ, ଦ୍ୱିତୀୟ ସିଡ୍ ଜସ୍ମିନ ପାଓଲିନ୍ ଓ ସାରା ଏରାନି, ତୃତୀୟ ସିଡ୍ ଗାବ୍ରିଏଲା ଡାବ୍ରୋୱସ୍କି ଓ ଏରିନ୍ ରୁଟଲାଇଫ୍, ଚତୁର୍ଥ ସିଡ୍ ଏଲିସେ ମେର୍ଟେନ୍ସ ଓ ଭେରୋନିକା କୁଦରମେଟୋଭା ପ୍ରଥମ ରାଉଣ୍ଡରେ ସହଜ ବିଜୟ ହାସଲ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଆଜିଠାରୁ ପୁରୁଷ ଯୁଗଳ ବିଭାଗରେ ମ୍ୟାଚ୍ ଖେଳାଯିବ। ଏଥିରେ ଭାରତୀୟ ଯୋଡି ଏନ୍ ବାଲାଜୀ ଓ ଆର୍ ବୋଲିପାଲି, ରୋହନ ବୋପନ୍ନା, ୟୁକି ଭାମ୍ବ୍ରୀ ଓ ଅର୍ଜୁନ ଖାଡେ ସେମାନଙ୍କ ଭାଗ୍ୟ ପରୀକ୍ଷା କରିବେ।

ଜାତୀୟ କ୍ରୀଡ଼ା ଦିବସ

# ଅନିମେଶ, ରାଖାଲଙ୍କୁ ବିଜୁ ପଟ୍ଟନାୟକ କ୍ରୀଡ଼ା ପୁରସ୍କାର

ଭୁବନେଶ୍ୱର, ୨୯।୮ (ସମିସ)

ହକି ଯାଦୁଗର ମେଜର ଧ୍ୟାନ ଚାନ୍ଦଙ୍କ ୧୨୦ତମ ଜନ୍ମ ବାର୍ଷିକୀ ଅବସରରେ ଶୁକ୍ରବାର ସାରା ଦେଶରେ ପାଳିତ ହୋଇଯାଇଛି 'ଜାତୀୟ କ୍ରୀଡ଼ା ଦିବସ'। ଏହି ଅବସରରେ ପ୍ରତିବର୍ଷ ଭଳି ଓଡ଼ିଶା କ୍ରୀଡ଼ା ଓ ଯୁବସେବା ବିଭାଗ ପକ୍ଷରୁ ରାଜ୍ୟର ସର୍ବଶ୍ରେଷ୍ଠ କ୍ରୀଡ଼ା ସମ୍ମାନ 'ବିଜୁ ପଟ୍ଟନାୟକ କ୍ରୀଡ଼ା ପୁରସ୍କାର' ପ୍ରଦାନ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସ୍ଥାନୀୟ ଜୟଦେବ ଭବନରେ ଆୟୋଜିତ ଏକ ଉତ୍ସବରେ ୮ଜଣ ବ୍ୟକ୍ତି ବିଶେଷଙ୍କୁ ବିଜୁ ପଟ୍ଟନାୟକ କ୍ରୀଡ଼ା ପୁରସ୍କାର ପ୍ରଦାନ କରାଯାଇଥିଲା। ବର୍ଷ ୨୦୨୪ ଲାଗି କ୍ରୀଡ଼ାର ବିଭିନ୍ନ କ୍ଷେତ୍ରରେ ଏସମସ୍ତେ ଉଲ୍ଲେଖନୀୟ ସଫଳତା ହାସଲ କରିଥିଲେ।




ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି ମୁଖ୍ୟ ଅତିଥିଭାବେ ଯୋଗଦେଇ ପୁରସ୍କାର ବିଜେତାଙ୍କୁ ସମ୍ମାନିତ କରିଥିଲେ।

ଦେଶର ଦ୍ରୁତତମ ଧାବକ ଅନିମେଶ କୁଜୁରଙ୍କୁ ଉଲ୍ଲେଖନୀୟ ସଫଳତା ଲାଗି ବର୍ଷର ଶ୍ରେଷ୍ଠ କ୍ରୀଡ଼ାବିତ୍ ପୁରସ୍କାର ପ୍ରଦାନ କରାଯାଇଥିଲା। ପୁରସ୍କାର ବାବଦକୁ ଟ୍ରଫି ଓ ମାନପତ୍ର ସହ ତାଙ୍କୁ ୩ ଲକ୍ଷ ଟଙ୍କାର ଆର୍ଥିକ ପ୍ରୋତ୍ସାହନ ରାଶି ଦିଆଯାଇଥିଲା। ଅନିମେଶ ୧୦୦ ଓ ୨୦୦ ମିଟରରେ ଜାତୀୟ ରେକର୍ଡର ଅଧିକାରୀ ରହିଛନ୍ତି। ଗତ ଦୁଇବର୍ଷ ଧରି ସେ ଜାତୀୟ ଓ ଅନ୍ତର୍ଜାତୀୟସ୍ତରରେ ଏକାଧିକ ପଦକ ଜିତି ରାଜ୍ୟ ଓ ଦେଶ ପାଇଁ ଗୌରବ ଆଣିଛନ୍ତି। ଛତିଶଗଡ଼ର ଏହି ଉଦୀୟମାନ ଧାବକ ବେଶ୍ କିଛି ବର୍ଷ ଧରି କଳିଙ୍ଗ ଷ୍ଟାଡିୟମରେ ପ୍ରଶିକ୍ଷଣ ନେଉଛନ୍ତି। ସେହିଭଳି ବର୍ଷର ଶ୍ରେଷ୍ଠ କନିଷ୍ଠ ଖେଳାଳି ପୁରସ୍କାର ପାଇଛନ୍ତି ସାତ୍ତ୍ୱିକ ସ୍ୱାଇଁ। ଗତ ଜୁନରେ ଅନୁଷ୍ଠିତ ୩୮ତମ ଜାତୀୟ ୯ ବର୍ଷରୁ କମ୍ ଚେସ୍ ଚାମ୍ପିଅନସିପ୍‌ରେ ସାତ୍ତ୍ୱିକ ଚାମ୍ପିଅନ ହୋଇ ଇତିହାସ ରଚିଥିଲେ। ରାଖାଲ କୁମାର ସେଠୀ ବର୍ଷର'ଶ୍ରେଷ୍ଠ ପାରା କ୍ରୀଡ଼ାବିତ୍' ପୁରସ୍କାର ହାସଲ କରିଥିଲେ।



## ବିଜୟ ଶତପଥୀଙ୍କୁ ଆଜୀବନ ସାଧନା ସମ୍ମାନ

କ୍ରୀଡ଼ା କ୍ଷେତ୍ରରେ ଆଜୀବନ ସାଧନା ଲାଗି ବିଜୟ ଶତପଥୀଙ୍କୁ ପୁରସ୍କୃତ କରାଯାଇଛି। ଅସୁସ୍ଥତା ଯୋଗୁ ତାଙ୍କ ପୁଅ ସୋମନାଥ ଉପସ୍ଥିତ ରହି ପୁରସ୍କାର ଗ୍ରହଣ କରିଥିଲେ। ସେହିଭଳି ବର୍ଷର ଶ୍ରେଷ୍ଠ କ୍ରୀଡ଼ା ପ୍ରଶିକ୍ଷକ ପୁରସ୍କାର ସୁଷମା ନନ୍ଦଙ୍କୁ ମିଳିଥିଲା। ଦୀର୍ଘ ବର୍ଷ ଧରି ସେ କଳିଙ୍ଗ ଷ୍ଟାଡିୟମସ୍ଥିତ ଛାତ୍ରାବାସରେ ଭଲିବଲ୍ ପ୍ରଶିକ୍ଷକ ଭାବେ କାର୍ଯ୍ୟ କରୁଛନ୍ତି। ଅପରପକ୍ଷରେ କ୍ରୀଡ଼ା ସାମ୍ବାଦିକତା କ୍ଷେତ୍ରରେ ଉଲ୍ଲେଖନୀୟ ସଫଳତା ଲାଗି 'ପ୍ରମେୟ'ର ବିମଳ କୁମାର ରାଉଳଙ୍କୁ ପୁରସ୍କୃତ କରାଯାଇଥିଲା। କ୍ରୀଡ଼ାର ପ୍ରଚାର ଓ ପ୍ରସାର ଲାଗି ପ୍ରଦ୍ୟୁମ୍ନ ମିଶ୍ର ଓ ଶ୍ରେଷ୍ଠ ବୈଷୟିକ କ୍ରୀଡ଼ା ଅଧିକାରୀ ଭାବେ ଡାକ୍ତର ସୁଦୀପ ଶତପଥୀଙ୍କୁ ବିଜୁ ପଟ୍ଟନାୟକ କ୍ରୀଡ଼ା ସମ୍ମାନ ଦିଆଯାଇଥିଲା। ପ୍ରଦ୍ୟୁମ୍ନ ବର୍ତ୍ତମାନ ରାଜ୍ୟ ଖୋ ଖୋ ସଭାପତି ଭାବେ କାର୍ଯ୍ୟ କରୁଛନ୍ତି। ଏହାବାଦ୍ ଦୁଇଜଣଙ୍କୁ ବିଜୁ ପଟ୍ଟନାୟକ ସାହସିକତା ପୁରସ୍କାର ପ୍ରଦାନ କରାଯାଇଥିଲା। କଟକର ଜୀବନ କୁମାର ବେହେରା ଓ ନୟାଗଡ଼ର ଚିତ୍ତରଞ୍ଜନ ପ୍ରଧାନ ଯୁଗ୍ମ ଭାବେ ଏହି ପୁରସ୍କାର ପାଇଥିଲେ।

ବିମଳ ଶ୍ରେଷ୍ଠ କ୍ରୀଡ଼ା ସାମ୍ବାଦିକ

# ନିରାଶ କଲେ ନୀରଜ



ଜୁରିଚ, ୨୯।୮ (ଏଜେନ୍ସି): ବିଶ୍ୱ ଦୌଡ଼କୁଦ ପ୍ରତିଯୋଗିତା ଅନ୍ୟତମ ସମ୍ମାନଜନକ ପ୍ରତିଯୋଗିତା ଡାଏମଣ୍ଡ ଲିଗ୍ ଫାଇନାଲ ଗୁରୁବାରଠାରୁ ସୁଇଜରଲାଣ୍ଡର ଜୁରିକରେ ଆରମ୍ଭ ହୋଇଛି। ପ୍ରଥମ ଦିବସରେ ଅନୁଷ୍ଠିତ ହୋଇଥିବା ଇଭେଣ୍ଟ ଗୁଡ଼ିକ ମଧ୍ୟରେ ପୁରୁଷ ଜାଭେଲିନ ଥ୍ରୋ ରହିଥିଲା। ଏଥିରେ ଦୁଇଥରର ଅଲିମ୍ପିକ ପଦକ ବିଜେତା ଭାରତୀୟ ତାରକା ନୀରଜ ଚୋପ୍ରା ନିରାଶ କରିଛନ୍ତି। ଛ' ରାଉଣ୍ଡ ବିଶିଷ୍ଟ ଥ୍ରୋ'ରେ ସେ ୮୫.୦୧ ମିଟର ଥ୍ରୋ ସହ ୨ୟ ସ୍ଥାନରେ ରହିଛନ୍ତି। ନୀରଜ ତାଙ୍କ ଶେଷ ତଥା ୬ଷ୍ଠ ପ୍ରୟାସରେ ଏହି ଦୂରତା ହାସଲ କରିଥିଲେ। ସେ ବାରମ୍ବାର ଫାଉଲ କରିଥିଲେ। ଏଥିରେ ଜର୍ମାନୀର ତାରକା ଥ୍ରୋୟର ଜୁଲିଏନ ୱେବର ୯୧.୫୧ ମିଟର ଜାଭେଲିନ ଫିଙ୍ଗି ପ୍ରଥମ ସ୍ଥାନରେ ରହିବା ସହ ଡାଏମଣ୍ଡ ଟ୍ରଫି ଜିତିଥିଲେ। ତ୍ରିନିଦାଦ ଓ ଟବାଗୋର କେଶି ୱାଲକଟ୍ଟ ୮୪.୯୫ ମିଟର ସହ ତୃତୀୟ ସ୍ଥାନ ହାସଲ କରିଥିଲେ। ଉଲ୍ଲେଖଯୋଗ୍ୟ, ନୀରଜ ଏଠାରେ ୨୦୨୨ରେ ପ୍ରଥମ ସ୍ଥାନରେ ରହି ଡାଏମଣ୍ଡ ଟ୍ରଫି ହାସଲ କରିଥିଲେ।

REQUIREMENT OF VOCATIONAL TRAINERS IN ODISHA
Bhagini Nivedita Shiksha Samiti

**Bhagini Nivedita Shiksha Samiti, Bhopal** Partner of NSDC, invites application for the role of **Vocational Trainer & Vocational Coordinator on Contractual basis** under **CSS-VHSE Program (NSQF)** in Odisha. **Candidates must be Odisha domicile.**

| Sector & Post | Qualification for Vocational Trainer |
|---|---|
| Apparel (14) | PG in Textile and Clothing or Relevant Area. **With** 1 year work/teaching experience in Textile and Clothing. |
| Beauty & Wellness (12) | Diploma in Cosmetology/Beauty Therapy/ Beauty Culture from a recognized Institution **with** Minimum 1 Year Experience in the profession. |
| Organised Retail (39) | Graduate or Diploma in Retail Management, P.G. Diploma in Marketing with at least 50% marks **with** 1 year work/teaching experience. |
| Tourism & Hospitality (37) | Diploma/Degree in Hotel Management from a recognized Institute /University **with** 5 yrs work/teaching experience in Food and Beverage service including one year as supervisory capacity in a classified Hotel. |
| Power (01) | B. Tech/Diploma in Electrical Engineering from a recognized Institute/University **with** 1-3 year work/teaching experience |

**Qualification for Vocational Coordinator:-** PG (Master's Degree in Related Domain / Rural Development / Management / MSW / Sociology. **With** 3 Year Experience in Skill/Education Sector

**Age Limit:** 18 to 45 Years (Age relaxation to be provided as per Govt. rules)

**Gross salary 20000/- per month for Vocational Trainers and Rs. 30000/- per month for Vocational Coordinator inclusive of all applicable deduction**

**How to apply :- Eligible candidates can submit applications by scanning QR code or given Google Form Link https://forms.gle/PwMBNmRGRK6iffBk9 from 29-08-2025 to 04-09-2025 till 6 PM. Application accepted on link or QR Code only.**
**For Queries call between 11 AM to 05 PM - +917974047935, +919352849238**

Scan QR for Apply

*Short listed candidates will be intimated within short notice for Interview through email.For more information contact above given number.*
This is not a Govt. Job Management reserve the rights to accept or reject any application.

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS